

ଜାତୀୟ ବ୍ୟାଡ୍‌ମିଣ୍ଟନ୍ ସେମିରେ ତନ୍‌ଭୀ

▸ପୃଷ୍ଠା ୧୨ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-159 ◆FRIDAY ◆5 DECEMBER 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୧୫୯ ◆ଶୁକ୍ରବାର ◆୫ ଡିସେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


### ଭାରତରେ ରୁଷ ରାଷ୍ଟ୍ରପତି ପୁଟିନ
# ଆଜି ଦିଲ୍ଲୀ ଶିଖର ବୈଠକ



■ ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ଦୁଇ ଦିନିଆ ଭାରତ ଗସ୍ତରେ ଆସି ଦିଲ୍ଲୀରେ ପହଞ୍ଚିଛନ୍ତି। ଆଜି ସନ୍ଧ୍ୟାରେ ତାଙ୍କ ବିମାନ ପାଲମ ବିମାନବନ୍ଦରରେ ଅବତରଣ କରିଥିବା ବେଳେ ସେଠାରେ ତାଙ୍କୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସ୍ୱାଗତ କରିଛନ୍ତି। ୟୁକ୍ରେନ ଯୁଦ୍ଧ ପରେ ଏହା ହେଉଛି ପୁଟିନଙ୍କ ପ୍ରଥମ ଭାରତ ଗସ୍ତ। ପୁଣି ଏହି ଯୁଦ୍ଧକୁ ନେଇ ରୁଷ ଉପରେ ଆମେରିକା ଏବଂ ଏହାର ସହଯୋଗୀ ରାଷ୍ଟ୍ର କଟକଣା ଲଗାଇଥିବାରୁ ତାଙ୍କର ଭାରତ ଗସ୍ତ ଉପରେ ସାରା ବିଶ୍ୱର ନଜର ରହିଛି।

## ସାମରିକ, ବାଣିଜ୍ୟ, ଶକ୍ତି ସହଯୋଗ ଉପରେ ହେବ ଆଲୋଚନା

ଆଜି ସନ୍ଧ୍ୟାରେ ପାଲମ ବିମାନବନ୍ଦରରେ ପୁଟିନଙ୍କୁ ସ୍ୱାଗତ କରିଥିଲେ ପ୍ରଧାନମନ୍ତ୍ରୀ ମୋଦୀ। ଏହାପରେ ସେଠାରୁ ଗୋଟିଏ କାରରେ ବସି ବାହାରିଥିଲେ ଦୁଇ ନେତା। ପ୍ରଧାନମନ୍ତ୍ରୀ ମୋଦୀ ଆଜି ସନ୍ଧ୍ୟାରେ ରାଷ୍ଟ୍ରପତି ପୁଟିନଙ୍କ ସମ୍ମାନରେ ନୈଶ ଭୋଜିର ଆୟୋଜନ କରିଛନ୍ତି। ୪ ବର୍ଷ ପରେ ପୁଟିନ ଭାରତ ଆସିଛନ୍ତି ଏବଂ ସେ ୨୩ତମ ଭାରତ-ରୁଷ ବାର୍ଷିକ ଶୀର୍ଷ ସମ୍ମିଳନୀରେ ଭାଗ ନେବେ। ଚଳିତ ବର୍ଷ ଦୁଇ ନେତାଙ୍କ ମଧ୍ୟରେ ୫ ଥର ଫୋନରେ କଥାବାର୍ତ୍ତା ହୋଇଥିବା ବେଳେ ଗତ ସେପଟେମ୍ବର ପହିଲାରେ ଚୀନରେ ହୋଇଥିବା ଏସ୍‌ସିଓ ଶୀର୍ଷ ସମ୍ମିଳନୀରେ ସାକ୍ଷାତ ଆଲୋଚନା ହୋଇଥିଲା।

ମିଳିଥିବା ସୂଚନା ଅନୁଯାୟୀ ଆସନ୍ତାକାଲି ଦିନ ୧୧ଟାରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ରୁଷ ରାଷ୍ଟ୍ରପତି ପୁଟିନଙ୍କୁ ଆନୁଷ୍ଠାନିକ ଭାବେ ସ୍ୱାଗତ ଜଣାଇବେ। ସେଠାରୁ ରାଜଘାଟ ଯାଇ ମହାତ୍ମା ଗାନ୍ଧୀଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବେ ପୁଟିନ। ଏହାପରେ ହାଇଦ୍ରାବାଦ ହାଉସରେ ଦୁଇ ଦେଶ ମଧ୍ୟରେ ଶିଖର ବୈଠକ ଅନୁଷ୍ଠିତ ହେବ। ଦୁଇ ଦେଶ ମଧ୍ୟରେ ସାମରିକ, ବାଣିଜ୍ୟ ଓ ଶକ୍ତି ସହଯୋଗ ନେଇ ଆଲୋଚନା ହେବ।

ଆଗାମୀ ୨୦୩୦ ସୁଦ୍ଧା ଦୁଇ ଦେଶ ମଧ୍ୟରେ ଶହେ ବିଲିଅନ୍ ଡଲାର୍‌ର ବାଣିଜ୍ୟିକ କାରବାରର ପାଇଁ ଆଲୋଚନାରେ ଖସଡ଼ା ପ୍ରସ୍ତୁତ ହେବ। ଏହାଛଡ଼ା ଭାରତକୁ ଏସୟୁ-୫୭ ଯୁଦ୍ଧ ବିମାନ ଓ ଏସ୍ ୪୦୦/୫୦୦ ଏୟାର୍ ଡିଫେନ୍ସ ସିଷ୍ଟମ୍ ଯୋଗାଣ ଓ ଆଣବିକ ଶକ୍ତି ସମ୍ପର୍କିତ ଆଲୋଚନା ହେବ। ଆସନ୍ତାକାଲି ରାତି ୯ଟାରେ ପୁଟିନ ସ୍ୱଦେଶ ପ୍ରତ୍ୟାବର୍ତ୍ତନ କରିବେ।

# ବିଧାନସଭାରେ ଗାନ୍ଧୀଙ୍କ ପ୍ରତି ଅପଶବ୍ଦ

## ତାତିଲେ ବିରୋଧୀ
### ଗୃହରେ ହୋହଲ୍ଲା, ଗାନ୍ଧୀ ମୂର୍ତ୍ତି ତଳେ ବିଜେଡି-କଂଗ୍ରେସ ସଭ୍ୟଙ୍କ ମୌନ ଧାରଣା



■ ଭୁବନେଶ୍ୱର, ୪।୧୨ (ସମିସ): ବିଧାନସଭାରେ ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ପ୍ରତି ଶାସକ ଦଳ ବିଧାୟକ ସନ୍ତୋଷ ଖଟୁଆଙ୍କ ମନ୍ତବ୍ୟ ସାରା ରାଜ୍ୟରେ ନିଆଁ ଲଗାଇ ଦେଇଛି। ବିରୋଧୀ ବିଜେଡି ଓ କଂଗ୍ରେସ ବିଜେପି ବିଧାୟକଙ୍କ ମନ୍ତବ୍ୟକୁ ତୀବ୍ର ବିରୋଧ କରିଛନ୍ତି। ବିଧାନସଭା ଓ ବାହାରେ ଉଭୟ ବିରୋଧୀ ସରକାର ଏବଂ ବିଜେପି ଉପରେ ପ୍ରଚଣ୍ଡ ବର୍ଷିଛନ୍ତି। ଇତିହାସକୁ କଦର୍ଥ କରାଗଲେ ଆଦୌ ବରଦାସ୍ତ କରାଯିବନି ବୋଲି ବୋଲି ବିଜେଡି ଚେତାବନୀ ଦେଇଥିବାବେଳେ କଂଗ୍ରେସ ମଧ୍ୟ ଏହାକୁ କଟୁ ଶବ୍ଦରେ ନିନ୍ଦା କରିଛି। ବିଜେପିର ଅସଲ ମାନସିକତା ପଦାରେ ପଡ଼ିଛି ବୋଲି କଂଗ୍ରେସ କହିଛି।

ଗୃହ ଏବଂ ସାଧାରଣ ପ୍ରଶାସନ ବିଭାଗର ଖର୍ଚ୍ଚ ଦାବି ଆଲୋଚନା ବେଳେ ବିଜେପି ବିଧାୟକ ସନ୍ତୋଷ ଖଟୁଆ ମହାତ୍ମା ଗାନ୍ଧୀଙ୍କ ପ୍ରତି କିଛି ଅପଶବ୍ଦ ପ୍ରୟୋଗ କରିଥିଲେ। ଯାହାକୁ ତୁରନ୍ତ ବିରୋଧୀ ବିଜେଡି ଓ କଂଗ୍ରେସ ସଦସ୍ୟମାନେ ତୀବ୍ର ବିରୋଧ କରିଥିଲେ। ଏହି ମନ୍ତବ୍ୟକୁ ଗୃହ ବିବରଣୀରୁ ବାଦ ଦେବା ପାଇଁ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ ଓ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ୍ ଦାବି କରିବା ସହ ବିରୋଧୀ ସଦସ୍ୟମାନେ ବାଚସ୍ପତିଙ୍କ ପୋଡିୟମ ଆଗରେ ହୋହଲ୍ଲା କରିଥିଲେ। ବାଚସ୍ପତି ବାରମ୍ବାର ଅନୁରୋଧ ପରେ ଉଭୟ ବିରୋଧୀ ନିଜ ଜିଦ୍‌ରେ ଅଟଳ ରହିବା ପରେ ଏହି ମନ୍ତବ୍ୟକୁ ଗୃହ ବିବରଣୀରୁ ବାଦ୍ ଦେବା ପାଇଁ ନିର୍ଦ୍ଦେଶ ସେ ଦେଇଥିଲେ। ଏହା ସତ୍ତ୍ୱେ ବିରୋଧୀ ସଦସ୍ୟମାନେ ବିଧାୟକଙ୍କ ନିଜ ମନ୍ତବ୍ୟ ପାଇଁ ସେ କ୍ଷମା ମାଗନ୍ତୁ ବୋଲି ଦାବି କରି ବିଧାନସଭା ପରିସରରେ ଥିବା ଗାନ୍ଧୀ ମୂର୍ତ୍ତି ତଳେ ମୌନ ଧାରଣା ଦେଇଥିଲେ। ▸ପୃଷ୍ଠା-୭

**ଇତିହାସକୁ ବିକଳାଙ୍ଗ କରିବାକୁ ଚେଷ୍ଟା କଲେ କ୍ଷମା ନାହିଁ: ବିଜେଡି**

**ପଦାରେ ପଡ଼ିଛି ବିଜେପିର ଅସଲ ମାନସିକତା: କଂଗ୍ରେସ**

**ବିଧାୟକ ମନ୍ତବ୍ୟକୁ ସରକାର ନାପସନ୍ଦ କରୁଛନ୍ତି: ମନ୍ତ୍ରୀ**

## ହଟିବ ସବୁ ଟୋଲ୍ ଗେଟ୍

■ ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ଆସନ୍ତା ବର୍ଷ ମଧ୍ୟରେ ଦେଶର ଜାତୀୟ ରାଜପଥଗୁଡ଼ିକରେ ରହିଥିବା ସମସ୍ତ ଟୋଲ୍ ଗେଟ୍ ହଟିବ। ରାଜପଥରେ ପ୍ରଚଳିତ ବର୍ତ୍ତମାନର ଟୋଲ୍ ଆଦାୟ ବ୍ୟବସ୍ଥା ଉଚ୍ଛେଦ ହେବ। ଏହାକୁ ସମ୍ପୂର୍ଣ୍ଣ ଇଲେକ୍ଟ୍ରୋନିକ୍, ପ୍ରତିବନ୍ଧକ-ମୁକ୍ତ ଟୋଲ୍ ବ୍ୟବସ୍ଥା ଦ୍ୱାରା ବଦଳାଯିବ ବୋଲି ଗୁରୁବାର ଲୋକସଭାରେ କେନ୍ଦ୍ର ସଡ଼କ ପରିବହନ ଏବଂ ରାଜପଥ ମନ୍ତ୍ରୀ ନୀତିନ ଗଡକରୀ ସୂଚନା ଦେଇଛନ୍ତି। ସେ କହିଛନ୍ତି ଯେ ନୂତନ ବ୍ୟବସ୍ଥା ୧୦ଟି ସ୍ଥାନରେ ପାଇଲଟ୍ ଭିତ୍ତିରେ ଆରମ୍ଭ କରାଯାଇଛି। ଆଉ ଏକ ବର୍ଷ ମଧ୍ୟରେ ଏହାକୁ ଦେଶବ୍ୟାପୀ କାର୍ଯ୍ୟକାରୀ କରିବା ଲକ୍ଷ୍ୟ ରହିଛି। ପୂର୍ବରୁ, ଯାନବାହାନଗୁଡ଼ିକୁ ଟୋଲ୍ ପ୍ଲାଜାରେ ଅଟକି ନଗଦ କିମ୍ବା କାର୍ଡ ସହିତ ଦେୟ ଦେବାକୁ ପଡୁଥିଲା। ଫାସ୍‌ଟ୍ୟାଗ୍ ପ୍ରଚଳନ ଦ୍ୱାରା ଟୋଲ୍ ପ୍ଲାଜାରେ ଯାନବାହାନ ରହିବା ସମୟ ହ୍ରାସ ପାଇଛି। ବର୍ତ୍ତମାନ, ପରବର୍ତ୍ତୀ ପଦକ୍ଷେପ ହେଉଛି ହାଇ-ଟେକ୍, ପ୍ରତିବନ୍ଧକ-ମୁକ୍ତ ଟୋଲ୍ ▸ପୃଷ୍ଠା-୭

## ତୃତୀୟ ଦିନ ଧରି ଇଣ୍ଡିଗୋ ବିଭ୍ରାଟ
# ଆଉ ୩୦୦ ବିମାନ ବାତିଲ



**ବିମାନବନ୍ଦରରେ ଯାତ୍ରୀ ଅଣନିଶ୍ୱାସୀ**

■ ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ପାଇଲଟ ଏବଂ ବିମାନ କର୍ମଚାରୀଙ୍କ ଅଭାବ ଯୋଗୁଁ ଆଜି ତୃତୀୟ ଦିନ ଧରି ଇଣ୍ଡିଗୋ ବିମାନ ସେବା ଗୁରୁତର ଭାବେ ବାଧାପ୍ରାପ୍ତ ହୋଇଛି। ଦେଶର ସବୁଠାରୁ ବଡ଼ ବିମାନ ସେବା ଯୋଗାଣକାରୀ ଇଣ୍ଡିଗୋ ଆଜି ୩୦୦ ବିମାନ ବାତିଲ କରିଛି। ଏଥିରେ ଉଭୟ ଦେଶ ଓ ଆନ୍ତର୍ଜାତିକ ବିମାନ ସେବା ସାମିଲ ରହିଛି। ଫଳରେ ଦେଶବ୍ୟାପୀ ପ୍ରାୟ ସମସ୍ତ ବିମାନ ବନ୍ଦରରେ ଯାତ୍ରୀ ଭୀଷଣ ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। ଦିଲ୍ଲୀ, ମୁମ୍ବାଇ, କୋଲକାତା, ବେଙ୍ଗାଲୁରୁ ଓ ହାଇଦ୍ରାବାଦ ସମେତ ବଡ଼ ବଡ଼ ବିମାନ ବନ୍ଦରରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ଶତାଧିକ ବିମାନ ସେବା ବିଳମ୍ବିତ ହୋଇଥିବା ବେଳେ ୩୦୦ ବିମାନ ବାତିଲ ଯୋଗୁଁ ହଜାର ହଜାର ଯାତ୍ରୀ ଅଣନିଶ୍ୱାସୀ ହୋଇପଡ଼ିଛନ୍ତି। ଏହି ଅସୁବିଧା ପାଇଁ ଇଣ୍ଡିଗୋ କର୍ତ୍ତୃପକ୍ଷ ଦୁଃଖ ପ୍ରକାଶ କରିଛନ୍ତି। କିନ୍ତୁ ସ୍ଥିତି ସୁଧାରିବା ଲାଗି ଆଉ କେତେ ସମୟ ଲାଗିବ, ତାହା ସ୍ପଷ୍ଟ କରୁନାହାନ୍ତି। ବେସାମରିକ ବିମାନ ଚଳାଚଳ ସେବା ନିୟନ୍ତ୍ରଣ କରୁଥିବା ଡିଜିସିଏ ଆଜି ଇଣ୍ଡିଗୋ କର୍ତ୍ତୃପକ୍ଷଙ୍କ ▸ପୃଷ୍ଠା-୭

## ମହିଳା ନିଶା ବେପାରୀଙ୍କ ଘରେ ବୁଲିଲା ବୁଲ୍‌ଡୋଜର୍



■ ପୁରୀ, ୪।୧୨ (ସମିସ): ପୁରୀ ଜିଲ୍ଲାରେ ବେଆଇନ ନିଶା କାରବାର ଉପରେ ରୋକ୍ ଲଗାଇବା ପାଇଁ ପୁଲିସ ପକ୍ଷରୁ ସ୍ୱତନ୍ତ୍ର ଅଭିଯାନ 'ଅପରେସନ୍ ଚକ୍ର' ଜାରି ରହିଛି। ବିଶେଷକରି ବ୍ରାଉନସୁଗର, ଗଞ୍ଜେଇ କାରବାର କରୁଥିବା ଅଭିଯୁକ୍ତଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛି ପୁଲିସ। ଯେଉଁମାନେ ଏହି କାରବାରରେ ସମ୍ପୃକ୍ତ, ସେମାନଙ୍କ ପୁରୁଣା ତଥ୍ୟକୁ ଖୋଜି ଧରପଗଡ଼କୁ ଜୋର୍‌ଦାର କରାଯାଉଛି। ଏହି କ୍ରମରେ ଗୁରୁବାର ମହିଳା ନିଶା ବେପାରୀ ସୁକାନ୍ତି ପଣ୍ଡାଙ୍କ ଘରେ ବୁଲିଛି ବୁଲ୍‌ଡୋଜର। ମାଟିରେ ମିଶିଛି ଗୋଟିଏ ଦୋକାନ ଓ ୪ଟି ଘର। ଭୁବନେଶ୍ୱର ପରେ ପୁରୀରେ ପ୍ରଥମଥର ପାଇଁ ପୁଲିସ ଏପରି ବଡ଼ ପଦକ୍ଷେପ ନେଇଛି। କିଛି ଦିନ ତଳେ ସୁକାନ୍ତିଙ୍କ ▸ପୃଷ୍ଠା-୭

# ହୀରାକୁଦର ଜଳଧାରଣ କ୍ଷମତା ୨୭% ହ୍ରାସ

■ ଭୁବନେଶ୍ୱର, ୪।୧୨ (ସମିସ): ହୀରାକୁଦରେ ବାଲି, ମାଟି ଓ ପଟୁ ଜମିବା କାରଣରୁ ବନ୍ଧର ଜଳଧାରଣ କ୍ଷମତା କମୁଛି। ଜଳଧାରଣା କ୍ଷମତା ପ୍ରାୟ ୨୫.୫୭ ପ୍ରତିଶତ ହ୍ରାସ ପାଇଥିବା ବେଳେ ସ୍ଲିଲ ୱେ ଗୁଡ଼ିକ ଖରାପ ହୋଇଗଲାଣି। ଯାହା ରାଜ୍ୟ ପାଇଁ ମହାବିପଦ ଡାକିଆଣିବାର ଆଶଙ୍କା ସୃଷ୍ଟି କରିଛି। ଗୁରୁବାର ଶୂନ୍ୟକାଳରେ ଏ ନେଇ ଗଭୀର ଉଦବେଗ ପ୍ରକାଶ କରିଛନ୍ତି ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ। ଏହାସହ ହୀରାକୁଦ ବନ୍ଧ କୂଳରେ ରାଜ୍ୟ ସରକାର ହୋଟେଲ ଖୋଲିବାକୁ ବଡ଼ ବଡ଼ କମ୍ପାନୀକୁ ଜମି ଦେଉଥିବା ବେଳେ ଏହାକୁ ମଧ୍ୟ ଶ୍ରୀ ଆଚାର୍ଯ୍ୟ ନାପସନ୍ଦ କରିଛନ୍ତି। ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ମଧ ହୀରାକୁଦର ଜଳଧାରଣା କ୍ଷମତାକୁ ନେଇ ଶ୍ରୀ ଆଚାର୍ଯ୍ୟଙ୍କ ସହ ସ୍ୱର ମିଳାଉଥିବାର ଦେଖିବାକୁ ମିଳିଛି।

ଗୁରବାର ଶୂନ୍ୟକାଳରେ ଉପରୋକ୍ତ ପ୍ରସଙ୍ଗ ଉଠାଇ ଶ୍ରୀ ଆଚାର୍ଯ୍ୟ କହିଛନ୍ତି ଯେ ହୀରାକୁଦ ବନ୍ଧ ଏସିଆର ଦୀର୍ଘତମ ମାଟି ବନ୍ଧ। ୧୯୫୭ ମସିହାରେ ଡ୍ୟାମ ନିର୍ମାଣ ହୋଇଥିବା ବେଳେ ବନ୍ୟା ନିୟନ୍ତ୍ରଣ, ଜଳସେଚନ ଏବଂ ବିଦ୍ୟୁତ୍ ଉତ୍ପାଦନ ଏହାର ବହୁମୁଖୀ ଲକ୍ଷ୍ୟ ଥିଲା। ନିର୍ମାଣ ବେଳେ ଏହି ଜଳଭଣ୍ଡାରର ଜୀବନ କାଳ ୧୦୦ ବର୍ଷ ଧାର୍ଯ୍ୟ କରାଯାଇଛି। ଆସନ୍ତା ୨୦୫୭ରେ ୧୦୦ ବର୍ଷ ପୂରିବାକୁ ଥିବାବେଳେ ଏବେଠାରୁ ହୀରାକୁଦର ଜଳଧାରଣ କ୍ଷମତା ପ୍ରାୟ ୨୭ ପ୍ରତିଶତ କମିଗଲାଣି। ବାଲି, ମାଟି ଓ ପଟୁ ଜମିବା କାରଣରୁ ଏପରି ଅବସ୍ଥା ସୃଷ୍ଟି ହୋଇଛି। ପୂର୍ବରୁ ଏହାକୁ ସଫା କରିବା ପାଇଁ ମାତ୍ର ଥରେ ଉଦ୍ୟମ ହୋଇଥିଲା। ତାହା ଫେଲ ମାରିବା ପରେ ସେବେଠାରୁ କୌଣସି ପଦକ୍ଷେପ ନିଆଯାଇ ନାହିଁ। ସେହିପରି ହୀରାକୁଦ ବନ୍ଧରେ ଆବଶ୍ୟକୀୟ ବୈଷୟିକ ଏବଂ ଅଣ ବୈଷୟିକ କର୍ମଚାରୀର ଘୋର ଅଭାବ ରହିଛି। ବନ୍ଧର ସ୍ଲିଲ ୱେ ମଧ ଖରାପ ହୋଇଗଲାଣି। ଯାହା ବନ୍ଧ ଉପରେ ଅତ୍ୟଧିକ ଚାପ ସୃଷ୍ଟି କରୁଛି। ଏହା ଆଗକୁ ଘୋର ବିପଦ ଡାକିଆଣିବାର ଆଶଙ୍କା। ▸ପୃଷ୍ଠା-୭

**▶ ବଡ଼ ଅଘଟଣ ଆଶଙ୍କାକୁ ଏଡ଼ାଇ ଦିଆଯାଇ ନ ପାରେ: ପ୍ରସନ୍ନ**

**▶ ସ୍ୱୀକାର କଲେ ସରକାର: ପ୍ରସଙ୍ଗ ଗୁରୁତ୍ୱପୂର୍ଣ୍ଣ ଓ ସ୍ପର୍ଶକାତର**



### ମହାନଦୀ ଜଳ ବିବାଦ ମାମଲା
## ଆଜି ବୈଷୟିକ କମିଟି ବୈଠକ, ୨୦ରେ ଟ୍ରିବ୍ୟୁନାଲରେ ଶୁଣାଣି

■ ଭୁବନେଶ୍ୱର, ୪।୧୨ (ସମିସ): ମହାନଦୀ ଜଳ ବିବାଦ ମାମଲାର ସମାଧାନ ପାଇଁ ଉଭୟ ଓଡ଼ିଶା ଓ ଛତିଶଗଡ଼ ମଧ୍ୟରେ ଉଦ୍ୟମ ଆରମ୍ଭ ହୋଇଛି। ଏପର୍ଯ୍ୟନ୍ତ ଉଭୟ ରାଜ୍ୟକୁ ନେଇ ଗଠିତ ଯୁଗ୍ମ ବୈଷୟିକ କମିଟିର ୬ଟି ବୈଠକ ଅନୁଷ୍ଠିତ ହୋଇସାରିଛି। ଆସନ୍ତାକାଲି ଏହାର ପରବର୍ତ୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ଉତ୍ତର ରଖି ସଂସଦୀୟ ବ୍ୟାପାର ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ ସୂଚନା ଦେଇଛନ୍ତି।

ଆଜି ପ୍ରଶ୍ନକାଳରେ ଅତିରିକ୍ତ ପ୍ରଶ୍ନକର୍ତ୍ତା ଦୁର୍ଗାପ୍ରସନ୍ନ ନାୟକ ମହାନଦୀ ଜଳବିବାଦ ମାମଲାରେ ସମାଧାନ ପାଇଁ ରାଜ୍ୟ ସରକାର କି' ପଦକ୍ଷେପ ଗ୍ରହଣ କରୁଛନ୍ତି ଏବଂ ଏହାର ସ୍ଥିତାବସ୍ଥା ସଂପର୍କରେ ପ୍ରଶ୍ନ କରିଥିଲେ। ଉତ୍ତରରେ ଡ. ମହାଲିଙ୍ଗ କହିଥିଲେ ଯେ ଟ୍ରିବ୍ୟୁନାଲରେ ଏବେ ମହାନଦୀ ବିବାଦ ମାମଲା ବିଚାରାଧୀନ ରହିଛି। ଆପୋଷ ସମାଧାନ ପାଇଁ ଉଭୟ ରାଜ୍ୟ ଏବେ ପ୍ରକ୍ରିୟା ଆରମ୍ଭ କରିଛନ୍ତି। ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁଦେବ ସାଏଙ୍କ ସହ ▸ପୃଷ୍ଠା-୭

# ସଂରକ୍ଷଣ ସଂକଳ୍ପ ଦାବିରେ ଗୃହ ଅଚଳ

■ ଭୁବନେଶ୍ୱର,୪।୧୨ (ସମିସ): ଚଳିତ ଶୀତ ଅଧିବେଶନ ଆରମ୍ଭରୁ ସୁରୁଖୁରୁରେ ଚାଲିଆସିଥିବା ବେଳେ ଗୁରୁବାର କଂଗ୍ରେସ ପ୍ରଶ୍ନକାଳରେ ଗୃହ ଅଚଳ କରିଛି। ବୁଧବାର ବେସରକାରୀ କାର୍ଯ୍ୟ ଦିବସରେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ୍‌ଙ୍କୁ ସଂକଳ୍ପ ଉପସ୍ଥାପନ କରିବା ପାଇଁ ସୁଯୋଗ ଦିଆ ନ ଯିବା ପ୍ରତିବାଦରେ ବିଧାୟକମାନେ ପ୍ରବଳ ହଟ୍ଟଗୋଳ କରିଥିଲେ। ଫଳରେ ପ୍ରଶ୍ନକାଶ ସ୍ୱାଭାବିକ ଭାବେ ଚାଲିପାରି ନ ଥିଲା। ଶୂନ୍ୟକାଳରେ କଂଗ୍ରେସ ବିଧାୟକମାନେ ସଂକଳ୍ପ ଆଲୋଚନା ପାଇଁ ନିର୍ଦ୍ଧାରିତ ତାରିଖ ଦାବିରେ ଅଡ଼ି ବସିଥିଲେ। ଆସନ୍ତା ୧୨ ତାରିଖରେ ସଂକଳ୍ପ ଆଲୋଚନା ହେବା ନେଇ ବାଚସ୍ପତି ଘୋଷଣା କରିବା ପରେ ଗୃହକାର୍ଯ୍ୟ ସ୍ୱାଭାବିକ ହୋଇଥିଲା।

ଗୁରୁବାର ପ୍ରଶ୍ନକାଳ ଆରମ୍ଭରୁ କଂଗ୍ରେସ ବିଧାୟକମାନେ ଗୃହର ମଧ୍ୟ ଭାଗକୁ ଆସି ସ୍ଲୋଗାନ ଦେଇଥିଲେ। ଅପରାହ୍ନରେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ୍ ରାଜ୍ୟରେ ଓବିସି, ଏସ୍‌ସିବିସି ଏବଂ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ବର୍ଗର ସଂଖ୍ୟାନୁପାତିକ ଆଧାରରେ ସମସ୍ତ ପ୍ରକାର ଉଚ୍ଚଶିକ୍ଷା (ବୈଷୟିକ/ମେଡିକାଲ/ ବୃତ୍ତିଗତ) ଏବଂ ସରକାରୀ ନିଯୁକ୍ତିରେ ସଂରକ୍ଷଣ ସମ୍ପର୍କିତ ସଂକଳ୍ପ ଉପସ୍ଥାପନ ଓ ଆଲୋଚନା ପାଇଁ ଅନୁମତି ମାଗିଥିଲେ। କିନ୍ତୁ ତାଙ୍କୁ ଏହି ସୁଯୋଗ ଦିଆ ନ ଯିବାରୁ ପ୍ରତିବାଦରେ କଂଗ୍ରେସ ବିଧାୟକମାନେ ନାରାବାଜି କରିଥିଲେ। ଫଳରେ ବାଚସ୍ପତି ଗୃହକୁ ୧୦ଟା ୪୬ରୁ ୧୧ ଟା ୩୦ ପର୍ଯ୍ୟନ୍ତ ମୁଲତବୀ ରଖିଥିଲେ।



**■ ପ୍ରଶ୍ନକାଳ ଅଚଳ, ଶୂନ୍ୟକାଳ ବାଧାପ୍ରାପ୍ତ**

**■ ବାଚସ୍ପତିଙ୍କ ରୁଲିଂ ପରେ ଗୃହ ସ୍ୱାଭାବିକ**

ଶୂନ୍ୟକାଳରେ ମଧ କଂଗ୍ରେସ ବିଧାୟକଗଣ ସମାନ ପ୍ରସଙ୍ଗ ଉତ୍ଥାପନ କରିଥିଲେ। କଂଗ୍ରେସ ବିଧାୟକ ଦଳ ନେତା ଶ୍ରୀ କାଡ଼ାମ୍ କହିଥିଲେ ଯେ ରାଜ୍ୟରେ ୪୦ ପ୍ରତିଶତ ଏସ୍‌ସି/ଏସ୍‌ଟି ଏବଂ ୫୪ ପ୍ରତିଶତ ପଛୁଆ ବର୍ଗ ଅଛନ୍ତି। ମାତ୍ର ଇଞ୍ଜିନିୟରିଂ ଓ ମେଡିକାଲ ଶିକ୍ଷା କ୍ଷେତ୍ରରେ ଏସ୍‌ସି/ଏସ୍‌ଟିଙ୍କୁ ୨୦ ପ୍ରତିଶତ ସଂରକ୍ଷଣ ମିଳୁଥିବା ବେଳେ ପଛୁଆ ବର୍ଗଙ୍କୁ ଆଦୌ ସଂରକ୍ଷଣ ଦିଆଯାଇ ନାହିଁ। ସରକାର ସବୁବେଳେ ୫୦ ପ୍ରତିଶତ ସୀମାର ବାହାନା ନେଉଛନ୍ତି। ମାତ୍ର ତାମିଲନାଡୁ ସରକାର ନିଜ ବିଧାନସଭାରେ ୬୯ ପ୍ରତିଶତ ସଂରକ୍ଷଣ ସଂକଳ୍ପ ପାରିତ କରି କେନ୍ଦ୍ରକୁ ପଠାଇଥିଲେ। କେନ୍ଦ୍ର ସରକାର ଏହାକୁ ଅନୁମୋଦନ ଦେବା ପରେ ଏହା ସମ୍ବିଧାନର ନବମ ଅନୁଛେଦରେ ସାମିଲ ହୋଇସାରିଛି। ତେଣୁ ଏଥିରେ ଆଉ ଆଇନଗତ ସମସ୍ୟା ନାହିଁ। ସମାନ ଭାବେ ଓଡ଼ିଶା ବିଧାନସଭା ଏପରି ସଂକଳ୍ପ ପାରିତ କରିବାର ଆବଶ୍ୟକତା ଅଛି। ଉଚ୍ଚଶିକ୍ଷା କ୍ଷେତ୍ରରେ ଏସ୍‌ସି/ଏସ୍‌ଟିଙ୍କୁ ୪୦ ପ୍ରତିଶତ ଓ ପଛୁଆ ବର୍ଗଙ୍କୁ ୨୭ ପ୍ରତିଶତ ଦିଆଯାଉ ବୋଲି ସେ ଦାବି କରିଥିଲେ।

ବିଜେଡି ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ରୁଲ୍ ୨୫ ନିୟମକୁ ଉଦ୍ଧାର କରି ବାଚସ୍ପତି ଏନେଇ ଏକ ସ୍ପଷ୍ଟ ନିର୍ଦ୍ଦେଶ ଦେବାକୁ କହିଥିଲେ। ଏହାପରେ ବାଚସ୍ପତି ୩ଟି ପର୍ଯ୍ୟାୟରେ ଗୃହକୁ ୨୪ ମିନିଟ ପାଇଁ ମୁଲତବୀ କରିଥିଲେ। କଂଗ୍ରେସ ବିଧାୟକ ଦଳ ନେତା ଆଣିଥିବା ସଂକଳ୍ପ ଉପରେ ଆସନ୍ତା ୧୨ ତାରିଖ ଦିନ ଆଲୋଚନା ହେବ ବୋଲି ବାଚସ୍ପତି ଘୋଷଣା କରିବା ପରେ ଗୃହ ସ୍ୱାଭାବିକ ହୋଇଥିଲା।

## କଳିଙ୍ଗା ଘାଟିରେ ଲାଗିଲା ସେନ୍ସର୍
### ଚାଳକକୁ କରିବ ସତର୍କ; କମିବ ଦୁର୍ଘଟଣା

■ ଜି.ଉଦୟଗିରି, ୪।୧୨ (ସମିସ): ଏଣିକି କଳିଙ୍ଗା ଘାଟିରେ ଗାଡ଼ି ଚାଳକଙ୍କୁ ସତର୍କ କରିବ ସେନ୍ସର୍। କନ୍ଧମାଳ ଜିଲ୍ଲା ଜି.ଉଦୟଗିରି ବ୍ଲକ କଳିଙ୍ଗା ପଞ୍ଚାୟତର କଳିଙ୍ଗା ଘାଟିରେ ପ୍ରଥମଥର ପାଇଁ ଭୁବନେଶ୍ୱର ଆଇଆଇଟି ପକ୍ଷରୁ ଓଡ଼ିଶାର ପ୍ରଥମ ଘାଟି ଭାବେ କଳିଙ୍ଗା ଘାଟିକୁ ନେଇ ପରୀକ୍ଷାମୂଳକ ଭାବରେ 'ଭେଇକଲ ସେନ୍ସର୍ ଆଲର୍ଟ ମେସିନ' ଲଗାଯାଉଥିବା ଜଣାଯାଇଛି। ଏହା ସୌର ଚାଳିତ। ନିଜେ ପରିଚାଳିତ ହେବା ସହିତ ସେନ୍ସର ଓ କ୍ୟାମେରା ଦ୍ୱାରା ଗାଡ଼ି ଚାଳକଙ୍କୁ ସତର୍କ ସୂଚନା ଦେବ। ଏହା ଦୁଇଟି ପାର୍ଶ୍ୱରେ ଲାଗିବ। ଏହାଦ୍ୱାରା ଗୋଟିଏ ପାର୍ଶ୍ୱରେ ଗାଡ଼ି ଆସିଲେ ଅନ୍ୟପାର୍ଶ୍ୱରେ ନାଲିବତି ଜଳିବା ସହ ହର୍ଣ୍ଣ ବାଜିବ। ଫଳରେ ଅନ୍ୟପାର୍ଶ୍ୱରେ ଆସୁଥିବା ଗାଡ଼ି ଚାଳକ ଏହାର ସୂଚନା ପାଇପାରିବେ ଏବଂ ଆଗୁଆ ସତର୍କ ହୋଇଯିବେ। ଏହି ଅବସରରେ ପରିବହନ ବିଭାଗ ଅଧିକାରୀ ଶିବାନୀ ▸ପୃଷ୍ଠା-୭



# ବିଏଲ୍‌ଓ ମୃତ୍ୟୁକୁ ନେଇ ବର୍ଷିଲେ ସୁପ୍ରିମକୋର୍ଟ

## ସରକାରୀ କର୍ମଚାରୀଙ୍କୁ ମଧ୍ୟ ଏସ୍‌ଆଇଆର୍ କାର୍ଯ୍ୟରେ ଲଗାଅ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର) ପ୍ରକ୍ରିୟାରେ ବୁଥ ସ୍ତରୀୟ ଅଧିକାରୀ (ବିଏଲ୍‌ଓ)ଙ୍କ ମୃତ୍ୟୁକୁ ନେଇ ସୁପ୍ରିମକୋର୍ଟ ଉଦ୍‌ବେଗ ପ୍ରକାଶ କରିଛନ୍ତି। କାର୍ଯ୍ୟ ଭାର କମାଇବା ପାଇଁ ଯଦି ଆବଶ୍ୟକ ହୁଏ ଅଧିକ ସଂଖ୍ୟକ କର୍ମଚାରୀଙ୍କୁ ନିୟୋଜିତ କରିବାକୁ କୋର୍ଟ ରାଜ୍ୟ ସରକାରଗୁଡିକୁ ନିର୍ଦ୍ଦେଶ ଦେଇଛନ୍ତି। କୋର୍ଟ କହିଛନ୍ତି ଯେ ରାଜ୍ୟ ସରକାର କିମ୍ବା ରାଜ୍ୟ ନିର୍ବାଚନ କମିସନଙ୍କ ତରଫରୁ ନିଯୁକ୍ତ କର୍ମଚାରୀଙ୍କୁ ଏସ୍‌ଆଇଆର କାର୍ଯ୍ୟ କରିବାକୁ ହେବ। ଯଦି କୌଣସି କର୍ମଚାରୀଙ୍କୁ ଛୁଟିର ନିହାତି ଆବଶ୍ୟକତା ରହିଛି ତେବେ, ରାଜ୍ୟ ସରକାର ତାଙ୍କ ଆବେଦନକୁ ବିଚାର କରିବା ସହ ତାଙ୍କ ସ୍ଥାନରେ ଅନ୍ୟ କର୍ମଚାରୀଙ୍କୁ ନିଯୁକ୍ତି ଦେଇପାରିବେ।

ପଶ୍ଚିମବଙ୍ଗ, ତାମିଲନାଡୁ ଓ ଅନ୍ୟ ରାଜ୍ୟଗୁଡିକ ଏସ୍‌ଆଇଆର୍‌କୁ ଚ୍ୟାଲେଞ୍ଜ କରି ଆବେଦନ କରିଥିଲେ। ଏହାର ଶୁଣାଣି କରି ପ୍ରଧାନ ବିଚାରପତି ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜଷ୍ଟିସ ଜୟମାଲ୍ୟା ବାଗଚିଙ୍କ ଖଣ୍ଡପୀଠ କହିଛନ୍ତି ଯେ, ରାଜ୍ୟ ସରକାରଙ୍କ କର୍ମଚାରୀ ଏସ୍‌ଆଇଆର୍ ସମେତ ଅନ୍ୟ ବୈଧାନିକ କାର୍ଯ୍ୟ କରିବାକୁ ବାଧ୍ୟ। ସେହିପରି ନିର୍ବାଚନ କମିସନଙ୍କ ପାଇଁ କର୍ମଚାରୀ ଉପଲବ୍ଧ କରାଇବା ମଧ୍ୟ ରାଜ୍ୟ ସରକାରଙ୍କ କର୍ତ୍ତବ୍ୟ। ଯଦି ଏସ୍‌ଆଇଆର କାର୍ଯ୍ୟ ପାଇଁ ବୁଥ ସ୍ତରୀୟ ଅଧିକାରୀ (ବିଏଲ୍‌ଓ) ଙ୍କ ଉପରେ କାର୍ଯ୍ୟଭାର ଅତ୍ୟଧିକ ଥାଏ, ତେବେ ସରକାରଙ୍କ ଅନ୍ୟ କର୍ମଚାରୀଙ୍କୁ ଏହି କାର୍ଯ୍ୟରେ ନିୟୋଜିତ କରାଯାଇପାରିବ। ଏହା ଦ୍ୱାରା ବିଏଲ୍‌ଓଙ୍କ ଉପରେ କାର୍ଯ୍ୟ ନେଇ ଚାପ କମ୍ ହେବ।

**୭ଟି ରାଜ୍ୟରେ ୨୯ ଜଣ ବିଏଲ୍‌ଓ ମୃତ୍ୟୁବରଣ କରିଛନ୍ତି**

ଉଲ୍ଲେଖଥାଉ କି, ଏସ୍‌ଆଇଆର୍ ଦାୟିତ୍ୱ ସମ୍ପାଦନ କରୁଥିବା ବେଳେ ୭ଟି ରାଜ୍ୟରେ ଏପର୍ଯ୍ୟନ୍ତ ୨୯ ଜଣ ବିଏଲ୍‌ଓଙ୍କ ମୃତ୍ୟୁ ହୋଇଛି। ମଧ୍ୟପ୍ରଦେଶରେ ୯, ଉତ୍ତରପ୍ରଦେଶରେ ୮, ଗୁଜରାଟରେ ୪, ରାଜସ୍ଥାନ ଓ ପଶ୍ଚିମବଙ୍ଗରେ ୩ ଲେଖାଏ ଏବଂ କେରଳ ଓ ତାମିଲନାଡୁରେ ଜଣେ ଲେଖାଏ ବିଏଲ୍‌ଓ ବିଭିନ୍ନ କାରଣରୁ ମୃତ୍ୟୁବରଣ କରିଛନ୍ତି। ନଭେମ୍ବର ୩୦ରେ ନିର୍ବାଚନ କମିସନ ଏସ୍‌ଆଇଆରର ଶେଷ ତାରିଖକୁ ୭ ଦିନ ବୃଦ୍ଧି କରିଥିଲେ। ଏହାପରେ ଡିସେମ୍ବର ୨ରେ ସୁପ୍ରିମକୋର୍ଟ ପଶ୍ଚିମବଙ୍ଗ, ତାମିଲନାଡୁ ଓ ଅନ୍ୟ ରାଜ୍ୟରେ ଏସ୍‌ଆଇଆର୍‌କୁ ନେଇ ହୋଇଥିବା ଆବେଦନର ଶୁଣାଣି କରିଥିଲେ। କେରଳରେ ନଗର ନିଗମ ନିର୍ବାଚନ ଚାଲୁ ରହିବା କାରଣରୁ ଏସ୍‌ଆଇଆର୍ ଫର୍ମ ଜମା କରିବା ସମୟସୀମା ବଢ଼ାଇବାକୁ କୋର୍ଟ ନିର୍ବାଚନ କମିସନକୁ କହିଥିଲେ। ଏବେ ୧୨ଟି ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳରେ ଏସ୍‌ଆଇଆର ପ୍ରକ୍ରିୟା ଚାଲୁ ରହିଛି। ୫୧ କୋଟି ଭୋଟରଙ୍କ ପାଇଁ ଜାରି କରାଯାଇଥିବା ଫର୍ମ ୯୯.୫ ପ୍ରତିଶତ ଲୋକଙ୍କ ନିକଟରେ ପହଞ୍ଚାଯାଇଛି। ଏଥିମଧ୍ୟରୁ ୭୯ ପ୍ରତିଶତ ଫର୍ମକୁ ଡିଜିଟାଲ ରୂପ ଦିଆଯାଇସାରିଛି। ଅର୍ଥାତ ଘର ଘର ବୁଲି ବିଏଲ୍‌ଓ ଯେଉଁ ଫର୍ମ ଦେଉଛନ୍ତି, ସେଥିରେ ଲେଖା ହୋଇଥିବା ନାମ, ଠିକଣା ଓ ଅନ୍ୟ ବିବରଣୀକୁ ଅନ୍‌ଲାଇନ୍ ସିଷ୍ଟମରେ ଅପଲୋଡ କରାଯାଇଛି।



ଏସ୍‌ଆଇଆର୍ ପ୍ରକ୍ରିୟା ଚାଲୁଥିବା ରାଜ୍ୟଗୁଡିକରେ ଆଗକୁ ନିର୍ବାଚନ ହେବ। ଏହିକ୍ରମରେ ୨୦୨୬ରେ ପଶ୍ଚିମବଙ୍ଗ, କେରଳ, ତାମିଲନାଡୁ ଓ ପୁଡୁଚେରୀରେ ନିର୍ବାଚନ ହେବ। ସେହିପରି ୨୦୨୭ରେ ଗୋଆ, ଗୁଜରାଟ ଓ ଉତ୍ତରପ୍ରଦେଶରେ ଏବଂ ୨୦୨୮ରେ ଛତିଶଗଡ଼, ମଧ୍ୟପ୍ରଦେଶ ଓ ରାଜସ୍ଥାନରେ ନିର୍ବାଚନ ଆୟୋଜନ ହେବ।

# ପୁତିନଙ୍କ ପାଇଁ ଭାରତ ଉପରେ ସାରା ବିଶ୍ୱର ନଜର

## ପୁତିନ୍‌ଙ୍କ ଶାରୀରିକ ଭାଷାକୁ ନେଇ ଚର୍ଚ୍ଚା

ନୂଆଦିଲ୍ଲୀ (ସମିସ): କୁଟନୀତିରେ ଶବ୍ଦ ଗୁରୁତ୍ୱପୂର୍ଣ୍ଣ, ମାତ୍ର ରାଜନୀତିରେ ଚିତ୍ର ଲେଖିଥାଏ ଇତିହାସ। ରୁଷ ରାଷ୍ଟ୍ରପତି ଭ୍ଲାଡ଼ିମିର ପୁତିନ୍‌ଙ୍କ ବିମାନ ଗୁରୁବାର ସନ୍ଧ୍ୟାରେ ନୂଆଦିଲ୍ଲୀର ପାଲାମ ବିମାନବନ୍ଦରରେ ଅବତରଣ ସମୟରେ ଭାରତ ଉପରେ ଥିଲା ସାରା ବିଶ୍ୱର ନଜର। ରନୱେରେ ଅଟକିବା ପରେ ସବୁ କ୍ୟାମେରାର ଲେନ୍ସ ବିମାନର ଦ୍ୱାର ଉପରେ ନିବଦ୍ଧ ହୋଇଥିଲା । ଯେତେବେଳେ ବିମାନର ଦ୍ୱାର ଖୋଲି ପୁତିନ୍ ବାହାରକୁ ଆସିଲେ, ସେତେବେଳେ ତାଙ୍କ ଶାରୀରିକ ଭାଷା ଭାରତ ବିରୋଧୀଙ୍କୁ ତଟସ୍ଥ କରି ଦେଇଥିଲା। ଆମେରିକା ସହ ଭାରତର ବାଣିଜ୍ୟିକ ଉତ୍ତେଜନା, ୟୁରୋପୀୟ ଦେଶ ସହ ସମ୍ପର୍କ, ଭାରତ ବିରୋଧରେ ପଡ଼ୋଶୀ ଦେଶଗୁଡ଼ିକର ନକରାତ୍ମକ ଏଜେଣ୍ଡା ଯେମିତି ସେହି ମୁହୂର୍ତ୍ତରେ ନିରର୍ଥକ ଜଣାପଡୁଥିଲା। ପୁତିନ୍ ବିମାନର ସିଡ଼ିରେ ଓହ୍ଲାଇବା ସମୟରେ ତାଙ୍କ ମୁହଁରେ ନ ଥିଲା ଯୁଦ୍ଧ ଉତ୍ତେଜନା ବା ଆନ୍ତର୍ଜାତୀୟ ଚାପର କୁଞ୍ଚନ । ତାଙ୍କ ମୁହଁର ହସ୍ ସୂଚାଇ ଦେଉଥିଲା ଯେ ସେ ଯେପରି କୌଣସି ବିଦେଶ ଗସ୍ତରେ ଆସି ନାହାନ୍ତି, ବିଶ୍ୱସ୍ତ ବନ୍ଧୁଙ୍କ ପରିବାରରେ ଅଛନ୍ତି ।

ପୁତିନ୍‌ଙ୍କୁ ୟୁରୋପୀୟ ଦେଶଗୁଡ଼ିକ "ଆଇସ୍ ମ୍ୟାନ' ବା କଠୋର ନେତା ଭାବରେ ଅଭିହିତ କରିଥାଆନ୍ତି। ୟୁକ୍ରେନ୍ ଯୁଦ୍ଧ ପରଠାରୁ ତାଙ୍କ ମୁହଁରେ ସର୍ବଦା ଆକ୍ରମଣାତ୍ମକ ଓ କଠୋର ଭାବଭଙ୍ଗୀ ଅନେକ ଲକ୍ଷ୍ୟ କରିଥାଆନ୍ତି। ମାତ୍ର ଆଜି ଦିଲ୍ଲୀରେ ତାଙ୍କ ଚେହେରା ଓ ଶାରୀରିକ ଭାଷା ଥିଲା ବେଶ୍ ଭିନ୍ନ। ତାଙ୍କ ଚାଲିରେ ଥିଲା ପ୍ରଚଣ୍ଡ ଆତ୍ମବିଶ୍ୱାସ । ଜଣେ ନେତା ଯେତେବେଳେ କୌଣସି ଦେଶରେ ସୁରକ୍ଷିତ ଓ ସମ୍ମାନଜନକ ଅନୁଭବ କରନ୍ତି ସେତେବେଳେ ଏପରି ଫୂର୍ତ୍ତି ଅନୁଭବ କରନ୍ତି ବୋଲି ପୁତିନ୍‌ଙ୍କ ଦିଲ୍ଲୀ ଅବତରଣ ସମୟର ଦୃଶ୍ୟକୁ ନେଇ ଶାରୀରିକ ଭାଷା ବିଶେଷଜ୍ଞଙ୍କ ମତ ଅନେକ ଦିଗକୁ ଇଙ୍ଗିତ କରିଛି। ଆମେରିକା ପ୍ରଶାସନ ପୁତିନ୍‌ଙ୍କ ଭାରତ ଗସ୍ତ ଉପରେ ତୀକ୍ଷ୍ଣ ନଜର ରଖିଥିବାବେଳେ ୟୁରୋପୀୟ ଦେଶ ଓ ଆମେରିକାର ଅନେକ ଖବର ଏଜେନ୍ସିଗୁଡ଼ିକ ପୁତିନ୍‌ଙ୍କ ଭାରତ ଗସ୍ତକୁ ସର୍ବାଧିକ ପ୍ରାଥମିକତା ଦେବା ମଧ୍ୟ ଅନେକ ଦୃଷ୍ଟିରୁ ମହତ୍ୱପୂର୍ଣ୍ଣ ମନେ ହେଉଛି।



ରୁଷ ରାଷ୍ଟ୍ରପତି ବିମାନରୁ ଓହ୍ଲାଇବା ପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ରନୱେରେ ତାଙ୍କୁ ଉଷ୍ମ ଆଲିଙ୍ଗନ କରିବା ପୁତିନ୍ ମଧ୍ୟ ମୋଦିଙ୍କ ପିଠି ଥାପୁଡ଼ାଇବା ଦୁଇ ଦେଶ ମଧ୍ୟରେ ପାରସ୍ପରିକ ଗଭୀର ସମ୍ପର୍କ, ଆତ୍ମିକ ସଂଯୋଗକୁ ପ୍ରମାଣିତ କରିଛି। ଅନ୍ୟପକ୍ଷରେ ଦୁଇ ନେତା ବୁଲେଟ୍‌ପ୍ରୁଫ୍ ଲିମୋସିନ୍ କାର ପରିବର୍ତ୍ତେ ସାଧାରଣ ଧଳା ଫର୍ଚୁନର କାରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବାସଭବନକୁ ଏକତ୍ର ଯାତ୍ରା କରିଛନ୍ତି। କାର ଭିତରୁ ପୁତିନ୍ ଅଳ୍ପ ହସ ହସି ହାତ ହଲାଇ ଦେଇଥିବା ବାର୍ତ୍ତା କେଉଁ ଭାବରେ ୟୁରୋପୀୟ ଦେଶ ଓ ଆମେରିକାରେ ପ୍ରତିଫଳିତ ହେବ ତାହା ତ ଭିନ୍ନ କଥା, ମାତ୍ର ରୁଷ ସହ ଭାରତର ସମ୍ପର୍କର ବର୍ଦ୍ଧିତ ନିବିଡ଼ତା ଅନେକ କାହାଣୀ ଲେଖିବ ବୋଲି ରାଜନୈତିକ ବିଶେଷଜ୍ଞମାନେ ମନେ କରୁଛନ୍ତି ।

## ଆଇଟିସି ମୌର୍ଯ୍ୟରେ ରହିବେ ପୁତିନ; ଗୋଟିଏ ରାତି ପାଇଁ ଖର୍ଚ୍ଚ ୮ରୁ ୧୦ ଲକ୍ଷ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ଦିଲ୍ଲୀର ଆଇଟିସି ମୌର୍ଯ୍ୟ ହୋଟେଲରେ ଅବସ୍ଥାନ କରିବେ। ଏହି ହୋଟେଲର ସବୁଠାରୁ ଖାସ୍ ପ୍ରକୋଷ୍ଠ ପ୍ରେସିଡେନସିଆଲ ସୁଟ୍‌ରେ ରହିବେ। ୪,୬୦୦ ବର୍ଗଫୁଟ୍‌ର ଏହି ସୁଟ୍‌ର ରାତିକୁ ଖର୍ଚ୍ଚ ୮ରୁ ୧୦ ଲକ୍ଷ ଟଙ୍କା। ପୂର୍ବରୁ ଏଥିରେ ଆମେରିକା ପୂର୍ବତନ ରାଷ୍ଟ୍ରପତି ଜୋ ବାଇଡେନଙ୍କ ସମେତ ଏକାଧିକ ଦେଶର ରାଷ୍ଟ୍ରମୁଖ୍ୟ ଅବସ୍ଥାନ କରିଛନ୍ତି। ହୋଟେଲର ଏହି ସ୍ୱତନ୍ତ୍ର କୋଠରୀକୁ ଚାଣକ୍ୟ ସୁଟ୍ କୁହାଯାଏ। ଏହାକୁ ୨୦୦୭ରେ ପ୍ରସ୍ତୁତ କରାଯାଇ ଖୋଲାଯାଇଥିଲା। ସ୍ୱତନ୍ତ୍ର ଡିଜାଇନ ପାଇଁ ଏହା ପ୍ରସିଦ୍ଧି ଲାଭ କରିଛି। ଏହାର ପ୍ରତ୍ୟେକ ଜିନିଷ ବହୁତ ଦାମୀ। ଏଥିରେ ମାଷ୍ଟର ବେଡ୍‌ରୁମ୍, ୱାକ- ଇନ୍ ଆଲମାରୀ, ବ୍ୟକ୍ତିଗତ ଷ୍ଟିମ୍‌ରୁମ୍, ସାଉନା ଓ ଜିମ୍, ୧୨ ସିଟ୍ ବିଶିଷ୍ଟ ଡାଇନିଂ ରୁମ୍, ଅତିଥି ରୁମ୍, ଅଧ୍ୟୟନ ଓ ଅଫିସ ପାଇଁ ସ୍ଥାନ ରହିଛି।

- **ହାଇଦରାବାଦ୍ ହାଉସ୍‌ରେ ବୈଠକ**
- **ପୁତିନଙ୍କର ସ୍ମାର୍ଟ ଫୋନ୍ ନାହିଁ**

ଆସନ୍ତାକାଲି ପ୍ରଧାନମନ୍ତ୍ରୀ ମୋଦୀ ଓ ପୁତିନ ହାଇଦରାବାଦ ହାଉସ୍‌ରେ ୨୩ ତମ ଭାରତ- ରୁଷିଆ ବାର୍ଷିକ ଶିଖର ସମ୍ମିଳନୀରେ ମିଳିତ ହେବେ। ତେବେ ହାଇଦରାବାଦ ହାଉସ୍‌ରେ ଏହି ବୈଠକ ବସିବାର ପଛରେ ଏକାଧିକ କାରଣ ରହିଛି। ଏହା କେବଳ ଏକ ପରମ୍ପରା ନୁହେଁ ବରଂ ଏକ ରାଜକୀୟ ଅତୀତ ଯେଉଁଥିରେ ନିଜାମଙ୍କ ଐଶ୍ୱର୍ଯ୍ୟ, ବ୍ରିଟିଶ କାଳର ରାଜନୈତିକ ଜଟିଳତା ଏବଂ ସ୍ୱାଧୀନତା ପରେ ଭାରତର ଉଦୀୟମାନ କୂଟନୈତିକ ପଦକ୍ଷେପ ସାମିଲ ରହିଛି। ସ୍ୱାଧୀନତା ପୂର୍ବରୁ ଭାରତରେ ୫୬୦ଟିରୁ ଉର୍ଦ୍ଧ୍ୱ ରାଜ୍ୟ ଥିଲା। ଯେତେବେଳେ ବ୍ରିଟିଶ ସରକାର ବିଭିନ୍ନ କାରଣ ପାଇଁ ରାଜାମାନଙ୍କୁ ଡକାଉଥିଲେ ସେତେବେଳେ ରହିବା ପାଇଁ ସମସ୍ୟା ସୃଷ୍ଟି ହେଉଥିଲା। ଫଳରେ ହାଇଦରାବାଦ୍‌ର ନିଜାମ ମୀର ଉସମାନ ଅଲି ଖାନ୍ ଏହି ସମସ୍ୟା ଦୂର କରିବା ପାଇଁ ରାଷ୍ଟ୍ରପତି ଭବନ ନିକଟରେ ୧୨ ଏକର ଜମିରେ ହାଇଦରାବାଦ ହାଉସ ସ୍ୱତନ୍ତ୍ର ଭାବେ ନିର୍ମାଣ କରିଥିଲେ। ଇତିମଧ୍ୟରେ ବହୁ ବର୍ଷ ବିତିଯାଇଥିଲେ ମଧ୍ୟ ଏହାର ଭବ୍ୟତା କମିନାହିଁ। ଭାରତ ଗସ୍ତରେ ଆସୁଥିବା ବିଭିନ୍ନ ଦେଶର ରାଷ୍ଟ୍ରମୁଖ୍ୟ ଏଠାରେ ହିଁ ବୈଠକରେ ମିଳିତ ହୋଇଥାନ୍ତି।

ତେବେ ସବୁଠାରୁ କୌତୂହଳର ବିଷୟ ହେଲା ଯେ ପୁତିନଙ୍କ ସ୍ମାର୍ଟ ଫୋନ ନାହିଁ। ଅର୍ଥାତ ସେ ମୋବାଇଲ ଫୋନ ବ୍ୟବହାର କରନ୍ତି ନାହିଁ। ସେ ବିଶ୍ୱର ହାତଗଣିତ ନେତାଙ୍କ ମଧ୍ୟରେ ସାମିଲ, ଯେଉଁମାନେ ସ୍ମାର୍ଟଫୋନ୍ ଓ ଇଣ୍ଟରନେଟ୍ ବ୍ୟବହାର କରିବାକୁ ପସନ୍ଦ କରି ନଥାନ୍ତି। ସ୍ମାର୍ଟ ଫୋନ୍ ବ୍ୟବହାର କରିବା ଦ୍ୱାରା ଜଣେ ବ୍ୟକ୍ତିଙ୍କର ଗୋପନୀୟତା ବିପଦରେ ପଡ଼ିଥାଏ। ତେଣୁ ଏହା କୌଣସି ବଡ଼ ନେତାଙ୍କ ପାଇଁ ସୁରକ୍ଷା ବ୍ୟବସ୍ଥାକୁ ଅସୁରକ୍ଷିତ କରିଥାଏ ପୁତିନ ବିଚାର କରନ୍ତି।

## କେନ୍ଦ୍ରକୁ ରାହୁଲଙ୍କ ସମାଲୋଚନା

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ଗୁରୁବାର ସଂସଦର ଶୀତକାଳୀନ ଅଧିବେଶନ ଚତୁର୍ଥ ଦିନ ଥିଲା। ରୁଷିଆ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କ ଭାରତ ଗସ୍ତରେ ଆସିଥିବା ବେଳେ ଲୋକସଭାରେ ବିରୋଧୀ ଦଳ ନେତା ତଥା କଂଗ୍ରେସ ବରିଷ୍ଠ ସାଂସଦ କେନ୍ଦ୍ର ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି। ବାହାରୁ ଆସିଥିବା ନେତାଙ୍କ ସହ ମୁଁ ସାକ୍ଷାତ କରିବା କେନ୍ଦ୍ର ସରକାର ଚାହୁଁନାହାନ୍ତି ବୋଲି ସେ କହିଛନ୍ତି। ପୁତିନଙ୍କୁ ମୁଁ ସାକ୍ଷାତ କରିବା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ବୈଦେଶିକ ମନ୍ତ୍ରଣାଳୟ ଚାହୁଁନାହାନ୍ତି ଓ ସେମାନେ ନିୟମ ପାଳନ କରୁନାହାନ୍ତି। ଏମାନେ ଅସୁରକ୍ଷିତ ଅନୁଭବ କରୁଛନ୍ତି। ଆମର ସମସ୍ତଙ୍କ ସହ ସମ୍ପର୍କ ରହିଛି। ବିରୋଧୀ ଦଳ ନେତା ମଧ୍ୟ ଏକ ଭିନ୍ନ ଦୃଷ୍ଟିକୋଣ ଅବଲମ୍ବନ କରିଥାନ୍ତି। ଆମେ ମଧ୍ୟ ଭାରତ ପାଇଁ ପ୍ରତିନିଧିତ୍ୱ କରୁଛୁ। କେବଳ ସରକାର ହିଁ ଭାରତକୁ ପ୍ରତିନିଧିତ୍ୱ କରନ୍ତି ନାହିଁ ବୋଲି ସେ କହିଛନ୍ତି। ସାଧାରଣତଃ ବିଦେଶୀରୁ ଯେଉଁ ନେତା ବା ବ୍ୟକ୍ତି ଆସିଥାନ୍ତି, ସେ ବିରୋଧୀ ଦଳ ନେତାଙ୍କୁ ଭେଟିଥାନ୍ତି ଓ ଏହା ଏକ ପରମ୍ପରା ରହିଆସିଛି। ପୂର୍ବରୁ ଅଟଳ ବିହାରୀ ବାଜପେୟୀ ଓ ମନମୋହନ ସିଂଙ୍କ ସରକାରଙ୍କ କର୍ଯ୍ୟକାଳ ବେଳେ ଏହି ପରମ୍ପରାର ପାଳନ ହେଉଥିଲା। କିନ୍ତୁ ଏବେ ସେକଥା ଆଉ ନାହିଁ। ଯେଉଁ ନେତାମାନେ ବାହାରୁ ଆସୁଛନ୍ତି, ସେମାନଙ୍କୁ ବିରୋଧୀ ଦଳ ନେତାଙ୍କୁ ଭେଟିବା ନେଇ ବାରଣ କରାଯାଉଛି ବୋଲି ରାହୁଲ ପାର୍ଲାମେଣ୍ଟ ବାହାରେ ସାମ୍ବାଦିକଙ୍କ ସହ କଥା ହେବା ବେଳେ କହିଛନ୍ତି।

## ଗାଜାରେ ପୁଣି ଇସ୍ରାଏଲର ଆକ୍ରମଣ; ୭ ମୃତ

ଗାଜା, ୪।୧୨(ଏଜେନ୍ସି): ଇସ୍ରାଏଲ ଗାଜାରେ ପୁଣିଥରେ ଆକ୍ରମଣ କରିଛି। ହାମାସ ଇସ୍ରାଏଲ ସୈନ୍ୟଙ୍କ ଉପରେ ଆକ୍ରମଣ କରିବା ପରେ ଇସ୍ରାଏଲ ଏହି ପଦକ୍ଷେପ ନେଇଛି। ହମାସର ଏହି ଆକ୍ରମଣରେ ଇସ୍ରାଏଲର ୫ ସୈନ୍ୟ ଆହତ ହୋଇଥିଲେ। ଏହାର ପ୍ରତିଶୋଧ ସ୍ୱରୂପ ଇସ୍ରାଏଲ ବୁଧବାର ବିଳମ୍ବିତ ରାତିରେ ଦକ୍ଷିଣ ଗାଜାରେ ଆକାଶ ମାର୍ଗରୁ ଆକ୍ରମଣ କରିଛି ଓ ଏଥିରେ ୭ ଜଣ ପାଲେଷ୍ଟାଇନ୍ ନାଗରିକ ମୃତ୍ୟୁବରଣ କରିଥିବା ବେଳେ ୩୨ ଜଣ ଲୋକ ଆହତ ହୋଇଛନ୍ତି ବୋଲି କୁହାଯାଇଛି। ମୃତକଙ୍କ ମଧ୍ୟରେ ୮ ଓ ୧୦ ବର୍ଷର ଦୁଇଜଣ ଛୋଟପିଲା ସାମିଲ ରହିଛନ୍ତି। ଆହତ ହୋଇଥିବା କେତେଜଣ ଗୁରୁତର ଅଛନ୍ତି। ଇସ୍ରାଏଲ ଓ ହମାସ ପରସ୍ପର ଉପରେ ଯୁଦ୍ଧବିରତି ଉଲ୍ଲଂଘନ କରିବାର ଅଭିଯୋଗ ଆଣିଛନ୍ତି। ଅକ୍ଟୋବର ୧୦ରେ ଏହି ଯୁଦ୍ଧବିରତି ଲାଗୁ ହୋଇଥିଲା। ଏହା ସତ୍ତ୍ୱେ ଇସ୍ରାଏଲ ଗାଜା ଉପରେ ଏକାଧିକବାର ବିଭିନ୍ନ ଆଳ ଦେଖାଇ ଆକ୍ରମଣ କରିଛି।

## ବିମାନରେ ଯାତ୍ରୀଙ୍କ ବୋମା ଧମକ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ସାଉଦି ଆରବର ମଦିନାରୁ ହାଇଦରାବାଦ ଆସୁଥିବା ଇଣ୍ଡିଗୋ ବିମାନରେ ଗୁରୁବାର ଏକ ଅଜବ କାଣ୍ଡ ଘଟିଥିଲା। ଜଣେ ଯାତ୍ରୀ ନିଜ ପାଖରେ ବୋମା ଅଛି ବୋଲି ଧମକ ଦେବା ପରେ ବିମାନରେ ଆତଙ୍କ ଖେଳିଯାଇଥିଲା। ଫଳରେ ବିମାନକୁ ଅହମଦାବାଦ୍‌ରେ ଜରୁରୀକାଳୀନ ଅବତରଣ କରାଯାଇଥିଲା। ମିଳିଥିବା ସୂଚନା ଅନଯାୟୀ ଏହି ବିମାନକୁ ଅଲଗା ଆଇସୋଲେସନ ୱେରେ ଛିଡ଼ା କରାଯିବା ପରେ ଯାତ୍ରୀମାନଙ୍କୁ ସୁରକ୍ଷିତ ଭାବେ ବାହାରକୁ ବାହାର କରାଯାଇ ସେମାନଙ୍କ ଯାଞ୍ଚ୍ କରାଯାଇଥିଲା। ବିମାନ ଜଣେ ଯାତ୍ରୀ କେବିନ କ୍ରୁଙ୍କୁ ନିଜର ପାଖରେ ବମ୍ ଅଛି ଓ କିଛି ମିନିଟ ମଧ୍ୟରେ ଏହାର ବିସ୍ଫୋରଣ ହେବ ବୋଲି କହିଥିଲେ। ଏହାପରେ ପାଇଲଟ ତୁରନ୍ତ ସୁରକ୍ଷା ପ୍ରୋଟୋକଲ ଅନୁସାରେ ନିକଟସ୍ଥ ସୁରକ୍ଷିତ ବିମାନ ବନ୍ଦର ଅହମଦାବାଦରେ ବିମାନର ଅବତରଣ କରାଇଥିଲେ।


## ଆଜମୀର୍ ଦରଘା, ଜିଲ୍ଲାପାଳ କାର୍ଯ୍ୟାଳୟକୁ ବୋମା ଧମକ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ପ୍ରସିଦ୍ଧ ଆଜମୀର ଦରଘା ଓ ଜିଲ୍ଲା କଲେକ୍ଟରେଟ୍‌କୁ ବୋମା ବିସ୍ଫୋରଣରେ ଉଡାଇ ଦେବାକୁ ଧମକ ମଳିଛି। ଗୁରୁବାର ଅପରାହ୍ଣରେ ଏକ ଇ-ମେଲ ଜରିଆରେ ଏହି ଧମକ ମିଳିଥିଲା। ଆଜମୀର କୁଦାନକୁଲମ ନ୍ୟୁକ୍ଲିୟାର ପ୍ଲାଣ୍ଟ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଓ ଦରଘା ଗରିବ ନୱାଜରେ ୪ଟି ଆରଡିଏକ୍ସ ଆଇଇଡି ଲଗା ଯାଇଛି ବୋଲି ଇ-ମେଲ୍‌ରେ ଉଲ୍ଲେଖ କରାଯାଇଥିଲା। ରୁଷିଆ ରାଷ୍ଟ୍ରପତି ଭ୍ଲାଡିମିର ପୁତିନ ଭାରତ ପହଞ୍ଚିବା ମାତ୍ରେ ହିଁ ବିସ୍ଫୋରଣ ହେବ ବୋଲି ଧମକ ଦିଆଯାଇଥିଲା। ସୂଚନା ପାଇବା ମାତ୍ରେ ପୁଲିସ ଓ ଗୁଇନ୍ଦା ବିଭାଗ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚି ମେଟାଲ ଡିଟେକ୍ଟର ଓ ଡଗ୍ ସ୍କ୍ୱାଡ୍ ମାଧ୍ୟମରେ ଯାଞ୍ଚ ଆରମ୍ଭ କରିଥିଲେ। ଜିଲ୍ଲାପାଳଙ୍କ କର୍ଯ୍ୟାଳୟରୁ ସବୁ କର୍ମଚାରୀଙ୍କୁ ଖାଲି କରାଯାଇଥିଲା। ସେହିପିର ଦରଘାରୁ ମଧ୍ୟ ପର୍ଯ୍ୟଟକ ଓ ଶ୍ରଦ୍ଧାଳୁଙ୍କୁ ବାହର କରାଯାଇଥିଲା। ୪ଟି ଥାନାର ପୁଲିସ ଟିମ୍ ସମେତ ସିଆଇଡି ଓ ଏଟିଏସ୍ ଯାଞ୍ଚ୍ କରିଥିଲେ। ତେବେ ଏହି ଦୁଇଟି ସ୍ଥାନରୁ କୌଣସି ଆପତ୍ତିଜନକ ଜିନିଷ ମିଳିନାହିଁ ବୋଲି ସ୍ଥାନୀୟ ଏସ୍‌ପି ବନ୍ଦୀତା ରାଣା କହିଛନ୍ତି।

## ପୁଣି ଏଫ୍-୧୬ ଦୁର୍ଘଟଣାଗ୍ରସ୍ତ

ୱାସିଂଟନ, ୪।୧୨(ଏଜେନ୍ସି): ଆମେରିକାରେ ଗୁରୁବାର ଆଉଏକ ଏଫ୍-୧୬ ଲଢୁଆ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଆମେରିକା ବାୟୁସେନାର ଏହି ବିମାନ ଦୁର୍ଘଟଣାର ସମ୍ମୁଖୀନ ହେବା ପରେ ମାତ୍ର କିଛି ସେକେଣ୍ଡ ପରେ ପାଇଲଟ ପାରାଚ୍ୟୁଟ ଜରିଆରେ ସୁରକ୍ଷିତ ଭାବେ ବାହରକୁ ବାହରିଛନ୍ତି। ଫଳରେ ତାଙ୍କର ଜୀବନ ବଞ୍ଚିଯାଇଛି। ଭାରତୀୟ ସମୟ ରାତି ୧୨.୩୦ରେ ଦକ୍ଷିଣ କାଲିଫର୍ଣ୍ଣିଆର ଟ୍ରୋନା ନିକଟସ୍ଥ ମରୁଭୂମିରେ ଓ ଟ୍ରୋନ ବିମାନ ବନ୍ଦରଠାରୁ ୩ କିମି ଦୂରରେ ଏହି ଦୁର୍ଘଟଣା ଘଟିଥିଲା। ଏଥିସହ ଚଳିତ ବର୍ଷ ଅଷ୍ଟମଥର ପାଇଁ ଏଫ୍-୧୬ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ନିକଟରେ ୟୁକ୍ରେନରେ ୩ଟି ଓ ଆମେରିକାର ୨ଟି ଏଫ୍-୧୬ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲା। ସେହିପରି ପୋଲାଣ୍ଡ, ଜାପାନ ଓ ଦକ୍ଷିଣ କୋରିଆରେ ମଧ୍ୟ ଏହି ବିମାନର ଦୁର୍ଘଟଣା ହୋଇଛି।

## ସୁଷମା ସ୍ୱରାଜଙ୍କ ପତିଙ୍କ ପରଲୋକ




ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ପୂର୍ବତନ ବିଜେପି ନେତ୍ରୀ ତଥା ବୈଦେଶିକ ମନ୍ତ୍ରୀ ସୁଷମା ସ୍ୱରାଜଙ୍କ ପତି ସ୍ୱରାଜ କୌଶଲ ଗୁରୁବାର ପରଲୋକ ଗମନ କରିଛନ୍ତି। ଦିଲ୍ଲୀ ବିଜେପି ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ପୋଷ୍ଟ କରି ତାଙ୍କ ପରଲୋକ ନେଇ ସୂଚନା ଦେଇଛନ୍ତି। ଡିସେମ୍ବର ୪ରେ ୭୩ ବର୍ଷ ବୟସରେ ସ୍ୱାରାଜ କୌଶଲଙ୍କ ଦେହାନ୍ତ ହୋଇଛି ବୋଲି ପୋଷ୍ଟରେ ଉଲ୍ଲେଖ କରାଯାଇଛି। କୌଶଲ ଓ ସୁଷମାଙ୍କ ଝିଅ ବାଂଶୁରୀ ସ୍ୱରାଜ ମଧ୍ୟ ବିଜେପିର ସାଂସଦ ରହିଛନ୍ତି। ପିତାଙ୍କ ଦେହାନ୍ତରେ ଅତ୍ୟନ୍ତ ମର୍ମାହତ ବୋଲି ବାଂଶୁରୀ କହିଛନ୍ତି। ସ୍ଥାନୀୟ ଲୋଧୀ ରୋଡ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଛି। ଭାରତ ଇତିହାସରେ କୌଶଲ ସର୍ବକନିଷ୍ଠ ରାଜ୍ୟପାଳ ଭାବେ ନିଯୁକ୍ତି ହୋଇଥିଲେ। ସେ ମାତ୍ର ୩୭ ବର୍ଷ ବୟସରେ ୧୯୯୦ରେ ମିଜୋରାମ୍‌ର ରାଜ୍ୟପାଳ ନିଯୁକ୍ତ ହୋଇଥିଲେ। ସେ ମଧ୍ୟ ୧୯୯୮ରୁ ୨୦୦୪ ମଧ୍ୟରେ ହରିୟାଣାରୁ ରାଜ୍ୟସଭା ସାଂସଦ ଭାବେ ନିର୍ବାଚିତ ହୋଇଥିଲେ। ସେ ସୁପ୍ରିମକୋର୍ଟରେ ଜଣେ ବରିଷ୍ଠ ଓକିଲ ଭାବେ ସଫଳତା ହାସଲ କରିଥିଲେ। ଆଇନଜୀବୀ ଭାବେ ସେ ନିଜ କ୍ୟାରିଅରରେ ଏକାଧିକ ହାଇପ୍ରୋଫାଇଲ ମାମଲାରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିଥିଲେ।

## ବାବ୍‌ରୀ ମସଜିଦ୍ ନିର୍ମାଣ ଘୋଷଣା କରି ବିଧାୟକ ଟିଏମ୍‌ସିରୁ ନିଲମ୍ବିତ

କୋଲକାତା, ୪।୧୨(ଏଜେନ୍ସି): ପଶ୍ଚିମବଙ୍ଗର ମୁର୍ସିଦାବାଦ୍‌ରେ ବେଲଡାଙ୍ଗାରେ ବାବରୀ ମସଜିଦ୍ ନିର୍ମାଣ କରିବାକୁ ଘୋଷଣା କରିଥିବା ବିଧାୟକ ହୁମାୟୁନ କବୀରଙ୍କୁ ତୃଣମୂଳ କଂଗ୍ରେସ (ଟିଏମ୍‌ସି) ନିଲମ୍ବିତ କରିଛି। ଏନେଇ କୋଲକାତା ମେୟର ଫିରହାଦ ହାକିମ ସୂଚନା ଦେଇଛନ୍ତି। ପାର୍ଟି ସାମ୍ପ୍ରଦାୟିକ ରାଜନୀତିରେ ବିଶ୍ୱାସ କରେ ନାହିଁ ବୋଲି ସେ କହିଛନ୍ତି। ପୂର୍ବରୁ ହୁମାୟୁନଙ୍କୁ ଏନେଇ ଏକାଧିକବାର ଚେତାବନୀ ଦିଆଯାଇଥିଲେ ମଧ୍ୟ ସେ ନିଜ ଆଭିମୁଖ୍ୟରେ ପରିବର୍ତ୍ତନ ଆଣିନାହାନ୍ତି। ତେଣୁ ତାଙ୍କୁ ଦଳରୁ ନିଲମ୍ବିତ କରାଯାଉଛି ବୋଲି ସେ କହିଛନ୍ତି। ସେପଟେ ଟିଏମ୍‌ସିରୁ ନିଲମ୍ବିତ ହେବା ପରେ ହୁମାୟୁନ କହିଛନ୍ତି ଯେ, ମୁଁ ମୋ ବୟାନକୁ ବଜାୟ ରଖୁଛି। ଡିସେମ୍ବର ୨୨ରେ ମୋର ନୂଆ ପାର୍ଟି ଗଠନ କରିବି ଓ ଆସନ୍ତାବର୍ଷ ଆୟୋଜନ ହେବାକୁ ଥିବା ବିଧାନସଭା ନିର୍ବାଚନରେ ୧୩୫ଟି ଆସନରେ ପ୍ରାର୍ଥୀ ଛିଡ଼ା କରାଇବି ଏବଂ ବିଜେପି ଓ ଟିଏମ୍‌ସି ବିରୋଧରେ ନିର୍ବାଚନ ଲଢିବି ବୋଲି ସେ କହିଛନ୍ତି।

ମୁର୍ସିଦାବାଦ୍‌ରେ ନଭେମ୍ବର ୨୮ରେ ଏକାଧିକ ସ୍ଥାନରେ ବାବରୀ ମସଜିଦ ଶିଳାନ୍ୟାସ ନେଇ ପୋଷ୍ଟାର ଲଗାଯାଇଥିଲା। ଡିସେମ୍ବର ୬ରେ ବେଲଡାଙ୍ଗାରେ ବାବ୍‌ରୀ ମସ୍‌ଜିଦ୍‌ର ଶୀଳନ୍ୟାସ ସମାରୋହ ହେବ। ହୁମାୟୁନଙ୍କୁ ଆୟୋଜକ ବୋଲି ପୋଷ୍ଟରରେ ଉଲ୍ଲେଖ କରାଯାଇଥିଲା। ଏହାପରେ ହିଁ ଏ ନେଇ ବିବାଦ ବଢ଼ିବାରେ ଲାଗିଛି। ଉଲ୍ଲେଖଥାଉ କି, ୧୯୯୨ ଡିସେମ୍ବର ୬ରେ ବାବରୀ ମସଜିଦକୁ ଭାଙ୍ଗି ଦିଆଯାଇଥିଲା। ତେଣୁ ଡିସେମ୍ବର ୬ରେ ଶିଳାନ୍ୟାସ ନେଇ ସେ ଘୋଷଣା କରିଛନ୍ତି।

## ପୁଣି ନାଗରିକତା ଅଟକାଇଲେ ଟ୍ରମ୍ପ



### ୧୯ଟି ଦେଶର ଲୋକଙ୍କୁ ମିଳିବନି ଗ୍ରୀନ କାର୍ଡ

ୱାସିଂଟନ, ୪।୧୨(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ୧୯ଟି ଦେଶର ନାଗରିକଙ୍କୁ ଆମେରିକାର ନାଗରିକତା ଓ ଗ୍ରୀନ୍ କାର୍ଡ ଦେବା ପ୍ରକ୍ରିୟାକୁ ଯଥାଶୀଘ୍ର ରୋକିବାକୁ ନିଷ୍ପତ୍ତି ନେଇଛନ୍ତି। ନଭେମ୍ବର ଶେଷ ଆଡକୁ ହ୍ୱାଇଟ୍ ହାଉସ୍ ନିକଟରେ ଜଣେ ଆଫଗାନ ଶରଣାର୍ଥୀ ନ୍ୟାସନାଲ ଗାର୍ଡଙ୍କ ଉପରେ ଗୁଳି ମାରିବା ଘଟଣା ଘଟଣା ପରେ ଟ୍ରମ୍ପ ଏହି ନିଷ୍ପତ୍ତି ନେଇଛନ୍ତି। ନାଗରିକତା ପ୍ରକ୍ରିୟାକୁ ରୋକା ଯାଇଥିବା ଦେଶଗୁଡିକ ହେଲା ଆଫଗାନିସ୍ତାନ, ମିଆଁମାର, ବୁରୁଣ୍ଡି, ଚାଦ, କଙ୍ଗୋ, କ୍ୟୁବା, ଇକ୍ୱେଟୋରିଆଲ ଗିନି, ଇରିଟ୍ରିଆ, ହାଇତି, ଇରାନ, ଲାଓସ, ଲିବିୟା, ସିଏରା ଲିଓନ, ସୋମାଲିଆ, ସୁଦାନ, ଟୋଗୋ, ତୁର୍କମେନିସ୍ତାନ, ଭେନେଜୁଏଲା ଓ ୟେମେନ। ଏହି ୧୯ଟି ଦେଶର ସବୁ ଇମିଗ୍ରେସନ ଅର୍ଥାତ ପ୍ରବାସନ, ନାଗରିକତା ଓ ଗ୍ରୀନକାର୍ଡ ସହିତ ଜଡିତ ଆବେଦନକୁ ରୋକା ଯାଇଛି ବୋଲି ଆମେରିକା ନାଗରିକତା ଓ ପ୍ରବାସ ସେବା (ୟୁଏସ୍‌ସିଆଇଏସ୍) ତରଫରୁ କୁହାଯାଇଛି। ଟ୍ରମ୍ପ ମଧ୍ୟ ପୂର୍ବରୁ ଏହି ଦେଶଗୁଡିକ ଉପରେ ଯାତ୍ରା ପ୍ରତିବନ୍ଧକ ଲାଗୁ କରିସାରିଛନ୍ତି। ଜାରି କରାଯାଇଥିବା ନିର୍ଦ୍ଦେଶ ଅନୁସାରେ ୨୦୨୧ ଜାନୁଆରୀ ୨୦ ପରେ ଆମେରିକା ଆସିଥିବା ଲୋକଙ୍କୁ ପୁଣିଥରେ ଯାଞ୍ଚ୍‌ର ସମ୍ମୁଖୀନ ହେବାକୁ ପଡ଼ିବ ଓ ସାକ୍ଷାତକାର ଦେବାକୁ ହେବ। ପ୍ରବାସନ ନୀତି କାରଣରୁ ଆଜି ଆମେରିକୀୟଙ୍କ ଜୀବନ ଖରାପ ହୋଇଛି ବୋଲି ଟ୍ରମ୍ପ କହିଛନ୍ତି। ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ଆମେରିକାରେ ଏଭଳି ସାମାଜିକ ସମସ୍ୟା ନଥିଲା। କିନ୍ତୁ ଏବେ ଭୁଲ ପ୍ରବାସନ ନୀତି ଯୋଗୁଁ ଆମେରିକାର ବିଭିନ୍ନ ସାମଜିକ ସମସ୍ୟା, ଅପରାଧ ଓ ଅବ୍ୟବସ୍ଥା ବୃଦ୍ଧି ପାଇଛି ବୋଲି ସେ କହିଛନ୍ତି। ଗ୍ରୀନକାର୍ଡ ମିଳୁଥିବା ଲୋକଙ୍କୁ ଆମେରିକାର ସ୍ଥାୟୀ ଭାବେ ରହିବାର ଓ କାମ କରିବାର ସୁଯୋଗ ମିଳିଥାଏ। ୨୦୧୩ରୁ ୨୦୨୨ ମଧ୍ୟରେ ଆମେରିକାର ୭.୧୬ ଲକ୍ଷ ଭାରତୀୟଙ୍କୁ ଗ୍ରୀନ୍‌କାର୍ଡ ମିଳିଛି।

## ଦିଲ୍ଲୀ ସରକାର ୯ଟି ପ୍ରଦୂଷଣ 'ହଟ୍‌ସ୍ପଟ୍'ରେ ୩୦୫ ମିଷ୍ଟ ସ୍ପ୍ରେୟର ଲଗାଇବେ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ପ୍ରଦୂଷଣକୁ ରୋକିବା ପାଇଁ ଦିଲ୍ଲୀ ସରକାର ଏବେ ଏକ ନୂଆ ପଦକ୍ଷେପ ଗ୍ରହଣ କରିବାକୁ ଯାଉଛନ୍ତି। ରାଜଧାନୀର ୯ଟି ପଲ୍ୟୁସନ ହଟ୍‌ସ୍ପଟ୍‌ରେ ୩୦୫ଟି ମିଷ୍ଟ ସ୍ପ୍ରେୟର ଲଗାଯିବ ବୋଲି ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତା କହିଛନ୍ତି। ଏହିକ୍ରମରେ ଆୟକର କାର୍ଯ୍ୟଳୟ (ଆଇଟିଓ)ରେ ଲଗାଯାଇଥିବା ମିଷ୍ଟ ସ୍ପ୍ରେୟରକୁ ରେଖା ନୀରିକ୍ଷଣ କରିଥିଲେ। ଦିଲ୍ଲୀ ନଗର ନିଗମ ଅଞ୍ଚଳରେ ମିଷ୍ଟ ସ୍ପ୍ରେୟରର କାର୍ଯ୍ୟକ୍ଷମତାରେ ସକାରାତ୍ମକ ଫଳାଫଳ ଦେଖିବାକୁ ମିଳିଥିଲା ବୋଲି ସେ କହିଛନ୍ତି। ଏହା ଦ୍ୱାରା ମୁଖ୍ୟତଃ ଧୂଳି ଓ ପ୍ରଦୂଷଣକୁ ରୋକିବା ପାଇଁ ପାଣିର ଛିଞ୍ଚନ ପ୍ରକ୍ରିୟାକୁ ବ୍ୟବହାର କରାଯାଇଥାଏ। ଦିଲ୍ଲୀରେ ପ୍ରଦୂଷଣ ରୋକିବା ପାଇଁ ଭିନ୍ନ ଭିନ୍ନ ବିଭାଗରେ କାର୍ଯ୍ୟ କରୁଥିବା ବିଶେଷଜ୍ଞମାନଙ୍କୁ ନେଇ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯାଇଛି ବୋଲି ସେ କହିଛନ୍ତି।

# ବରଗଡ଼ ଧନୁଯାତ୍ରା ପାଇଁ ୧ କୋଟି ଅନୁଦାନ

ଭୁବନେଶ୍ୱର/ବରଗଡ଼,୪।୧୨(ସମିସ): ବରଗଡ଼ ଧନୁଯାତ୍ରା ନିମନ୍ତେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ୧ କୋଟି ଟଙ୍କାର ଆର୍ଥିକ ଅନୁଦାନ ଦିଆଯିବ। ଧନୁଯାତ୍ରାରେ ଭାଗ ନେଉଥିବା ପ୍ରାୟ ୨୦୦ କଳାକାରଙ୍କୁ ୧୦ ହଜାର ଟଙ୍କା ଲେଖାଏଁ ସମ୍ମାନସୂଚକ ରାଶି ପ୍ରଦାନ କରାଯିବ। ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ପକ୍ଷରୁ ବିଭିନ୍ନ ରାଜ୍ୟରେ ଏଲଇଡି ପରଦା ମାଧ୍ୟମରେ ଧନୁଯାତ୍ରାର ସିଧା ପ୍ରସାରଣ ହେବ। ଗୁରୁବାର ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ଅଧ୍ୟକ୍ଷତାରେ ସଂସ୍କୃତ ଭବନରେ ଅନୁଷ୍ଠିତ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି।

ଚଳିତବର୍ଷ ଡିସେମ୍ବର ୨୪ତାରିଖରୁ ଜାନୁଆରୀ ୩ତାରିଖ ପର୍ଯ୍ୟନ୍ତ ବରଗଡ଼ରେ ଧନୁଯାତ୍ରା ମହୋତ୍ସବର ଆୟୋଜନ କରାଯିବ। ଏଥିପାଇଁ ବରଗଡ଼ ସହରର ମୁଖ୍ୟ ପ୍ରବେଶ ଦ୍ୱାରାମାନଙ୍କରେ ଧନୁଯାତ୍ରା ଥିମ୍ ସମ୍ବନ୍ଧୀୟ ଗେଟ୍ ନିର୍ମାଣ କରାଯିବ। ସେହିପରି ଧନୁଯାତ୍ରା ସମୟରେ ପୁରୀ ଏବଂ ଭୁବନେଶ୍ୱରରୁ ବରଗଡ଼ ଅଭିମୁଖେ ସ୍ୱତନ୍ତ୍ର ଟୁରିଷ୍ଟ ବସ୍ ଚଳାଇବା ନିମନ୍ତେ ବୈଠକରେ ନିଷ୍ପତ୍ତି ନିଆଯାଇଛି। ଏଥିସହ ଧନୁଯାତ୍ରା ସମ୍ବନ୍ଧୀୟ ସମସ୍ତ ତଥ୍ୟ ପ୍ରଦାନ କରିବା ନିମନ୍ତେ ଏକ ସ୍ୱତନ୍ତ୍ର ୱେବସାଇଟ୍ କରାଯିବ। ସେଥିରେ ଧନୁଯାତ୍ରାର ଚିତ୍ରାୟନ, ସମସ୍ତ ଦୃଶ୍ୟାବଳୀ, ସହରରେ ଥିବା ପ୍ରମୁଖ ହୋଟେଲ, ପାର୍କିଂ ସ୍ଥାନ, ମହୋତ୍ସବ ସ୍ଥାନ ସମ୍ବନ୍ଧୀୟ ବିବରଣୀ ଏବଂ ଜିପିଏସ୍ ସିଷ୍ଟମକୁ ମଧ୍ୟ ସ୍ଥାନିତ କରାଯିବ।

- ■ ୨୦୦ କଳାକାରଙ୍କୁ ୧୦ହଜାର ଟଙ୍କା ଲେଖାଏଁ ସମ୍ମାନସୂଚକ ରାଶି
- ■ ଧନୁଯାତ୍ରା ପାଇଁ ସ୍ୱତନ୍ତ୍ର ୱେବ୍‌ସାଇଟ୍
- ■ ଭୁବନେଶ୍ୱର ଓ ପୁରୀରୁ ବରଗଡ଼କୁ ଗଡ଼ିବ ସ୍ୱତନ୍ତ୍ର ଟୁରିଷ୍ଟ ବସ୍

ବୈଠକରେ ବରଗଡ଼ ସାଂସଦ ପ୍ରଦୀପ ପୁରୋହିତ, ବିଜେପୁର ବିଧାୟକ ସନତ କୁମାର ଗର୍ତିଆ, ଅତାବିରା ବିଧାୟକ ନୀହାର ରଞ୍ଜନ ମହାନନ୍ଦ, ପଦ୍ମପୁର ବିଧାୟକ ବର୍ଷାସିଂ ବରିହା, ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ, ସଂସ୍କୃତି ବିଭାଗର ନିର୍ଦ୍ଦେଶକ ବିଜୟ କେତନ ଉପାଧ୍ୟାୟ, ସ୍ୱତନ୍ତ୍ର ଶାସନ ସଚିବ ଦେବ ପ୍ରସାଦ ଦାଶ, ବରଗଡ଼ ଜିଲ୍ଲାପାଳ ଆଦିତ୍ୟ ଗୋୟଲ ପ୍ରମୁଖ ବୈଠକରେ ଉପସ୍ଥିତ ଥିଲେ।

## ରାଜ୍ୟପାଳଙ୍କ ହସ୍ତକ୍ଷେପ ଲୋଡ଼ିଲା କଂଗ୍ରେସ

# ୩୧୬୯ ଟଙ୍କାରେ ଧାନ କିଣନ୍ତୁ ସରକାର

ଭୁବନେଶ୍ୱର,୪।୧୨(ସମିସ): ରାଜ୍ୟ ସରକାରଙ୍କ ଧାନ କୁଇଣ୍ଟାଲ ପ୍ରତି ୮ଶହ ଟଙ୍କା ଇନପୁଟ୍ ସବସିଡି ଦେବାକୁ ଘୋଷଣା କରିଥିଲେ। କେନ୍ଦ୍ର ସରକାରଙ୍କ ନିର୍ଦ୍ଧାରିତ ଏମ୍ଏସ୍‌ପି ମୂଲ୍ୟ ୨୩୬୯ ଟଙ୍କା ରହିଛି। ଏପରି ହୋଇ ରାଜ୍ୟ ସରକାର କୁଇଣ୍ଟାଲ ପିଛା ୩୧୬୯ ଟଙ୍କାରେ ଧାନ କ୍ରୟ କରିବା କଥା। ମାତ୍ର ରାଜ୍ୟ ସରକାର ଚାଷୀର ହକ୍ ୬୯ ଟଙ୍କାକୁ ହାଇଜାକ୍ କରିବାକୁ ବସିଛି ବୋଲି କଂଗ୍ରେସ ଅଭିଯୋଗ କରିଛି। ଏହି ଘଟଣାରେ ରାଜ୍ୟ କିଷାନ କଂଗ୍ରେସ ରାଜ୍ୟପାଳଙ୍କ ହସ୍ତକ୍ଷେପ ଲୋଡ଼ିଛି।

ଅଖିଳ ଭାରତ କିଷାନ କଂଗ୍ରେସର ରାଷ୍ଟ୍ରୀୟ ସଂଯୋଜକ ଅମିୟ କୁମାର ପଟ୍ଟନାୟକ ରାଜ୍ୟପାଳଙ୍କ ଦୃଷ୍ଟି ଆକର୍ଷଣ ପାଇଁ ୮ଦଫା ସମ୍ବଳିତ ଏକ ସ୍ମାରକପତ୍ର ପଠାଇଛନ୍ତି। ଏହି ସ୍ମାରକପତ୍ରରେ ସେ ଧାନ କିଣା ଦର ସହିତ ଅନ୍ୟ କେତେକ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ଉଲ୍ଲେଖ କରିଛନ୍ତି। ମୁଖ୍ୟତଃ ରାଜ୍ୟ ସରକାର ନିର୍ଦ୍ଧାରିତ ସମୟରେ ମଣ୍ଡି ଖୋଲି ଚାଷୀର ସମସ୍ତ ବଳକା ଧାନକୁ ପ୍ରତି କୁଇଣ୍ଟାଲ ପିଛା ୩୧୬୯ ଟଙ୍କାରେ କ୍ରୟ, ନିର୍ଦ୍ଧାରିତ ସମୟରେ ଚାଷୀଙ୍କୁ ଟୋକନ, ଅଖା ଓ ପରିବହନ ମୂଲ୍ୟ ପ୍ରଦାନ, ବାଦ୍ ପଡ଼ିଥିବା ଯୋଗ୍ୟ ଚାଷୀଙ୍କୁ ପୁନଃ ପଞ୍ଜୀକରଣର ସୁବିଧା, ସୁବ୍ୟବସ୍ଥିତ ଢଙ୍ଗରେ ମଣ୍ଡି ସୁପରିଚାଳନା ଓ ମଣ୍ଡିକୁ ଦଲାଲମୁକ୍ତ, ପ୍ରତି ପଞ୍ଚାୟତସ୍ତରରେ ମଣ୍ଡି ନିରୀକ୍ଷଣ ପାଇଁ ସ୍କ୍ୱାଡ୍ ଗଠନ, ପ୍ରତି ମଣ୍ଡିରେ ଧାନ ମାପକ ଯନ୍ତ୍ର(ଆନାଲାଇଜର ମେସିନ୍) ରଖାଯାଇ ସମ୍ପୂର୍ଣ୍ଣ କଟ୍‌ନୀ ଛଟ୍‌ନୀ ବନ୍ଦ, ଏକର ପିଛା ଧାନ କ୍ରୟ ବ୍ୟବସ୍ଥାକୁ ଉଚ୍ଛେଦ କରାଯାଇ ଚାଷୀ ଚାହୁଁଥିବା ତା'ର ସମସ୍ତ ବଳକା ଧାନକୁ କ୍ରୟ, ପ୍ରତି ପାକ୍ସ ଓ ଲ୍ୟାମ୍ପ୍ସରେ ଆବଶ୍ୟକ ସଂଖ୍ୟକ କର୍ମଚାରୀ ନିଯୁକ୍ତି, ମିଲର୍ ଓ କର୍ମଚାରୀମାନଙ୍କ ମଧ୍ୟରେ ଥିବା ଅସାଧୁ କାରବାରକୁ ଦୃଢ଼ହସ୍ତରେ ଦମନ କରିବା ପାଇଁ ଶ୍ରୀ ପଟ୍ଟନାୟକ ଦାବି କରିଛନ୍ତି।

କଂଗ୍ରେସ ପକ୍ଷରୁ କୁହାଯାଇଛି ଯେ ରାଜ୍ୟ ସରକାର ସୁବ୍ୟବସ୍ଥିତ ଢଙ୍ଗରେ ମଣ୍ଡି ପରିଚାଳନା କରି ଚାଷୀଙ୍କ ସମସ୍ତ ବଳକା ଧାନ କ୍ରୟ କରିବା ପାଇଁ ନିର୍ଭର ପ୍ରତିଶ୍ରୁତି ଦେଇଛନ୍ତି। କିନ୍ତୁ ଗତବର୍ଷ ନଭେମ୍ବର ପ୍ରଥମ ସପ୍ତାହରେ ମଣ୍ଡି ଖୋଲାଯାଇଥିବା ବେଳେ ଚଳିତ ବର୍ଷ ନଭେମ୍ବର ଶେଷ ସୁଦ୍ଧା ଆବଶ୍ୟକ ଅନୁଯାୟୀ ମଣ୍ଡି ଖୋଲା ଯାଉ ନ ଥିବା ଅତ୍ୟନ୍ତ କ୍ଷୋଭର ବିଷୟ। ଇତିମଧ୍ୟରେ ମଣ୍ଡି ଖୋଲାଯାଇ ନ ଥିବା ଯୋଗୁଁ ପଶ୍ଚିମ ଓ ଦକ୍ଷିଣ ଓଡ଼ିଶାରୁ ୪୦ ପ୍ରତିଶତ ଅମଳ ଧାନ ଶାଗ-ମାଛ ମୂଲ୍ୟରେ ଚାଷୀ ବିକ୍ରି କରି ସାରିଲେଣି। ଅନେକ ଅସାଧୁ ମିଲର୍ ମଧ୍ୟ ଏହି ଧାନକୁ ଅଣ୍ଡର ରେଟରେ କିଣି ମହଜୁଦ୍ କରୁଥିବାର ନଜରକୁ ଆସିଛି। ଯେଉଁଠି ମଣ୍ଡି ଖୋଲା ଯାଉଛି, ସେଠାରେ ନିର୍ଦ୍ଧାରିତ ସମୟରେ ଚାଷୀ ପାଖକୁ ଟୋକନ ପହଞ୍ଚୁନାହିଁ ବୋଲି ଦଳ ଅଭିଯୋଗ କରିଛି। ଧାନ ସଂଗ୍ରହ ପାଇଁ ରାଜ୍ୟରେ ଆବଶ୍ୟକ ସଂଖ୍ୟକ ଗୋଦାମ ଘର ନାହିଁ ଏବଂ ଏଫସିଆଇ ଗତବର୍ଷର ୭ଲକ୍ଷ ମେଟ୍ରିକ ଟନ୍ ଚାଉଳ ଉଠାଣ ନ କରୁଥିବାରୁ ଏପରି ସଙ୍ଗିନ ପରିସ୍ଥିତି ସୃଷ୍ଟି ହୋଇଛି ବୋଲି ଦଳ କହିଛି।

## ଜବତ ହେଲା ୬ କ୍ୱିଣ୍ଟାଲ ଗଞ୍ଜେଇ; ୨ କ୍ୱିଣ୍ଟାଲ ଗାଏବ୍

# ଥାନା ଅଧିକାରୀ ନିଲମ୍ବିତ

ଫୁଲବାଣୀ,୪।୧୨(ସମିସ): ଜବତ ଗଞ୍ଜେଇ ହେର୍‌ଫେର୍ ଅଭିଯୋଗରେ କନ୍ଧମାଳ ଜିଲା ଫୁଲବାଣୀ ସଦର ଥାନାଧିକାରୀ ସତୀଶ ଚନ୍ଦ୍ର ନାୟକଙ୍କୁ ନିଲମ୍ବନ କରାଯାଇଛି। ନିକଟରେ ଇନ୍ସପେକ୍ଟରରୁ ଡିଏସ୍‌ପି ପଦକୁ ପଦୋନ୍ନତି ପାଇଥିବା ସତୀଶ ଏବେ ବ୍ରହ୍ମପୁର ଦକ୍ଷିଣାଞ୍ଚଳ ଆଇଜିଙ୍କ ଅଧୀନରେ କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।


ମିଳିଥିବା ସୂଚନା ଅନୁସାରେ, ସଦର ଥାନା ପୁଲିସ ୬ କୁଇଣ୍ଟାଲ ଗଞ୍ଜେଇ ଜବତ କରିଥିଲା। ସେଥିରୁ ୨ କୁଇଣ୍ଟାଲର ହିସାବ ମିଳୁନାହିଁ। ସତୀଶ ଏହି ଗଞ୍ଜେଇ ହେରଫେର କାର୍ଯ୍ୟରେ ଲିପ୍ତଥିବା ଜଣାପଡ଼ିବା ପରେ ତାଙ୍କ ନାମରେ ସରକାରଙ୍କ ପାଖରେ ଅଭିଯୋଗ କରାଯାଇଥିଲା। ସେହି ଅନୁସାରେ ତାଙ୍କୁ କାର୍ଯ୍ୟରୁ ନିଲମ୍ବନ କରାଯାଇଛି। ତାଙ୍କ ନାମରେ ବିଭାଗୀୟ ତଦନ୍ତ ଚାଲିବ ବୋଲି ଜଣେ ବରିଷ୍ଠ ପୁଲିସ ଅଧିକାରୀ କହିଛନ୍ତି। ତାଙ୍କ ସହ ଅନ୍ୟ କେତେକ କର୍ମଚାରୀ ବି ସାମିଲ ଥିବା ଆଲୋଚନା ହେଉଛି।

# ମାଓଗଡ଼ରେ ଦେଶୀ ବନ୍ଧୁକ କାରଖାନା

## ବିପୁଳ ପରିମାଣର ବନ୍ଧୁକ ତିଆରି ସାମଗ୍ରୀ ଜବତ, ଜଣେ ଗିରଫ

ଫିରିଙ୍ଗିଆ, ୪।୧୨ (ସମିସ): କନ୍ଧମାଳ ଜିଲ୍ଲା, ଗୋଚ୍ଛାପଡ଼ା ପୁଲିସକୁ ବଡ଼ ସଫଳତା ମିଳିଛି। ଫିରିଙ୍ଗିଆ ବ୍ଲକ୍ ଅଞ୍ଚଳରୁ ଏକ ଦେଶୀ ବନ୍ଧୁକ ତିଆରି କାରଖାନା ଠାବ କରିବା ସହ ବିପୁଳ ପରିମାଣର ବନ୍ଧୁକ ତିଆରି ସାମଗ୍ରୀ ଜବତ କରିଛି। ଜବତ ସାମଗ୍ରୀ ମଧ୍ୟରେ ଦେଶୀ ବନ୍ଧୁକ ତିଆରି ବିଭିନ୍ନ ସରଞ୍ଜାମ ସହ ଏକ ଦେଶୀ ପିସ୍ତଲ, କଟର୍ ଓ ୱେଲଡିଙ୍ଗ ମେସିନ ରହିଛି। ଏହି ଘଟଣାରେ ପୁଲିସ ଜଣେ ଯୁବକଙ୍କୁ ଗିରଫ କରିଛି। ସେ ହେଲା, ବାଞ୍ଛାନିଧି ବିନ୍ଧାଣି। ୨୦୧୬ ମସିହାରେ ମଧ ବାଞ୍ଛାନିଧି ଏଭଳି ବନ୍ଧୁକ ତିଆରି ମାମଲାରେ ଗିରଫ ହୋଇ ଜେଲ ଯାଇଥିଲା। କନ୍ଧମାଳ ଏସ୍‌ପି ହରୀଶ ବିଶି ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏ ସମ୍ପର୍କରେ ବିସ୍ତୃତ ସୂଚନା ଦେଇଛନ୍ତି।





ସୂଚନାନୁସାରେ, ବୁଧବାର ଥାନାଧିକାରୀ ଚିରଞ୍ଜୀବ ବେହେରାଙ୍କ ନେତୃତ୍ୱରେ ଏକ ଟିମ୍ ପାଟ୍ରୋଲିଂ କରୁଥିବା ବେଳେ କଟ୍ରିଙ୍ଗିଆ ଅଞ୍ଚଳରେ ଏକ ବେଆଇନ ଦେଶୀ ବନ୍ଧୁକ ତିଆରି ଚାଲିଥିବା ସୂଚନା ମିଳିଥିଲା। ପୁଲିସ ଟିମ କଟ୍ରିଙ୍ଗିଆ ପଞ୍ଚାୟତ ପାଙ୍ଗାପାଜୁ ଗାଁରେ ଚାଲିଥିବା ଏହି ଦେଶୀ ବନ୍ଧୁକ କାରଖାନା ଉପରେ ଅତର୍କିତ ଚଢ଼ଉ କରିଥିଲା।

ଗୋଚ୍ଛାପଡ଼ା ଥାନା ଅଞ୍ଚଳ ମାଓପ୍ରବଣ ଏବଂ ଗଞ୍ଜେଇଚାଷଓମାଫିଆଙ୍କଚରାଭୂଇଁଭାବେପରିଚିତ। ଏଠାରୁ ବନ୍ଧୁକ ତିଆରି କାରଖାନା ଠାବ ହେବା ପରେ ପୁଲିସର ଚିନ୍ତା ବଢ଼ିଯାଇଛି। ଏହି କାରଖାନାରୁ କେତେ ଓ କାହାକୁ ବନ୍ଧୁକ ଚାଲାଣ କରାଯାଇଛି, ସେ ସଂପର୍କରେ ପୁଲିସ ଖୋଳତାଡ଼ ଚଳାଇଛି। ପ୍ରାଥମିକ ତଦନ୍ତରୁ ପୁଲିସ ଜାଣିବାକୁ ପାଇଛି ଯେ ବନ୍ଧୁକଗୁଡ଼ିକୁ ଶିକାରୀଙ୍କୁ ବିକ୍ରି କରାଯାଉଥିଲା। ଜଙ୍ଗଲରେ ପଶୁ ଶିକାର ପାଇଁ ଶିକାରୀମାନେ ଏଠାରୁ ବନ୍ଧୁକ କିଣୁଥିଲେ। ଏ ସଂକ୍ରାନ୍ତରେ ତଦନ୍ତ ଚାଲିଛି। ଖୁବ୍‌ଶୀଘ୍ର ଅନ୍ୟ ଅଭିଯୁକ୍ତମାନଙ୍କୁ ଗିରଫ କରାଯିବ ବୋଲି କନ୍ଧମାଳ ଏସ୍‌ପି ଶ୍ରୀ ବିଶି କହିଛନ୍ତି।

# ପୁଣି ଖସିଲା ତାପମାତ୍ରା

ଭୁବନେଶ୍ୱର,୪।୧୨(ସମିସ): ରାଜ୍ୟର ବିଭିନ୍ନ ସ୍ଥାନରେ ତାପମାତ୍ରା ହ୍ରାସ ଆରମ୍ଭ ହୋଇଛି। ଫଳରେ ଅନେକ ସ୍ଥାନରେ ପୁଣି ଶୀତ ଫେରିଛି। ମଙ୍ଗଳବାର ରାତିରେ ଜି ଉଦୟଗିରି, ଦାରିଙ୍ଗବାଡ଼ି, ଚିପିଲିମା, ଫୁଲବାଣୀ, ବୌଦ୍ଧ ଓ ସୋନପୁର ଭଳି ସ୍ଥାନର ରାତି ତାପମାତ୍ରା ଖସିଛି। ୨୪ ଘଣ୍ଟା ମଧ୍ୟରେ ଦିନକରେ ଜି. ଉଦୟଗିରିରେ ପାରଦ ପ୍ରାୟ ୫ ଡିଗ୍ରୀ କମିଛି। ଦାରିଙ୍ଗିବାଡ଼ିରେ ପ୍ରାୟ ୨.୫ ଡିଗ୍ରୀ, ଫୁଲବାଣୀରେ ୧.୫ ଡିଗ୍ରୀ, ଭୁବନେଶ୍ୱରରେ ୪ ଡିଗ୍ରୀ, କଟକରେ ୩ ଡିଗ୍ରୀ ଖସିଯାଇଛି। ଫଳରେ ଏହି ସବୁ ସ୍ଥାନରେ ପୂର୍ବାପେକ୍ଷା ଶୀତ ବଢ଼ିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତା ୨ ଦିନ ମଧ୍ୟରେ ରାଜ୍ୟରେ ଆହୁରି ୨-୩ ଡିଗ୍ରୀ ପର୍ଯ୍ୟନ୍ତ ତାପମାତ୍ରା ହ୍ରାସ ପାଇବ। ଫଳରେ ଆହୁରି ଶୀତ ବଢ଼ିବାର ସମ୍ଭାବନା ରହିଛି।

ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶିକା, ମନୋରମା ମହାନ୍ତି କହିଛନ୍ତି, ରାଜ୍ୟରେ ଶୀତ ବଢ଼ିବା ସହ କୁହୁଡ଼ି ମଧ୍ୟ ବୃଦ୍ଧି ପାଇବ। ଆସନ୍ତା ୨ ଦିନ ଯାଏଁ କିଛି କିଛି ସ୍ଥାନରେ ଘନ କୁହୁଡିର ସମ୍ଭାବନା ଥିବା ବେଳେ ଆସନ୍ତା ୨୪ ଘଣ୍ଟାରେ କୋରାପୁଟ, ସୁନ୍ଦରଗଡ, ଝାରସୁଗୁଡା, କନ୍ଧମାଳ, ସୋନପୁର, ବଲାଙ୍ଗୀର ଓ କଳାହାଣ୍ଡି ଜିଲ୍ଲାରେ ଘନ କୁହୁଡି ପାଇଁ ୟେଲୋ ୱାର୍ଣ୍ଣିଂ ଜାରି ହୋଇଛି। ଆସନ୍ତା ୭ ଦିନ ଯାଏଁ ରାଜ୍ୟରେ କୌଣସି ପାଣିପାଗ ନିୟାମକ ସକ୍ରିୟ ନଥିବା ବେଳେ ଅଧିକାଂଶ ଜିଲ୍ଲାରେ ଶୁଖିଲା ପାଗ ରହିବା ନେଇ ସେ ସୂଚନା ଦେଇଛନ୍ତି। ସୂଚନା ଥାଉ କି ଗତ ୨୪ ଘଣ୍ଟାରେ ଦାରିଙ୍ଗବାଡ଼ିରେ ରାଜ୍ୟର ସର୍ବନିମ୍ନ ତାପମାତ୍ରା ୯ ଡିଗ୍ରୀ ସେଲସିୟସ ରେକର୍ଡ କରାଯାଇଛି।


DSPL-392


# ଆମ ନନ୍ଦନକାନନ

NANDANKANAN
CONSERVE | EDUCATE | INSPIRE




### ଆକର୍ଷଣୀୟ ଜନ୍ତୁ ସଂଗ୍ରହ

ନନ୍ଦନକାନନରେ ୧୭୬ ପ୍ରଜାତିର ମୋଟ ୪୦୯୮ଟି ଜୀବଜନ୍ତୁ ରହିଛନ୍ତି, ଯେଉଁଥିରେ ୧୧୫ ଭାରତୀୟ ଏବଂ ୬୧ ବିଦେଶୀ ପ୍ରଜାତିର ପ୍ରାଣୀ ଅଛନ୍ତି । ଏଥିରେ ୫୭ ପ୍ରଜାତିର ସ୍ତନ୍ୟପାୟୀ, ୮୨ ପ୍ରଜାତିର ପକ୍ଷୀ, ୩୧ ପ୍ରଜାତିର ସରୀସୃପ ଓ ୬ ପ୍ରଜାତିର ଉଭୟଚର ପ୍ରାଣୀ ଅଛନ୍ତି। ଭାରତୀୟ ଚିଡିଆଖାନାଙ୍କ ମଧ୍ୟରେ ନନ୍ଦନକାନନର ଜନ୍ତୁ ସଂଗ୍ରହ ସର୍ବାଧିକ।







### ମନମୁଗ୍ଧକର ପର୍ଯ୍ୟଟକ ସୁବିଧା


ପର୍ଯ୍ୟଟକଙ୍କ ସୁବିଧା ପାଇଁ ବହୁତଳ ଗାଡ଼ି ରହଣି ସ୍ଥଳ, ୪ଟି ବନ୍ୟପ୍ରାଣୀ ସଫାରି, ବ୍ୟାଟେରୀ ଚାଳିତ ଯାନ ସେବା, ଶିଶୁମାନଙ୍କ ପାଇଁ ବ୍ୟାଟେରୀ ଚାଳିତ ରେଳଗାଡ଼ି, ନୌକାବିହାର, ରଜୁପଥ ଓ ବିହଙ୍ଗ ସରଣୀ ଆଦି ରହିଛି।

### ସଂରକ୍ଷଣ ପ୍ରଜନନ କାର୍ଯ୍ୟକ୍ରମ

ନନ୍ଦନକାନନରେ ବିଶ୍ୱର ଏକମାତ୍ର ଭାରତୀୟ ବଜ୍ରକାପ୍ତା ସଂରକ୍ଷଣ ପ୍ରଜନନ କେନ୍ଦ୍ର ରହିଛି। ଏଥି ସହିତ ବାଘ, ଗୁରାଣ୍ଡି, ଲମ୍ବା ଥଣ୍ଟିଆ ଶାଗୁଣାମାନଙ୍କ ସଂରକ୍ଷଣ ପ୍ରଜନନ ମଧ୍ଯ ଜାରି ରହିଛି । ବିଲୁପ୍ତମୁଖି ଘଡିଆଳ କୁମ୍ଭୀରର ବଂଶ ରକ୍ଷା ପାଇଁ ମହାନଦୀରେ ଘଡିଆଳ ପୁନରୁଦ୍ଧାର ପ୍ରକଳ୍ପ ଚାଲିଛି।

### ଉନ୍ନତମାନର ବନ୍ୟପ୍ରାଣୀ ରକ୍ଷଣାବେକ୍ଷଣ

ନନ୍ଦନକାନନରେ ବନ୍ୟପ୍ରାଣୀଙ୍କ ଉନ୍ନତମାନର ରକ୍ଷଣାବେକ୍ଷଣ ପାଇଁ ଅତ୍ୟାଧୁନିକ ବନ୍ୟପ୍ରାଣୀ ଚିକିତ୍ସାଳୟ, ଭ୍ରାମ୍ୟମାଣ ପ୍ରାଣୀ ଚିକିତ୍ସା ସେବା, ବନ୍ୟପ୍ରାଣୀ ଶାବକ ପାଳନ କେନ୍ଦ୍ର ଉପଲବ୍ଧ ଅଛି। ବନ୍ୟପ୍ରାଣୀଙ୍କ ରୋଗନିରୁପଣ ଓ ଗବେଷଣା ପାଇଁ ସଂରକ୍ଷଣ, ଅନୁସନ୍ଧାନ ଓ ପ୍ରଶିକ୍ଷଣ କେନ୍ଦ୍ର କାର୍ଯ୍ୟ କରୁଛି।









### ସଂରକ୍ଷଣ ଶିକ୍ଷା କାର୍ଯ୍ୟକ୍ରମ

ନନ୍ଦନକାନନରେ ସଂରକ୍ଷଣ ଶିକ୍ଷା କାର୍ଯ୍ୟକ୍ରମ ଯଥା ପରିବେଶ ସମ୍ବନ୍ଧୀୟ ଦିବସ ପାଳନ, ପ୍ରାଣୀ ଉଦ୍ୟାନ ରାଷ୍ଟ୍ରଦୂତ କାର୍ଯ୍ୟକ୍ରମ, ଛାତ୍ରଛାତ୍ରୀଙ୍କ ପାଇଁ ନନ୍ଦନକାନନରେ ଗୋଟିଏ ଦିନ, ଗବେଷଣାତ୍ମକ ଶିକ୍ଷା କାର୍ଯ୍ୟକ୍ରମ, ବିଦ୍ୟାଳୟରେ ପ୍ରାଣୀ ଉଦ୍ୟାନ ସମ୍ବନ୍ଧୀୟ ଶିକ୍ଷା କାର୍ଯ୍ୟକ୍ରମ ଓ ବିଜ୍ଞାନରେ ନାଗରିକଙ୍କ ଯୋଗଦାନ ଆଦି କାର୍ଯ୍ୟକ୍ରମ ବନ୍ୟପ୍ରାଣୀ ସୁରକ୍ଷା ସଚେତନତା ପାଇଁ ଉପାଦେୟ ହେଉଅଛି।

OIPR-08070/13/0123/2526

ସକାଳ THE SAKALA
www.sakalaepaper.com
ସମ୍ବଲପୁର

ଆନ୍ଦୋଳନ ଚେତାବନୀ

# ଆସୁନି ଟୋକନ, ଜଗିଛି ଚାଷୀ

**ସମ୍ବଲପୁର, ୪।୧୨ (ସମିସ)**

ସମ୍ବଲପୁର ଜିଲ୍ଲାରେ ଚଳିତ ଖରିଫ୍ ଧାନକିଣା ଆରମ୍ଭରୁ ଅଚଳାବସ୍ଥା ଦେଖାଦେଇଛି। ଡିଏଲପିସି ବୈଠକରେ ନଭେମ୍ବର ୨୮ ତାରିଖ ମଣ୍ଡି ଖୋଲିବାକୁ ନିଷ୍ପତ୍ତି ଥିବାବେଳେ ମିଲର୍ଙ୍କ ଜିଦ୍ ଯୋଗୁଁ ଧାନ ଉଠିଲା ନାହିଁ। ଗତ ୧ ତାରିଖ ଚାଷୀ ଅସନ୍ତୋଷ ଉଗ୍ର ରୂପ ଗ୍ରହଣ କରି ଚାଷୀମାନେ ସିନ୍ଦୂରପଙ୍କ ତୁମ୍ଭେସିଂହା ଛକରେ ପ୍ରାୟ ୮ ଘଣ୍ଟା ଧରି ଅର୍ଥନୈତିକ ଅବରୋଧ କଲେ। ଏହାପରେ ୨ ତାରିଖରୁ ବିଭିନ୍ନ ମଣ୍ଡିରେ ଧାନ ଉଠିବା ଆରମ୍ଭ ହେଲା। କିନ୍ତୁ ଧାନ କିଣାବିକା ଗୋଟିଏ ମାସ ବିଳମ୍ବରେ ଚାଲିଥିବାବେଳେ ଏବେ ଚାଷୀଙ୍କ ଟୋକନ ସମସ୍ୟା ଦେଖାଦେଲାଣି। ପ୍ରାୟ ୧୯ ହଜାରରୁ ଊର୍ଦ୍ଧ୍ୱ ଚାଷୀଙ୍କ ଟୋକନ ଆସିନଥିବା ଅଭିଯୋଗ ହେଉଛି। ଅନ୍ୟପକ୍ଷରେ ଯେଉଁ ଚାଷୀ ମାନଙ୍କ ଟୋକନ ଆସିଛି, ସେମାନଙ୍କ କେବଳ ୭୫ କ୍ୱିଣ୍ଟାଲ ଧାନ ବିକ୍ରୟ ପାଇଁ ଟୋକନ ଆସିଥିବାବେଳେ ବଳକା ଧାନ ବିକ୍ରୟ ସକାଶେ ଚାଷୀ ଟୋକନ ପାଇଁ ଅପେକ୍ଷା କରି ରହିଛି। ପ୍ରଥମ ପର୍ଯ୍ୟାୟ (ଲଟ୍)ର ଟୋକନ ଆସିଛି, କିନ୍ତୁ ଦ୍ୱିତୀୟ ଲଟ୍‌ର ଟୋକନ ପାଇଁ ଚାଷୀ ଧାନ ନେଇ ଅପେକ୍ଷା କରିଛି। ଅନ୍ୟପକ୍ଷରେ ଗୋଟିଏ ମାସ ବିଳମ୍ବରେ ଧାନ କିଣା ହେଉଥିବାରୁ କେତେକ ଚାଷୀ ଅମଳ ହୋଇଥିବା ଧାନକୁ ଗଚ୍ଛିତ କରି ରଖିନପାରି କମ୍ ଦରରେ ବିକ୍ରୟ କରିଥିବା ଅଭିଯୋଗ ହେଉଛି।

ସମ୍ବଲପୁର ଜିଲ୍ଲାର ଚାଷୀମାନେ ଗତ ଏପ୍ରିଲରେ ଧାନ ବିକ୍ରୟ ପାଇଁ ପଞ୍ଜୀକରଣ ସମୟରେ ନଭେମ୍ବର ୧ ତାରିଖରୁ ଧାନ ବିକ୍ରୟ କରିବେ ବୋଲି ଉଲ୍ଲେଖ କରିଥିଲେ। ସରକାର ଏନେଇ ପ୍ରାରମ୍ଭରୁ ଅବଗତ ଥିଲେ। ତେବେ, ଡିଏଲପିସି ବୈଠକ ବହୁ ବିଳମ୍ବରେ ନଭେମ୍ବର ୧୭ ତାରିଖ ହୋଇଥିଲା। ସେଠାରେ ଚାଷୀ ୨୦ରେ ଧାନ କ୍ରୟ ଆରମ୍ଭ କରିବାକୁ ଦାବି କରିଥିବାବେଳେ ପ୍ରଶାସନ ପକ୍ଷରୁ ନଭେମ୍ବର ୨୮ରୁ ଧାନ କ୍ରୟ ପାଇଁ ନିଷ୍ପତ୍ତି ନିଆଗଲା। ଅନ୍ୟପକ୍ଷରେ ମିଲର୍‌ମାନେ ଯୋଗାଣ ବିଭାଗ ସହିତ ଏଗ୍ରିମେଣ୍ଟ କରିନଥିବାରୁ ଧାନ ଉଠାଇଲେ ନାହିଁ। ଏସବୁ ଭିତରେ ଧାନ ଚାଷ କରିଥିବା ଚାଷୀ ହରଡ଼ଘଣାରେ ପଡ଼ି ଶେଷରେ ଆନ୍ଦୋଳନାତ୍ମକ ପନ୍ଥା ଅବଲମ୍ବନ କରିବାକୁ ବାଧ ହେଲା।

ସମ୍ବଲପୁର ଜିଲ୍ଲା କୃଷକ ସୁରକ୍ଷା ସଙ୍ଗଠନ ସଭାପତି ବ୍ୟୋମକେଶ ଠାକୁର କହିଛନ୍ତି, ଚାଷୀ ତିନିଦିନ ଧରି ଲଢ଼େଇ କଲାପରେ ୨ ତାରିଖରୁ ଧାନକିଣା ଆରମ୍ଭ ହୋଇଛି। ମିଲର୍ ଏଗ୍ରିମେଣ୍ଟ କରିଛନ୍ତି, ଆଇରିସ ସ୍କାନିଂ ମଧ୍ୟ ଆରମ୍ଭ ହେଲାଣି। ସମ୍ବଲପୁର ଜିଲ୍ଲାର ପଞ୍ଜିକୃତ କରିଥିବା ଚାଷୀଙ୍କଠାରୁ କେବଳ ୫୨ ହଜାର ଚାଷୀଙ୍କ ଟୋକନ ଆସିଛି, ତାହା ମଧ୍ୟ କେବଳ ୭୫ କ୍ୱିଣ୍ଟାଲ ବିକ୍ରୟ ପାଇଁ। ବାକି ୧୯ ହଜାର ଚାଷୀଙ୍କ ଟୋକନ ଏପର୍ଯ୍ୟନ୍ତ ଆସିନାହିଁ, ସେମାନେ ସୋସାଇଟିରୁ ମଣ୍ଡି ଓ ମଣ୍ଡିରୁ ସୋସାଇଟିକୁ ଦୌଡ଼ ଲଗାଉଛନ୍ତି। ଟୋକନ ନଆସିବାର କାରଣ ପ୍ରଶାସନିକ ଅଧିକାରୀମାନେ କହିପାରୁନାହାନ୍ତି। ଯେଉଁ ଚାଷୀ ୧୨୦ କ୍ୱିଣ୍ଟାଲ ଧାନ ବିକ୍ରୟ କରିପାରିବ, ତାକୁ ୭୫ କ୍ୱିଣ୍ଟାଲ ବିକ୍ରୟ ପାଇଁ ଟୋକନ ଦିଆହୋଇଛି। ସେ ୭୫ କ୍ୱିଣ୍ଟାଲ ବିକ୍ରୟ କରିବାପରେ ବସିରହୁଛି। ଦୁଇଦିନ ମଧ୍ୟରେ ଟୋକନ ସମସ୍ୟାର ସମାଧାନ ନହେଲେ ଆଗରୁ ଯେଉଁ ମିଲର୍ ଅସହଯୋଗ ପାଇଁ ଧାନ କିଣାବିକା ବନ୍ଦ ହୋଇଥିଲା, ଏବେ ଟୋକନ ସମସ୍ୟା ପାଇଁ ଧାନ କିଣାବିକା ବନ୍ଦ ହେବ। ଆମକୁ ପୁଣି ଆନ୍ଦୋଳନକୁ ଓହ୍ଲାଇବାକୁ ପଡ଼ିବ ବୋଲି ସଭାପତି ଶ୍ରୀ ଠାକୁର ଚେତାବନୀ ଦେଇଛନ୍ତି।

ପଶ୍ଚିମ ଓଡ଼ିଶା କୃଷକ ସଙ୍ଗଠନ ସମନ୍ୱୟ ସମିତି ଆବାହକ ଅଶୋକ ପ୍ରଧାନ କହିଛନ୍ତି, ଓଡ଼ିଶାର ଇତିହାସରେ ଏହି ପ୍ରକାରର ପରିସ୍ଥିତି ଆମେ କେବେ ଦେଖିନାହୁଁ। ସରକାର କହିଲେ ନଭେମ୍ବର ୧ରୁ ଧାନ କିଣାବିକା ଆରମ୍ଭ ହେବ, ଆମର ଦୁଇଟି ସ୍ଲଟ୍ ୧ରୁ ୧୫ ଓ ୧୬ରୁ ୩୦ ନଷ୍ଟ ହୋଇଗଲା। ମଣ୍ଡି ଖୋଲିଲା ପରେ ସବୁ ସ୍ୱାଭାବିକ ହେବ ବୋଲି ଆଶା କରୁଥିବାବେଳେ ପ୍ରଥମ ଦିନରୁ ହିଁ ଜଣାପଡ଼ିଗଲା ଯେ ସରକାରଙ୍କ ପାଖରେ ପ୍ରସ୍ତୁତି ନାହିଁ। ଗୋଟିଏ ଚାଷୀର ଯଦି ତିନୋଟି ଟୋକନ ତାରିଖ ଅନୁଯାୟୀ ଥିବ, ପୂର୍ବରୁ ଏକ ସମୟରେ ତାହାକୁ ପଠାଇ ଦିଆଯାଉଥିଲା। କିନ୍ତୁ ପ୍ରଥମଥର ପାଇଁ ଚାଷୀର ଗୋଟିଏ ଟୋକନ ଆସିଛି, ଅନ୍ୟ ଟୋକନ ପାଇଁ ଚାଷୀ ଅପେକ୍ଷା କରିଛି। ପୁଣି କେତେକ ଚାଷୀଙ୍କ ଟୋକନ ଆଦୌ ଆସିନାହିଁ। ଭୁବନେଶ୍ୱରରୁ ଯଦି ସେମାନେ ସମସ୍ତ ଟୋକନ ଦୁଇଦିନ ମଧ୍ୟରେ ନଛାଡ଼ିଲେ, ପୁଣି ଏକ ଅଚଳାବସ୍ଥା ସୃଷ୍ଟି ହେବ ବୋଲି ସେ କହିଛନ୍ତି।

ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର କହିଛନ୍ତି, ଧାନସଂଗ୍ରହ ପ୍ରକ୍ରିୟା ସୁରୁଖୁରୁରେ ଆରମ୍ଭ ହୋଇଛି। ଯେଉଁ ସ୍ଥାନରୁ ଅଭିଯୋଗ ଆସିଛି, ଅଧିକାରୀ ଯାଇ ତୁରନ୍ତ ସମାଧାନ କରୁଛନ୍ତି। କାଁଭାଁ ଏଭଳି ଅଭିଯୋଗ ଆସିଛି। ପାଖାପାଖି ୫୦ ହଜାର ଟୋକନ ଆସିଯାଇଛି। ସାଟେଲାଇଟ ସର୍ଭେର ଯାଞ୍ଚ ରିପୋର୍ଟ ବାକିଥିଲା, ତାହା ମଧ୍ୟ ସରିଯାଇଛି। ଦିନେ-ଦି'ଦିନ ମଧ୍ୟରେ ବଳକା ଟୋକନ ଆସିଯିବ ବୋଲି ଜିଲ୍ଲାପାଳ ଶ୍ରୀ ବୋନ୍ଦର ସୂଚନା ଦେଇଛନ୍ତି।





■ ସରକାରଙ୍କ କ୍ରୟ ନୀତିକୁ ବେଖାତିର

## କୁଟ୍ରାଚୁଆଁମଣ୍ଡିରୁ ୩ହଜାର ପ୍ୟାକେଟ ନନ ଏଫ୍ଏକ୍ୟୁ ଧାନ କିଣା

**କୁଚିଣ୍ଡା, ୪।୧୨(ସମିସ):** ଗୁରୁବାର କୁଟ୍ରାଚୁଆଁ ମଣ୍ଡିରୁ କୁଚିଣ୍ଡା ଲ୍ୟାମ୍ପ ୨୭ ଜଣ ଚାଷୀଙ୍କ ୩ହଜାର ପ୍ୟାକେଟ ନନ ଏଫଏକ୍ୟୁ ଧାନ କିଣିଛି। ଅନ୍ୟ ପକ୍ଷରେ ନନ ଏଫଏକ୍ୟୁ ଧାନ କିପରି କିଣିଲେ ବୋଲି କୁଚିଣ୍ଡା ସହକାରୀ ଯୋଗାଣ ନିରୀକ୍ଷକଙ୍କୁ ପଚାରିବାରୁ ଚାଷୀ ଏବଂ ମିଲରଙ୍କ ଭିତରେ ବୁଝାମଣା ହୋଇ ଧାନ କିଣା ହୋଇଛି ବୋଲି ଉତ୍ତର ଦେଇଥିଲେ। ପ୍ରାପ୍ତ ସୂଚନାରୁ ପ୍ରକାଶ ଯେ, କୁଟ୍ରାଚୁଆଁ ମଣ୍ଡି ଖୋଲିବା ପରେ ଗତ ମଙ୍ଗଳବାର ଦିନ ୨ ଜଣ ଚାଷୀ ଏକ ବଡ ଗାଡ଼ିରେ ଧାନ ମଣ୍ଡିକୁ ଧାନ ବିକ୍ରି ପାଇଁ ଆଣିଥିଲେ। ତେବେ ଧାନର ମାନ ପରୀକ୍ଷା କରାଯିବାକୁ ନେଇ ସେଠାରେ ଦୁଇ ଗୋଷ୍ଠୀ ମଧ୍ୟରେ ଗଣ୍ଡଗୋଳ ହେବାରୁ ସେ ଦିନ ଧାନ କିଣା ବିକା ହୋଇ ପାରି ନ ଥିଲା। ଫଳରେ ଚାଷୀମାନେ ଧାନ ଗାଡ଼ି ନେଇ ଫେରି ଯାଇଥିଲେ। ଗୁରୁବାର ବଡ ବଡ ୬ ଟି ଗାଡ଼ିରେ ୨୭ ଜଣ ଚାଷୀ ୩୦୦୦ ବସ୍ତା ଧାନ ମଣ୍ଡିକୁ ବିକ୍ରି ପାଇଁ ଆଣିଥିଲେ। ତେବେ ସରକାରୀ ନିୟମକୁ ବେଖାତିର କରି ସମସ୍ତ ଧାନକୁ ପରୀକ୍ଷା ନ କରି, ଧାନର ଆଦ୍ରତା ଯାଞ୍ଚ ନ କରି ଏବଂ ଓଜନ ନକରି ମଣ୍ଡିକୁ ପହଞ୍ଚି ଥିବା ସମସ୍ତ ୩ହଜାର ବସ୍ତା ଧାନକୁ କୁଚିଣ୍ଡା ଲ୍ୟାମ୍ପ ପକ୍ଷରୁ କିଣା ଯାଇଥିଲା। ଏପରିକି ମଣ୍ଡିକୁ ଆଦୌ ନ ଆସି ରାସ୍ତା ଉପରେ ଧାନ ଲୋଡ କରି ଛିଡ଼ା ହୋଇଥିବା ଗାଡ଼ି ପାଖକୁ କୌଣସି କର୍ମଚାରୀ ନ ଯାଇ ସେହି ରାସ୍ତା ଉପରୁ ହିଁ ଧାନ କିଣା ହୋଇଥିଲା। ଏହି ପକ୍ରିୟାରେ ଧାନ କିଣାକୁ ସେଠାରେ ଉପସ୍ଥିତ ଥିବା କିଛି ଚାଷୀ ବିରୋଧ କରିଥିଲେ ମଧ୍ୟ ସେ ସବୁକୁ ବେଖାତିର କରି ଧାନ କିଣା ଯାଇଥିଲା। ମାତ୍ର ଏହି କିଣା ବିକା ପଛରେ କଣ ରହସ୍ୟ ରହିଛି ତାହା ସବୁଠି ଚର୍ଚ୍ଚାର ବିଷୟ ହୋଇଛି। ତେବେ ଧାନ କିଣା ସମୟରେ ମଣ୍ଡିକୁ ପହଞ୍ଚି ଥିବା କୁଚିଣ୍ଡାର ସହକାରୀ ଯୋଗାଣ ନିରୀକ୍ଷକ ରାଜ କିଶୋର ସ୍ୱାଇଁଙ୍କୁ ନନ ଏଫଏକ୍ୟୁ ଧାନ କିପରି କିଣାହେଲା ବୋଲି ପଚାରିବାରୁ ଚାଷୀ ଏବଂ ମିଲରଙ୍କ ଭିତରେ ବୁଝାମଣା ହୋଇ ଧାନ କିଣା ଯାଇଛି ବୋଲି ସେ କହିଥିଲେ।

## ୧୧ପଡ଼ା ଖୋଲା ଶୌଚମୁକ୍ତ



**ସମ୍ବଲପୁର, ୪।୧୨ (ସମିସ):** ଜେଏସଡବ୍ଲ୍ୟୁ ଫାଉଣ୍ଡେସନର ୱାସ ପଦକ୍ଷେପ ଦ୍ୱାରା ଲପଙ୍ଗା ପଞ୍ଚାୟତର ୧୧ଟି ପଡ଼ା ଖୋଲା ମଳତ୍ୟାଗ ମୁକ୍ତ ଓ ଖୋଲା ଅଳିଆ ମୁକ୍ତ ହୋଇ ପାରିଛି। ଏହି ପ୍ରକଳ୍ପ ଫିଡବ୍ୟାକ ଫାଉଣ୍ଡେସନ ଚାରିଟେବଲ ଟ୍ରଷ୍ଟ ସହଭାଗୀତାରେ କାର୍ଯ୍ୟକାରୀ ହୋଇଛି। ବିଭିନ୍ନ ସ୍ଥାନ ପରିଦର୍ଶନକରି ଲୋକଙ୍କୁ ସଚେତନ କରାଯାଇଥିଲା।ଫଳରେ ଏହି ସଫଳତା ହାସଲ ପରେ ଆଜି ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ସରପଞ୍ଚ ମମତା ବେହେରା, ଜେଏସଡବ୍ଲ୍ୟୁ ଫାଉଣ୍ଡେସନ ସମ୍ବଲପୁର ଝାରସୁଗୁଡ଼ା ମୁଖ୍ୟ ବିଶାଳ ରାଜ, ପିଇଓ ବିଶ୍ୱଜିତ ଶର୍ମା, ସମିତି ସଭ୍ୟ କିରଣ ବେହେରା, ପିଣ୍ଟୁ ବେହେରା, ବିଆରସି ହରିଶଙ୍କର କାଉଡ଼ି, ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପ୍ରିନ୍ସପାଲ ମନୋଜ କୁମାର ନାୟକ, ମୁକୁନ୍ଦ ବେହେରା ଓ ମନୋଜ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ସ୍ୱଚ୍ଛତା, ପରିମଳ ସମ୍ପର୍କରେ ଆଲୋକପାତ ହୋଇଥିଲା। ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଂସ୍କୃତି କାର୍ଯ୍ୟକ୍ରମ ହୋଇଥିଲା। ଛାତ୍ରଛାତ୍ରୀ, ନିଗରାଣୀ କମିଟି, ଏମବିକେ, ୯ ଜଣ ସିଆରପିଙ୍କୁ ପୁରସ୍କୃତ କରାଯାଇଥିଲା।

## ଜିଏମ୍‌ୟୁରେ ଷ୍ଟାର୍ଟଅପ୍ ଆଇଡିଆ ପିଚିଂ ପ୍ରତିଯୋଗିତା

**ସମ୍ବଲପୁର, ୪।୧୨ (ସମିସ) :** ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ନବୀନ ବ୍ୟବସାୟ ଓ ପ୍ରସ୍ତୁତିକରଣ କେନ୍ଦ୍ର ଆନୁକୂଲ୍ୟରେ 'ଷ୍ଟାର୍ଟଅପ୍ ଆଇଡିଆ ପିଚିଂ ପ୍ରତିଯୋଗିତା' ସହିତ 'ନବୀନ ଓ ଉଦ୍ଭାବନଶୀଳ ଉତ୍ପାଦମାନଙ୍କର



ପ୍ରଦର୍ଶନୀ ଓ କ୍ରୟ ବିକ୍ରୟ' ଶୀର୍ଷକ ଦୁଇଦିନିଆ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବାଣିଜ୍ୟ ବିଭାଗୀୟ ମୁଖ୍ୟ ତଥା କାର୍ଯ୍ୟକ୍ରମ ସଂଯୋଜକ ଡଃ ପ୍ରିୟବ୍ରତ ପଣ୍ଡା ଯୋଗଦେଇ ଏହି ପ୍ଲାଟଫର୍ମ ଛାତ୍ରମାନଙ୍କ ନବଚିନ୍ତନକୁ ବ୍ୟବହାରିକ ଆକାର ଦେବାରେ କିପରି ସହାୟକ ହେବ ସେସମ୍ପର୍କରେ ଉପସ୍ଥାପନା କରିଥିଲେ। ବିଶ୍ୱବିଦ୍ୟାଳୟର ବିଭିନ୍ନ ବିଭାଗର ଛାତ୍ରଛାତ୍ରୀମାନେ ନିଜର ନବୋନ୍ମେଷୀ ବ୍ୟବସାୟ ଧାରଣା, ପ୍ରଟୋଟାଇପ୍ ବା ଆଦିମ ମଡେଲ୍ ଓ ନବୀନ ଉତ୍ପାଦ ପ୍ରଦର୍ଶନ କରି ବିଶ୍ୱବିଦ୍ୟାଳୟର ଉଦ୍ୟମୀତା ସଂସ୍କୃତିକୁ ଅଧିକ ସକ୍ରିୟ କରିଥିଲେ। ପ୍ରତ୍ୟେକ ପ୍ରତିଯୋଗୀ ନିଜ ଆଇଡିଆର ବଜାର ସମ୍ଭାବନା, ବ୍ୟାପାର ମଡେଲ୍, ସମସ୍ୟା ଓ ସମାଧାନ ଧାରଣା ଏବଂ ଭବିଷ୍ୟତ ବିକାଶ ପରିକଳ୍ପନାକୁ ଉନ୍ନତମାନର ସହ ପ୍ରସ୍ତୁତ କରିଥିଲେ। ବିଶ୍ୱବିଦ୍ୟାଳୟର ବିତ୍ତ ନିୟନ୍ତ୍ରକ ଜଗନ୍ନାଥ ରାଉତ ଓ ପଦାର୍ଥ ବିଜ୍ଞାନ ବିଭାଗର ସହକାରୀ ପ୍ରାଧ୍ୟାପକ ଡ. ପ୍ରମୋଦ ସାମଲ ଯୋଗଦେଇ ପ୍ରତିଯୋଗୀମାନଙ୍କ ପିଚ୍ ପ୍ରଦର୍ଶନକୁ ବ୍ୟାପକ ଭାବରେ ମୂଲ୍ୟାଙ୍କନ କରିଥିଲେ। କାର୍ଯ୍ୟକ୍ରମରେ ବିଶ୍ୱବିଦ୍ୟାଳୟର ସହକାରୀ ଅଧ୍ୟାପକ ଡଃ ପ୍ରଦୋଶ ଆଚାର୍ଯ୍ୟ, ଡ.ଅନନ୍ତ ପ୍ରସାଦ ଚକ୍ରବର୍ତ୍ତୀ, ଡ. କ୍ଷୀରୋଦ ଚନ୍ଦ୍ର ମହାରଣା, ଅରୁଣା ଶର୍ମା ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କ ସୃଜନାତ୍ମକ ଚିନ୍ତା ଓ ଉଦ୍ୟମକୁ ପ୍ରଶଂସା କରିଥିଲେ। ପ୍ରତିଯୋଗିତାରେ ତନୁଶ୍ରୀ ଭୋଇ ଓ ବିପ୍ଳବିନୀ ରାଉତ ପ୍ରଥମ, ପ୍ରିୟାଂଶ କୁମାର ଗୁପ୍ତା ଦ୍ୱିତୀୟ ଏବଂ ଶୁଭମ୍ କୁମାର ତୃତୀୟ ସ୍ଥାନ ହାସଲ କରିଥିଲେ।

ଘର ସମ୍ମୁଖରୁ ନାବାଳିକାଙ୍କ ମୃତଦେହ ଉଦ୍ଧାର ଘଟଣା

## ସମ୍ପତ୍ତି ପାଇଁ ହତ୍ୟା କରାଯାଇଥିବା ଅଭିଯୋଗ

**ସମ୍ବଲପୁର, ୪।୧୨ (ସମିସ):** ଅଇଁଠାପାଲି ଥାନା ଶାନ୍ତିନଗରର ଘର ସମ୍ମୁଖ ଡ୍ରେନରୁ ବୁଧବାର ୧୫ ବର୍ଷିଆ ନାବାଳିକା ସାଇ ଶ୍ରଦ୍ଧା ମିଶ୍ରଙ୍କ ସନ୍ଦେହଜନକ ଭାବେ ମୃତଦେହ ଉଦ୍ଧାର କରାଯାଇଥିଲା।ସମ୍ପତ୍ତି ପାଇଁ ଭାଣିଜିଙ୍କୁ ହତ୍ୟା କରାଯାଇଥିବା ଅନୁଗୁଳରୁ ମାମୁ ଘର ଲୋକ ଅଭିଯୋଗ କରିଛନ୍ତି। ମାମୁ ଘର ଲୋକ କହିଛନ୍ତି, ୨୦୧୪ରେ ସାଇଙ୍କ ପିତାଙ୍କ ଦୁର୍ଘଟଣାରେ ମୃତ୍ୟୁ ହୋଇଥିଲା। ୩ ବର୍ଷ ପରେ ୨୦୧୭ରେ ସାଇଙ୍କ ମାଆ ଆତ୍ମହତ୍ୟା କରିଥିଲେ। ମାଙ୍କ ଆତ୍ମହତ୍ୟା ପରେ ମାମୁ ଘର ଲୋକ ଅଇଁଠାପାଲି ଥାନାରେ ଅଭିଯୋଗ ମଧ୍ୟ କରିଥିଲେ। ଏହା ପରେ ମାମୁ ଘର ଲୋକଙ୍କ ସହ ସାଇଙ୍କୁ ଦେଖା କରିବାର ସୁଯୋଗ ଦେଉନଥିଲେ। ନିଜ ଭଉଣୀଙ୍କୁ ହତ୍ୟା କରାଯାଇଛି, ଆତ୍ମହତ୍ୟା କରିନାହାନ୍ତି ବୋଲି ସାଇଙ୍କ ମାମୁ ମଧ୍ୟ ଏ ଅଭିଯୋଗ ଆଣିଛନ୍ତି। ମାଙ୍କୁ ହତ୍ୟା ବେଳେ ଭାଣିଜି ଦେଖିଥିଲେ। ତେଣୁ ସାଇଙ୍କୁ ମଧ୍ୟ ହତ୍ୟା କରାଯାଇଛି ବୋଲି ତାଙ୍କ ମାମୁ ଘର ଆଇ କହିଛନ୍ତି। ବାପା ମାଙ୍କ ମୃତ୍ୟୁ ପରେ ସମସ୍ତ ସମ୍ପତ୍ତି ସାଇଙ୍କ ନାମରେ ରହିଛି। ତେଣୁ ୧୮ ବର୍ଷ ହେବା ପୂର୍ବରୁ ସାଇକୁ ହତ୍ୟା କରାଯାଇଥିବା ସେମାନେ କହିଛନ୍ତି।

**ପିଉସୀଙ୍କ ଖଣ୍ଡନ**

ସେପଟେ ହତ୍ୟା ଅଭିଯୋଗକୁ ସାଇଙ୍କ ପିଉସୀ ଖଣ୍ଡନ କରିଛନ୍ତି। ସୂଚନା ଅନୁସାରେ ଗତକାଲି ଘର ସମ୍ମୁଖ ସଂକୁଚିତ ଡ୍ରେନରୁ ସାଇଙ୍କ ମୃତ ଦେହ ଉଦ୍ଧାର ମିଳିଥିଲା। ପାଖରେ ସ୍କୁଟି ପଡ଼ିରହିଥିଲା। ଦେହରେ କ୍ଷତି ଚିହ୍ନ ରହିଥିବାରୁ ଦୁର୍ଘଟଣା ବୋଲି ପୁଲିସ ସନ୍ଦେହ କରି ଦୁର୍ଘଟଣା ଜନିତ ମାମଲା ରୁଜୁ କରିଛି। ଏହା ହତ୍ୟା ନା ଦୁର୍ଘଟଣା ତାହା ତଦନ୍ତ ଚାଲୁଛି। ମାମୁ ଘର ଲୋକ ଲିଖିତ ଭାବେ ଅଇଁଠାପାଲି ଥାନାରେ ଅଭିଯୋଗ କରିନାହାନ୍ତି ବୋଲି ବୋଲି ସଦର ଏସ୍‌ଡିପିଓ ତୋଫାନ ବାଗ କହିଛନ୍ତି।

## ରାଜ୍ୟସ୍ତରରେ କୃତିତ୍ୱ ଅର୍ଜନ କରିଥିବା ଦିବ୍ୟାଙ୍ଗଙ୍କୁ ସମ୍ବର୍ଦ୍ଧନା



**ସମ୍ବଲପୁର, ୪।୧୨ (ସମିସ) :** ଭୁବନେଶ୍ୱରଠାରେ 'ଆନ୍ତର୍ଜାତୀୟ ଭିନ୍ନକ୍ଷମ ଦିବସ ୨୦୨୫' ଅବସରରେ ଆୟୋଜିତ ବିଭିନ୍ନ ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ସମ୍ବଲପୁରର ବୁର୍ଲା ସ୍ପେଶାଲ୍ ସ୍କୁଲ୍ ଫର୍ ଦ ଡେଫ୍ ଏବଂ ଆଇଆଇସି ବୈଜାମୁଣ୍ଡାର ଭିନ୍ନକ୍ଷମ ଛାତ୍ରଛାତ୍ରୀମାନେ ଶ୍ରେଷ୍ଠ ପ୍ରଦର୍ଶନ କରି ସଫଳତା ହାସଲ କରିଛନ୍ତି। ସେମାନେ ଆସି ସମ୍ବଲପୁରରେ ପହଞ୍ଚିବା ପରେ ଗୁରୁବାର ଜିଲ୍ଲାପାଳ କାର୍ଯ୍ୟାଳୟସ୍ଥ ସମ୍ମିଳନୀ କକ୍ଷରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଜିଲ୍ଲାପାଳ କୃତି ଛାତ୍ରଛାତ୍ରୀଙ୍କୁ ଅଭିନନ୍ଦନ ଜଣାଇବାସହ ସେମାନଙ୍କ ଦକ୍ଷତାର ପ୍ରଶଂସା କରିଥିଲେ। ଏହାସହ ପିଲାମାନଙ୍କୁ ଜିଲ୍ଲା ପାଣ୍ଠିରୁ ସେମାନଙ୍କୁ ସବୁ ସୁବିଧା ସୁଯୋଗ ଯୋଗାଇଦେବାକୁ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଆଗାମୀ ଦିନରେ ଆହୁରି ପରିଶ୍ରମ କରି ଉନ୍ନତି କରିବାକୁ ସେ ସମସ୍ତଙ୍କୁ ପ୍ରୋତ୍ସାହିତ କରିଥିଲେ। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସୌରଚନ୍ଦ୍ର ପାଣି କାର୍ଯ୍ୟକ୍ରମରେ ପୌରୋହିତ୍ୟ କରିଥିବା ବେଳେ ଜିଲ୍ଲା ଶିକ୍ଷା ଅଧିକାରୀ ଲକ୍ଷ୍ମଣ ଭୋଇ, ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଉଜାଗର ପଧାନ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ସଂଯୁକ୍ତା କୁଲ୍ଲୁ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ।

ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ସମ୍ବଲପୁର ଜିଲ୍ଲାର ଭିନ୍ନକ୍ଷମ ଛାତ୍ରଛାତ୍ରୀ ୭ଟି ସ୍ୱର୍ଣ୍ଣ ଏବଂ ଗୋଟିଏ ଲେଖାଏ ରୌପ୍ୟ ଓ କାଂସ୍ୟ ପଦକ ହାସଲ କରିଛନ୍ତି। ପ୍ରତିଯୋଗିତାର ଆଇଲେଟିକ୍ ଇଭେଣ୍ଟରେ ପୂଜା ଓରାମ ୧୦୦ ମିଟର୍ ଦୌଡ଼ରେ ପ୍ରଥମ ସ୍ଥାନ ହାସଲ କରିବା ସହିତ ସଟ୍‌ପୁଟ୍‌ରେ ମଧ୍ୟ ପ୍ରଥମ ସ୍ଥାନ ପାଇଛନ୍ତି। ଲିଜା ଓରାମ୍ ସଟ୍‌ପୁଟ୍‌ରେ ପ୍ରଥମ ସ୍ଥାନ ଓ ମହିମା ପଧାନ ତୃତୀୟ ସ୍ଥାନ ହାସଲ କରିଛନ୍ତି। ଚିତ୍ରାଙ୍କନ ପ୍ରତିଯୋଗିତାରେ ମଧ୍ୟ ଛାତ୍ରଛାତ୍ରୀମାନେ ଶ୍ରେଷ୍ଠ ପ୍ରଦର୍ଶନ କରିଛନ୍ତି। ଚିତ୍ରାଙ୍କନ ଜୁନିଅର୍ ବାଳିକା ବର୍ଗରେ ପ୍ରିୟା ସାହୁ ପ୍ରଥମ ସ୍ଥାନ, ସବଜୁନିଅର୍ ବର୍ଗରେ ସୁବର୍ଣ୍ଣ ଷଡ଼ଙ୍ଗୀ ଦ୍ୱିତୀୟ ସ୍ଥାନ ଅଧିକାର କରିଛନ୍ତି। ଜୁନିଅର୍ ବାଳକ ବର୍ଗରେ ରଜତ ଭୋଇ ପ୍ରଥମ ସ୍ଥାନ ହାସଲ କରିଥିବାବେଳେ ସିନିଅର ବାଳକ ବର୍ଗରେ ଶୁଭମ ବାରିକ ପ୍ରଥମ ସ୍ଥାନ ହାସଲ କରିଛନ୍ତି।

ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଜିଲ୍ଲାପାଳଙ୍କୁ ଦାବିପତ୍ର

## ଆୟୁଷ ଛାତ୍ରଛାତ୍ରୀ ଆନ୍ଦୋଳନକୁ ୨୯ ଦିନ



**ସମ୍ବଲପୁର, ୪।୧୨ (ସମିସ):** ଆୟୁଷ ଛାତ୍ରଛାତ୍ରୀଙ୍କ ଆନ୍ଦୋଳନକୁ ୨୯ ଦିନ ପୂରିଲା। ସ୍ୱାସ୍ଥ୍ୟ ମନ୍ତ୍ରୀ ଠାରୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀଙ୍କୁ ଆୟୁଷ ସଂଘ ନିଜର ଦାବିକୁ ଜଣାଇଥିଲା। ହେଲେ କୌଣସି ସମାଧାନ ହୋଇପାରିଲା ନାହି। ସମ୍ବଲପୁରସ୍ଥିତ ଓଡ଼ିଶା ମେଡିକାଲ କଲେଜ ଅଫ୍ ହୋମିଓପାଥି ଆଣ୍ଡ ରିସର୍ଚ୍ଚର ଛାତ୍ରଛାତ୍ରୀ ଗୁରୁବାର ଜିଲ୍ଲାପାଳଙ୍କ ଜରିଆରେ ପ୍ରଧାନମନ୍ତ୍ରୀଙ୍କୁ ଦାବିପତ୍ର ଦେଇଛନ୍ତି। ସୂଚନା ଅନୁସାରେ କଲେଜ ସମ୍ମୁଖରେ ୧୧ ଦିନ ହେଲାଣି ତାଲା ପଡ଼ିଛି। ୫ ଦିନ ହେଲାଣି ଦିନରାତି ଧାରଣାରେ ବସିଛନ୍ତି। ୩ ଦିନ ପୂର୍ବରୁ ସଂଘ ପକ୍ଷରୁ ଛାତ୍ରଛାତ୍ରୀ ନିଜର ଧଳା ୟୁନିଫର୍ମ ବର୍ଜନ କରିଛନ୍ତି।

**ଦିନରାତି ଧାରଣାରେ ବସିଛନ୍ତି ବିଦ୍ୟାର୍ଥୀ**

## ଜିଲ୍ଲା କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଯାପିତ

**ସମ୍ବଲପୁର, ୪।୧୨(ସମିସ):** ଜିଲ୍ଲା କ୍ରୀଡ଼ା ସଂଘ ଦ୍ୱାରା ଆୟୋଜିତ ଦୁଇ ଦିନିଆ ଜିଲ୍ଲା କ୍ରୀଡ଼ା ପ୍ରତିଯୋଗିତା ମଙ୍ଗଳବାର ସମ୍ପନ୍ନ ହୋଇଛି। ପ୍ରାୟ ୧୦୦ ଜଣ ପ୍ରତିଯୋଗୀ ଭାଗ ନେଇଥିଲେ। ସମ୍ବଲପୁର ଆଥ୍‌ଲେଟିକ କ୍ଲବର ୬୦ ଜଣ ପ୍ରତିଯୋଗୀ ରହିଥିଲେ। ସମ୍ବଲପୁର ଆଥଲେଟିକ କ୍ଲବର ଅଣ୍ଡର ୧୮ ବାଳିକା ବର୍ଗ ଓ ପୁରୁଷ ବର୍ଗ ଗ୍ରୁପ ଚାମ୍ପିଅନ ହୋଇଥିଲେ। କ୍ଲବର ୪୦ ଜଣ ପ୍ରତିଯୋଗୀ ବିଭିନ୍ନ ସରକାରୀ ବିଭାଗରେ କାର୍ଯ୍ୟରତ ଅଛନ୍ତି। ଏହି ସଫଳତା ପାଇଁ କ୍ଲବ୍‌ର ସଭାପତି ଅଶୋକ ପ୍ରଧାନ, ସମ୍ପାଦକ ଅନ୍ତର୍ଜାତୀୟ ମାଷ୍ଟର କ୍ରୀଡ଼ାବିତ ସୁନ୍ଦରମଣି ବାରିକ, ଉପସଭାପତି ସିମାଞ୍ଚଳ ସେଠି ପ୍ରମୁଖଙ୍କୁ ଧନ୍ୟବାଦ ଦିଆଯାଇଥିଲା।



## ଜିଏମ୍‌ୟୁ ବାଣିଜ୍ୟ ବିଭାଗ ପକ୍ଷରୁ ପୋଷ୍ଟର ଉପସ୍ଥାପନା କାର୍ଯ୍ୟକ୍ରମ

**ସମ୍ବଲପୁର, ୪।୧୨ (ସମିସ)**

ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟ ବାଣିଜ୍ୟ ବିଭାଗ ଆନୁକୂଲ୍ୟରେ ଗୁରୁବାର ଅଧ୍ୟାପନା ପ୍ରକୋଷ୍ଠ ପରିସରରେ ସ୍ନାତକୋତ୍ତର ଦ୍ୱିତୀୟ ବର୍ଷର ବାଣିଜ୍ୟ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ 'ଗବେଷଣା ପଦ୍ଧତିଶାସ୍ତ୍ର' ସମ୍ପର୍କିତ ପୋଷ୍ଟର ଉପସ୍ଥାପନା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବାଣିଜ୍ୟ ବିଭାଗ ମୁଖ୍ୟ ଡଃ ପ୍ରିୟବ୍ରତ ପଣ୍ଡାଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଡଃ ସୁଶାନ୍ତ କୁମାର ଦାସ ଛାତ୍ରଛାତ୍ରୀ ମାନଙ୍କ ପୋଷ୍ଟର ଉପସ୍ଥାପନାକୁ ପରିଦର୍ଶନ କରିବାସହ ଉତ୍ସାହିତ କରିଥିଲେ। ବିଶ୍ୱବିଦ୍ୟାଳୟର ଅର୍ଥନୀତି ବିଭାଗ ସହକାରୀ ଅଧ୍ୟାପକ ଡଃ ପ୍ରିୟଦର୍ଶୀ ଯୋଶୀ ପ୍ରତିଯୋଗୀମାନଙ୍କ ପୋଷ୍ଟର ପ୍ରଦର୍ଶନୀକୁ ମୂଲ୍ୟାଙ୍କନ କରିଥିଲେ। ପ୍ରତିଯୋଗୀମାନେ ଗବେଷଣାର ବିଭିନ୍ନ ମାପଦଣ୍ଡ, ପଦ୍ଧତି, ପ୍ରବୃତ୍ତି ଓ ପ୍ରାୟୋଗିକ ଦୃଷ୍ଟିକୋଣକୁ ସୃଜନଶୀଳ ପୋଷ୍ଟର ମାଧ୍ୟମରେ ପ୍ରତିପାଦନ କରିଥିଲେ। ବାଣିଜ୍ୟ ବିଭାଗ ଅଧ୍ୟାପକ ସୁବାସଚନ୍ଦ୍ର ଝାଙ୍କର, ଡଃ କ୍ଷୀରୋଦ ଚନ୍ଦ୍ର ମହାରଣା, ଡଃ ଜ୍ଞାନ ରଞ୍ଜନ ବଳ, ଅମ୍ବରୀଶ ପ୍ରତାପ ସିଂହ, ଅଧ୍ୟାପିକା ସରୋଜା ମେହେର, ଅରୁଣା ଶର୍ମା, ସୁବେଚ୍ଛା ନାୟକ ଓ ଝାନ୍ସିରାଣୀ ପରିଡ଼ା ପ୍ରମୁଖ ଉପସ୍ଥିତ ରହି ସହଯୋଗ କରିଥିଲେ। ପୋଷ୍ଟର ଉପସ୍ଥାପନରେ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ସାଇକିର୍ତ୍ତୀ ବାବୁ ପ୍ରଥମ, ଆଶିଷ ସାହୁ ଦ୍ୱିତୀୟ ଏବଂ ଅନ୍ୱେଷା ନାୟକ ଓ ସୌମ୍ୟରଞ୍ଜନ ମହାପାତ୍ର ଯୁଗ୍ମ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଗବେଷଣାମୁଖୀ ଚିନ୍ତାଧାରା, ସୃଜନଶୀଳ ଦୃଷ୍ଟିଭଙ୍ଗୀ ଓ ଶିକ୍ଷାତ୍ମକ ଉତ୍ସାହକୁ ବୃଦ୍ଧି କରିବାରେ ବାଣିଜ୍ୟ ବିଭାଗର ଏହି ପ୍ରୟାସ ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରେ ଏକ ଗୁଣାତ୍ମକ ପଦକ୍ଷେପ ଭାବେ ପ୍ରତିଫଳିତ ହୋଇପାରିଛି।





# କୁଚିଣ୍ଡା ଡେଲି ମାର୍କେଟରେ ଲକ୍ଷ୍ମୀପୂଜା

**କୁଚିଣ୍ଡା, ୪। ୧୨(ସମିସ):** ଗୁରୁବାର କୁଚିଣ୍ଡା ଡେଲି ମାର୍କେଟରେ ମାଁଲକ୍ଷ୍ମୀଙ୍କ ପୂଜୋତ୍ସବ ଆରମ୍ଭ ହୋଇଯାଇଛି। ପୂଜୋତ୍ସବ ୫ ତାରିଖ ପର୍ଯ୍ୟନ୍ତ ଆୟୋଜିତ ହେବ।ପୂଜାର ଆୟୋଜନ ରେ ମାଁ ଲକ୍ଷ୍ମୀ ମନ୍ଦିର ପୂଜା କମିଟି ଓ ମାଁଲକ୍ଷ୍ମୀ ବ୍ୟବସାୟୀ ସଂଘ ଯୁଗମ ଭାବେ ନେତୃତ୍ୱ



ନେଇଛନ୍ତି। ୩ ତାରିଖ ଅଧିବାସ ଓ କଳଶ ଯାତ୍ରା ହୋଇଥିଲା, ୪ ତାରିଖ ମାନବସା ଗୁରୁବାରର ଶେଷ ଗୁରୁବାର ହୋଇଥିବାରୁ ସକାଳ ୭ ଟାରୁ ପୂଜା ଆରମ୍ଭ ହୋଇଥିଲା, ଦିବା ୧୧ଟା ୩୦କୃଷ୍ଣଗୁରୁଙ୍କ ଭଜନ ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା, ଅପରାହ୍ନ ୧୨ ଟା ଅନ୍ନଭୋଗ ବିତରଣ କରାଯାଇ, ସନ୍ଧ୍ୟା ୪ଟାରୁ ସାଂସ୍କୃତିକ କାର୍ଯ୍ୟକ୍ରମ କିର୍ତ୍ତନଧାରା, ବରଗଡ଼ ଦ୍ୱାରା ପ୍ରସ୍ତୁତି କରାଯାଇଥିଲା। ଶୁକ୍ରବାର ସକାଳ ୮ ଟାରେ ପୂର୍ଣ୍ଣାହୁତି ପକାଯିବ ବୋଲି ପୂଜା କମିଟି ପକ୍ଷରୁ ସୂଚନା ଦିଆଯାଇଛି।ପୂଜା କମିଟିରେ ସଭାପତି (ବ୍ୟବସାୟୀ ସଂଘ) ବିଦ୍ୟାଧର ତନସନା, ଉପସଭାପତି ତ୍ରିନାଥ ପୃଷେଠ, ମନବୋଧ ବାଘ, ସମ୍ପାଦକ ବିପ୍ଳବ କୁମାର ଦାଶ, କୋଷାଧକ୍ଷ ସରାଫତ ମହମ୍ମଦ ପ୍ରମୁଖ ଉପସ୍ଥିତ ରହି ପୂଜା କାର୍ଯ୍ୟ ସମ୍ପାଦନ କରିଥିଲେ।କୁଚିଣ୍ଡା ଡେଲି ମାର୍କେଟରେ ପ୍ରତିବର୍ଷ ହେଉଥିବା ପୂଜୋତ୍ସବ କଳାକାର ସାଂସ୍କୃତିକ ଉତ୍ସବମାନଙ୍କ ମଧ୍ୟରେ ଗୁରୁତ୍ୱପୂର୍ଣ୍ଣ ସ୍ଥାନ ଦର୍ଶାଏ। ଏବର୍ଷ ମଧ୍ୟ ବହୁ ସଂଖ୍ୟକ ଭକ୍ତ ଓ ଅତିଥିଙ୍କ ଯୋଗଦାନ କରିଥିଲେ।

# ବାଇକ୍ ଧକ୍କାରେ ଯୁବକଙ୍କ ମୃତ୍ୟୁ

**କୁଚିଣ୍ଡା, ୪।୧୨ (ସମିସ);** କୁଚିଣ୍ଡା ଗୋବିନ୍ଦପୁର ଥାନା ଅଞ୍ଚଳରେ ଗୁରୁବାର ସନ୍ଧ୍ୟାରେ ସଡ଼କ ଦୁର୍ଘଟଣାରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ହୋଇଛି। ସୂଚନା ଅନୁସାରେ, ସନ୍ଧ୍ୟାରେ ବାମରା ନିକଟ ସାଧପଡ଼ାଗ୍ରାମର ରସାନନ୍ଦ କମାର(୩୫)ଘରୁ ଆସି ସାଧପଡ଼ା ଛକର ଆରପଟକୁ ପାରି ହେଉଥିବା ବେଳେ ରେଂଘାପଡ଼ାପଟୁ ଦ୍ରୁତ ଗତିରେ ଆସୁଥିବା ଜଣେ ବାଇକ୍ ଆରୋହୀ ଧକ୍କା ଦେବାରୁ ସେ ରାସ୍ତାରେ ଛିଟିକି ପଡ଼ି ଗୁରୁତର ହୋଇଥିଲେ। ଖବର ପାଇ ଗୋବିନ୍ଦପୁର ଥାନା ଷ୍ଟାଫ ଓ ଅଗ୍ନିଶମ ବିଭାଗ ପହଞ୍ଚି ଗୋବିନ୍ଦପୁର ଡାକ୍ତରଖାନାକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଅନ୍ୟପଟେ ଦୁର୍ଘଟଣା ଘଟାଇଥିବା ବାଇକ୍ ଚାଳକ ଘଟଣା ସ୍ଥଳରେ ନ ଥିବା ଦେଖିବାକୁ ମିଳିଥିଲା। ଦୁର୍ଘଟଣା ପରେ ପୁଲିସ ବାଇକ୍ ନଂଓଡି-୧୬ କେ୨୯୫୦କୁ ଜବତ କରିବା ସହ ପ୍ରାଥମିକ ତଦନ୍ତ ଆରମ୍ଭ କରିଛି। ମୃତ ରସାନନ୍ଦଙ୍କ ୩ ଝିଅ ଓ ୧ ପୁଅ ଥିବାବେଳେ, ସମସ୍ତେ ନାବାଳକ ଅଟନ୍ତି। ଘଟଣା ପରେ ଗାଁରେ ଶୋକର ଛାୟା ଖେଳିଯାଇଛି।

# ଦନ୍ତା ନଦୀରୁ ବେଆଇନ ବାଲି ଚୋରା ଚାଲାଣ, ଥାନାରେ ଅଭିଯୋଗ

**ଭେଡେନ, ୪।୧୨(ସମିସ)**

ଭେଡେନ ଅଞ୍ଚଳରେ ଦିନରାତି ହାଇଓ୍ୱା ଦ୍ୱାରା ନଦୀରେ ମେସିନ ଲଗାଇ, ନିର୍ଭୟରେ ବାଲି ମାଫିଆ ବାଲି ଚୋରା ଚାଲାଣ କରୁଛନ୍ତି। ଭେଡେନ ଦୁଇ ପାର୍ଶ୍ୱରେ ଦନ୍ତା ଓ ଜିରା ନଦୀ ପ୍ରବାହିତ। ଦିନେ ଚିର ପ୍ରବାହିତ ଏହି ନଦୀ ଦ୍ୱୟ ଜଳଯୋଗାଣ ଠୁ ଆରମ୍ଭ କରି ଚାଷ କାର୍ଯ୍ୟ ପାଇଁ ଜଳ ଯୋଗାଇ ଆସୁଥିଲା। ହେଲେ ଆଜି ବାଲି ମାଫିଆଙ୍କ ଯୋଗୁଁ ଶେଷ ନିଶ୍ୱାସ ନେଉଛି ଦନ୍ତା ଓ ଜିରା ନଦୀ। ଦିନରାତି ଚାଲିଛି ବାଲି ଚୋରା ଚାଲାଣ। ଦନ୍ତା ନଦୀ ଠାରେ ନିର୍ମିତ ବ୍ରିଜରୁ ମାତ୍ର ୧୦୦ମିଟର ଦୂରରୁ ମେସିନ ଲଗାଇ ବେଆଇନ ଭାବେ ବାଲି ମାଫିଆ ମାନେ ବାଲି ଚୋରା ଚାଲାଣ କରିବା ସହିତ ନିର୍ମିତ ହୋଇଥିବା ବ୍ରିଜ ସୁରକ୍ଷା ପ୍ରତି ବିପଦ ସୃଷ୍ଟି କରିଛି। ଏଠାରୁ ବାଲି ମାଫିଆ ମାନେ ବାଲି ଚୋରାରେ ନେଇ ଅନ୍ୟତ୍ର ବିକ୍ରି କରୁଛନ୍ତି। ଫଳରେ ଅଞ୍ଚଳର ଲୋକ ମାନେ ଘର ନିର୍ମାଣ ସହିତ ଅନ୍ୟାନ୍ୟ କାର୍ଯ୍ୟ ପାଇଁ ବାଲି ପାଇଁ ଅନେକ ଅସୁବିଧାର ସମ୍ମୁଖୀନ ହେବା ସହିତ ବାଲି ମାଫିଆ ମାନେ ଅଞ୍ଚଳ ଲୋକଙ୍କୁ ଚଢ଼ା ଦରରେ ବାଲି ବିକ୍ରି କରୁଛନ୍ତି। ବାଲି ମାଫିଆଙ୍କୁ ବିରୋଧ କଲେ ସେମାନେ ଦାଦାଗିରି କରି ଲୋକଙ୍କୁ ଭୟଭୀତ କରିବାର ମଧ୍ୟ ନଜର ଅଛି। ଏନେଇ ବକଟି ପଞ୍ଚାୟତର ପୂର୍ବତନ ସରପଞ୍ଚ ଅରବିନ୍ଦ ହୋତା ଭେଡେନ ଥାନରେ ଅଭିଯୋଗ କରିଥିବା ସହିତ ବାଲି ମାଫିଆଙ୍କ ପ୍ରତି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରନ୍ତୁ ବୋଲି ପ୍ରକାଶ କରିଛନ୍ତି।



# ପୂର୍ବତନ ପ୍ରଧାନ ଶିକ୍ଷକ ପ୍ରେମାନନ୍ଦ ପାଢ଼ୀଙ୍କୁ ଶ୍ରଦ୍ଧାଞ୍ଜଳି

**ସମ୍ବଲପୁର, ୪।୧୨ (ସମିସ) :** ଚନ୍ଦ୍ରଶେଖର ବେହେରା ଜିଲ୍ଲା ସ୍କୁଲର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ପ୍ରେମାନନ୍ଦ ପାଢ଼ୀ (୮୨)ଙ୍କ ଗତ ୨୬ ତାରିଖରେ ପରଲୋକ ହୋଇଯାଇଛି। ତାଙ୍କ ବିୟୋଗରେ ଜିଲ୍ଲାସ୍କୁଲ ସଭାକକ୍ଷରେ ବର୍ତ୍ତମାନ ଶିକ୍ଷକ



ରଘୁନାଥ ପୂଜାରୀଙ୍କ ସଭାପତିତ୍ୱରେ ଏକ ଶୋକସଭା ଅନୁଷ୍ଠିତ ହୋଇଯାଇଛି। ଏଥିରେ ପୂର୍ବତନ ଏବଂ ବର୍ତ୍ତମାନର ଶିକ୍ଷକ ଶିକ୍ଷୟିତ୍ରୀ ତଥା ପୁରାତନ ଛାତ୍ରମାନେ ତାଙ୍କ ସ୍ମୃତିଚାରଣ କରିଥିଲେ। ଶୋକସଭାରେ ରାଧାଚରଣ ମେହେର, ଦୋଳଗୋବିନ୍ଦ ସାହୁ, ହୃଷିକେଶ ବଡ଼ାଇ, ଭଗିରଥୀ ପ୍ରଧାନ, ବିହାରୀଲାଲ ମହାନ୍ତି, ରାମେଶ୍ୱର ପାଢ଼ୀ, ସିଭିଲ କୁମାର ନାଏକ, ଅଚ୍ୟୁତାନନ୍ଦ ପଟେଲ, ପ୍ରତିଭା ଦେବୀ, ସୁଷମା ଗୁରୁ, ଦିଲ୍ଲୀପ କୁମାର ପ୍ରଧାନ, କୁଳମଣି ଦାଶ, ଆଶୁତୋଷ ହୋତା, ବିଘ୍ନେଶ୍ୱର ପାରିଗ୍ରାହୀ ପ୍ରମୁଖ ଜିଲ୍ଲା ସ୍କୁଲର ଶିକ୍ଷକମାନେ ଉପସ୍ଥିତ ଥିଲେ।

# ଭୀମଭୋଇ ମହାବିଦ୍ୟାଳୟରେ ବିପର୍ଯ୍ୟୟ ପରିଚାଳନା ପ୍ରଶିକ୍ଷଣ

**ରେଢ଼ାଖୋଲ, ୪।୧୨(ସମିସ):** ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ଭୀମଭୋଇ ମହାବିଦ୍ୟାଳୟରେ ଗୁରୁବାର ଦିନ ଓଡ୍ରାଫ୍ ତରଫରୁ ଦୁଇଦିନିଆ ବିପର୍ଯ୍ୟୟ ପରିଚାଳନା ପ୍ରଶିକ୍ଷଣ ଶିବିର ଉଦ୍‌ଯାପିତ ହୋଇଯାଇଛି। ଉଦ୍‌ଯାପନୀ ସଭାରେ କଲେଜର ଅଧକ୍ଷ ପ୍ରାଧ୍ୟାପକ ଅମୂଲ୍ୟ କୃଷ୍ଣ ପାଢ଼ୀ ଅଧକ୍ଷତା କରିଥିଲେ। ୩ ତାରିଖରୁ ଆରମ୍ଭ ହେଇଥିବା ପ୍ରଶିକ୍ଷଣ ଶିବିରକୁ ଓଏସଏପି ଦ୍ୱିତୀୟ ବାଟାଲିୟନ୍, ଝାରସୁଗୁଡ଼ାର ଓଡ୍ରାଫ୍ ୟୁନିଟ୍ ସବ୍ ଇନ୍ସପେକ୍ଟର ତେଜ୍ ବାହାଦୁର ଗୁରୁଙ୍ଗଙ୍କ ନେତୃତ୍ୱରେଛଅ ଜଣିଆ ଦଳ ପରିଚାଳନା କରିଥିଲେ। ଭୀମଭୋଇ ମହାବିଦ୍ୟାଳୟ, ଗୌରଚନ୍ଦ୍ର ଉଚ୍ଚ ବିଦ୍ୟାଳୟ, ରାଣୀ ଅନ୍ନପୂର୍ଣ୍ଣା ବାଳିକା ବିଦ୍ୟାଳୟ ଓ ପ୍ରଭୁଜୀ ଇଂରାଜୀ ମାଧ୍ୟମ ବିଦ୍ୟାଳୟର ଏନସିସି କ୍ୟାଡେଟ, ସ୍କାଉଟ ଓ ଗାଇଡଙ୍କୁ ପ୍ରଶିକ୍ଷଣ ପ୍ରଦାନ କରାଯାଇଥିଲା। ଭୀମଭୋଇ ମହାବିଦ୍ୟାଳୟର ପ୍ରାଧ୍ୟାପକ ଅରୁଣ କୁମାର ଶାସନି, ଏନସିସି






ଅଧିକାରୀ ସୁଶାନ୍ତ କେରକେଟା ଓ ପ୍ରଭୁଜୀ ଇଂରାଜୀ ମାଧ୍ୟମ ବିଦ୍ୟାଳୟର ଏନସିସି ଅଧିକାରୀ ନୃସିଂହ ଚରଣ ମୁଦୁଲି ପରିଚାଳନାରେ ସହଯୋଗ କରିଥିଲେ।ଶିବିରରେ ଶିବିରାର୍ଥିଙ୍କୁ ମୁଖ୍ୟତଃ ବନ୍ୟା, ବାତ୍ୟା, ଭୂମିକମ୍ପ ଓ ସୁନାମି ପରି ପ୍ରାକୃତିକ ବିପର୍ଯ୍ୟୟ ଏବଂ ବିଭିନ୍ନ ପ୍ରକାରର ମନୁଷ୍ୟକୃତ ବିପର୍ଯ୍ୟୟ ଗୁଡ଼ିକ ସମ୍ମୁଖୀନ ହେବାର କୌଶଳ ଗୁଡ଼ିକ ସମ୍ପର୍କରେ ତାଲିମ ପ୍ରଦାନ କରାଯାଇଥିଲା। ଏହା ସହିତ ସିପିଆର ସମେତ ବିଭିନ୍ନ ପ୍ରକାରର ପ୍ରାଥମିକ ଚିକିତ୍ସା ବାବଦରେ ଶିବିରାର୍ଥିଙ୍କୁ ପ୍ରଶିକ୍ଷଣ ପ୍ରଦାନ କରାଯାଇଥିଲା।

# ମା’ତାରିଣୀ ମେଳା ବାର୍ଷିକ ଉତ୍ସବ

**ରେଢ଼ାଖୋଲ, ୪।୧୨ (ସମିସ):** ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ସହରଏଲଆଇସି କଲୋନୀସ୍ଥିତ ମା’ତାରିଣୀ ମନ୍ଦିର ପ୍ରାଙ୍ଗଣରେ ଗୁରୁବାର ଦିନ ବାର୍ଷିକୋତ୍ସବ ମା’ ତାରିଣୀ ମେଳା ଅନୁଷ୍ଠିତ ହୋଇଯାଇଛି। ମେଳା ଅବସରରେ ସକାଳୁ ଘଣ୍ଟ, ବାଦ୍ୟ, କୀର୍ତ୍ତନ, ଦୁଲଦୁଲି, ନାମକିର୍ତ୍ତନ କରି ଶତାଧିକ ମହିଳା ପୁରୁଷ କଳସୀ ଶୋଭାଯାତ୍ରାରେ ସହର ପରିକ୍ରମା କରିଥିଲେ। ବିଦ୍ଧିବିଦ୍ଧ ପୂଜାର୍ଚ୍ଚନା ସହିତ ହୋମଯଜ୍ଞ ଅନୁଷ୍ଠିତ ହୋଇଥିଲା। ସନ୍ଧ୍ୟାରେ ଭଜନ ସମାରୋହ ସହିତ ବିଭିନ୍ନ ପ୍ରକାର କାର୍ଯ୍ୟକ୍ରମ ସହିତ ସହସ୍ରାଧିକ ଭକ୍ତଙ୍କ ସମାଗମରେ ମହୋତ୍ସବ ଶାନ୍ତି ଶୃଙ୍ଖଳା ସହିତ ପାଳନ ହୋଇଯାଇଛି। କର୍ତ୍ତା ଭାବରେ ସପତ୍ନି ସହିତ ସିଦ୍ଧାର୍ଥ ପ୍ରଧାନ ଦାୟିତ୍ୱ ତୁଲାଇଥିଲେ। ମନ୍ଦିର ମୁଖ୍ୟ ପୂଜକ ଶିଶିର ମହାପାତ୍ର, କମିଟି ସଭାପତି ଜ୍ଞାନ ରଞ୍ଜନ ପ୍ରଧାନ, ସମ୍ପାଦକ ସନ୍ଦୀପ ଦେହୁରୀ, କୋଷାଧ୍ୟକ୍ଷ ସୁଦିନ ରାଏ, ସହକୋଷାଧ୍ୟକ୍ଷ ସୂର୍ଯ୍ୟକାନ୍ତ ବିଶ୍ୱାଳ, ଖଗେଶ୍ୱର ପ୍ରଧାନ, ଲକ୍ଷ୍ମୀକାନ୍ତ ସାହୁ, ଦେବବ୍ରତ ରାଉତ, ସୁରଥ କୁମାର ସାହୁ, ସତ୍ୟନାରାୟଣ ପ୍ରଧାନ, ଖେଳନିଧି ପ୍ରଧାନ, ବଳରାମ ଧଳ, ସଚିଦାନନ୍ଦ ସାହୁ, ଜୟନ୍ତ ପ୍ରଧାନ, ଭବାନିଶଙ୍କର ଦାସ, ପରମେଶ୍ୱର ପ୍ରଧାନ, ବିମ୍ବାଧର ନାଗ ପ୍ରମୁଖ ସମେତ ଅନ୍ୟ ସଦସ୍ୟମାନେ ସହଯୋଗ କରିଥିଲେ।

# ବିଦ୍ୟାବିକାଶ କ୍ୟାମ୍ପସରେ ବାର୍ଷିକ କ୍ରୀଡ଼ା

**ସମ୍ବଲପୁର, ୪।୧୨ (ସମିସ):** ଶାସନସ୍ଥିତ ବିଦ୍ୟା ବିକାଶ କ୍ୟାମ୍ପସରେ ବାର୍ଷିକ କ୍ରୀଡ଼ା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସକାଳେ ଶିକ୍ଷକଶିକ୍ଷୟିତ୍ରୀ ତଥା ଛାତ୍ରମାନେ ମା’ସମଲେଶ୍ୱରୀଙ୍କ ମନ୍ଦିରରୁ ମଶାଲ




ଆଣି ଖେଳ ପଡ଼ିଆରେ ସ୍ଥାପନ କରିଥିଲେ। ଉତ୍ସବରେ ଓଡ଼ିଶା ଅଲିମ୍ପିକ୍ ଆସୋସିଏସନ୍‌ର ଉପସଭାପତି ତଥା ସମ୍ବଲପୁର ଜିଲ୍ଲା ଆଥ୍ଲେଟିକ୍ ଆସୋସିଏସନ୍‌ର ଉପସଭାପତି ଦୁଲାଲ ଚନ୍ଦ୍ର ପ୍ରଧାନ ମୁଖ୍ୟଅତିଥି ଭାବରେ ଯୋଗଦାନ କରି ଖେଳର ଉଦ୍‌ଘାଟନ କରିଥିଲେ। ବିକାଶ ଦ କନ୍‌ସେପ୍ଟ ସ୍କୁଲର ଅଧକ୍ଷ ମନୋରଞ୍ଜନ ପତି ଅତିଥି ପରିଚୟ ପ୍ରଦାନ ସହିତ ସ୍ୱାଗତ ସମ୍ଭାଷଣ କରିଥିଲେ। ବିଦ୍ୟାର୍ଜନ ସହିତ ଶାରୀରିକ କ୍ରୀଡ଼ା ମନ ଓ ଶରୀରକୁ ସ୍ଫୂର୍ତ୍ତି ରଖିବା ସହିତ ମନରେ ଏକାଗ୍ରତା ଆଣିବାରେ ସହାୟକ ହୋଇଥାଏ ବୋଲି ମୁଖ୍ୟଅତିଥି ମତବ୍ୟକ୍ତ କରିଥିଲେ। ବିଦ୍ୟା ବିକାଶ ଗ୍ରୁପ୍‌ର ଚେୟାରମେନ୍ ତଥା ମ୍ୟାନେଜିଂ ଡାଇରେକ୍ଟର ଜି. ଭାସ୍କର ରାଓ ଯୋଗଦେଇ ଖେଳ ପଡ଼ିଆକୁ ରାଜ୍ୟ ଓ ଅନ୍ତଃରାଷ୍ଟ୍ରୀୟସ୍ତରର ଖେଳ ପ୍ରତିଯୋଗିତା ଉପଯୋଗୀ କରିବା ପାଇଁ ପ୍ରତିଶ୍ରୁତି ଦେବାସହିତ ଛାତ୍ରଛାତ୍ରୀଙ୍କ ଉଚ୍ଚସ୍ତରୀୟ ପ୍ରଦର୍ଶନ ଏହି ପଡ଼ିଆ ସହଯୋଗୀ ହେବ ବୋଲି ମତ ରଖିଥିଲେ। ଏକ୍‌ଜିକ୍ୟୁଟିଭ୍ ଡାଇରେକ୍ଟର ଜି. ରାମକ୍ରିଷ୍ଣା କ୍ରୀଡ଼ାର ଉପଯୋଗିତା ଉପରେ ଆଲୋକପାତ କରିଥିଲେ। ବିଦ୍ୟା ବିକାଶ ଗ୍ରୁପ୍‌ର ମୁଖ୍ୟ ପ୍ରଶାସନିକ ଅଧିକାରୀ ସଞ୍ଜୀବ କୁମାର ବାବୁ ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା ଦ୍ୱାରା ଛାତ୍ରଛାତ୍ରୀ ମାନଙ୍କ ପ୍ରତିଭା ଉନ୍ମୋଚିତ ହୋଇଥାଏ ବୋଲି କହିଥିଲେ। ବିକାଶ ନର୍ସିଂ କଲେଜ ଅଧକ୍ଷ ଈଶ୍ୱର ନାଗ, ହାୟର ସେକେଣ୍ଡାରୀ ସ୍କୁଲ ଅଧକ୍ଷ ଡଃ ଦିବ୍ୟସିଂହ ମହାନ୍ତ, ବିକାଶ କନ୍‌ସେପ୍ଟ ସ୍କୁଲର ଉପାଧକ୍ଷ ଯଶୱନ୍ତ ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ସିବିଏସ୍‌ଇ ସିନିୟର ସେକେଣ୍ଡାରୀ ସ୍କୁଲର ଅଧକ୍ଷା ଡଃ ପୁଷ୍ପିତା ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। କ୍ରୀଡ଼ା ପ୍ରତିଯୋଗିତାରେ ବିଦ୍ୟାଳୟର ୧୫୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଭାଗ ନେଇଛନ୍ତି। ଦୌଡ଼, ଲମ୍ବ ଡିଆଁ, ଉଚ୍ଚ ଡିଆଁ, ଥାଳିଆ ଫିଙ୍ଗା, ଗୋଳା ଫିଙ୍ଗା, ଭାଲା ଫିଙ୍ଗା ଆଦି ପ୍ରତିଯୋଗିତା ଗୁଡ଼ିକ ଅନୁଷ୍ଠିତ ହୋଇଯାଇଛି। କ୍ରୀଡ଼ା ଶିକ୍ଷକ ପ୍ରେମରାଜ ବଘାର, ସୁଦାମ ବିଶ୍ୱାସ, ସୁନିଲ ସିଂହଙ୍କ ସମେତ ଶିକ୍ଷକ ଶିକ୍ଷୟିତ୍ରୀମାନେ କ୍ରୀଡ଼ା ପରିଚାଳନାରେ ସହଯୋଗ କରିଥିଲେ।


## ଗୁରୁମୁଣ୍ଡା କପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟ

# ବଢେଇମୁଣ୍ଡାକୁ ହରାଇ ମାରୁତି-୧୧ ଚାମ୍ପିଅନ



**ଜମନକିରା, ୪।୧୨(ସମିସ)**

ଜମନକିରା ବ୍ଲକ ମହଦା ପଞ୍ଚାୟତ ଗୁରୁମୁଣ୍ଡା ଖେଳ ପଡ଼ିଆରେ ଦି ଦିବସୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ଗୁରୁମୁଣ୍ଡା କପ ଗୁରୁବାର ଉଦ୍‌ଯାପିତ ହୋଇଯାଇଛି। ବୁଧୁବାର ଫୁଟବଲ ଟୁର୍ଣ୍ଣାମେଣ୍ଟ ଉଦ୍‌ଘାଟନ ହୋଇଥିଲା। ଉଦ୍‌ଘାଟନରେ ମୁଖ୍ୟଅତିଥି ଭାବରେ ମହଦା ଗ୍ରାମର ସମାଜସେବୀ ମନୋଜ କୁମାର ପଟେଲ, ମୁଖ୍ୟବକ୍ତା ଭାବରେ ଲଖନପୁର ବ୍ଲକ ସୁନାରି ହାଇ ସ୍କୁଲର ପ୍ରଧାନଶିକ୍ଷକ କ୍ଷେତ୍ର ମୋହନ ସୁନାନୀ, ସମ୍ମାନୀତ ଅତିଥି ଭାବରେ ଜଗଦୀଶ ପ୍ରସାଦ ହର ଯୋଗ ଦେଇଥିଲେ। ବୁଧବାର ପ୍ରଥମ ମ୍ୟାଚ ହିର୍ମା ଏଫସି ଝାରସୁଗୁଡା ଓ ବୀଣାପାଣି କ୍ଲବ୍ ମଧ୍ୟରେ ହୋଇଥିଲା। ଖେଳକୁ ପରିଚାଳନା କରିଥିଲେ ନୀଳମଣି ନାଏକ, ସାଗର ନାଏକ, ତମୟ କିସାନ ଓ ମେଘନାଥ ଓରାମ। ସଭାପତି ଲୋଚନ ମୁଣ୍ଡା, ସମ୍ପାଦକ ସୁଶିଲ ମୁଣ୍ଡା, କୁଶ ମୁଣ୍ଡା, ଲବ ମୁଣ୍ଡା, ଗଙ୍ଗା ଧର ସୁନାନୀ, ଆକାଶ ମୁଣ୍ଡା, ସନ୍ତୋଷ ମୁଣ୍ଡା, ବୀର ମୁଣ୍ଡା, ବାବୁଲୁ ମୁଣ୍ଡା, ସୁଜିତ ଭୋଇ, ଅଜୟ ବାରିହା। ଆଜି ଫାଇନାଲ ଖେଳ ମାରୁତି ୧୧ସହ ବଢେଇମୁଣ୍ଡା ମଧ୍ୟରେ ହୋଇଥିଲା। ଟ୍ରାଇବେକରରେ ବଢେଇମୁଣ୍ଡାକୁ ହରାଇ ମାରୁତି-୧୧ ଚାମ୍ପିଅନ ହୋଇଥିଲା। ଉଦଯାପନୀଉତ୍ସବରେ ମୁଖ୍ୟ ଅତିଥି ଭାବରେ ସମାଜସେବୀ ମନୋଜ କୁମାର ପଟେଲ, ମୁଖ୍ୟବକ୍ତା ଭାବରେ ଅଙ୍କ ଡ଼ିହି ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ସୁରୁ ମୁନୁ ସୁନାନୀ, ସମ୍ମାନିତ ଅତିଥି ଭାବରେ ବଦ୍ରି କୁମାର ବରିହା, କ୍ଷିତି ରଞ୍ଜନ ପଧାନ, ଜଗଦୀଶ ପ୍ରସାଦ ହର, ସନାତନ ନାଏକ ଯୋଗ ଦେଇ ଚାମ୍ପିଅନ ମାରୁତି ୧୧କୁ ଟ୍ରଫି ସହ ୩୦ହଜାର ଟଙ୍କା ଓ ରନର୍ସଅପ ବଢେଇମୁଣ୍ଡାକୁ ଟ୍ରଫିସହ ୨୦ ହଜାର ଟଙ୍କା ପ୍ରଦାନ କରିଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ଗୋଟିଏ ସମ୍ବିଧାନ ଯେତେ ଭଲ ହେଉନା କାହିଁକି, ଏହାକୁ କାର୍ଯ୍ୟକାରୀ କରୁଥିବା ଲୋକେ ଯଦି ଖରାପ ହୋଇଥିବେ, ତେବେ ଏହା ଖରାପ ବୋଲି ପ୍ରମାଣିତ ହେବ !
-ଡକ୍ଟର ବି ଆର ଆମ୍ବେଦକର

## ପୁଟିନ୍‌ଙ୍କ ଭାରତଗସ୍ତର ବାର୍ତ୍ତା

ରୁଷ ରାଷ୍ଟ୍ରପତି ଭ୍ଲାଦିମାର ପୁଟିନ୍ ଏସୀୟ ଭୂରାଜନୀତିର ଏଭଳି ଏକ ଘଡ଼ିସନ୍ଧି ମୁହୂର୍ତ୍ତରେ ଭାରତ ଗସ୍ତରେ ଆସିଛନ୍ତି, ଯାହା ଉପରେ ସମଗ୍ର ବିଶ୍ୱର ଦୃଷ୍ଟି ରହିଛି। ବିଶେଷକରି ବର୍ତ୍ତମାନ ଭାରତ-ବିମୁଖୀ ଓ ପାକିସ୍ତାନୀ-ସୁହାଗୀ ଆମେରିକା ପୁଟିନ୍‌ଙ୍କ ଭାରତଗସ୍ତକୁ ଅତି ଗୁରୁତ୍ୱର ସହିତ ସମୀକ୍ଷା କରୁଛି। ଏବେ ପଡ଼ୋଶୀମାନେ ହିଁ ଭାରତ ପାଇଁ ଶତ୍ରୁସୁଲଭ ଆଚରଣ ପ୍ରଦର୍ଶନ କରୁଥିବା ବେଳେ ଏହାର ଫାଇଦା ନେବା ପାଇଁ ଆମେରିକା କୌଣସି ସୁଯୋଗ ହାତଛଡ଼ା କରିବାକୁ ଚାହୁଁନାହିଁ। ଅପରପକ୍ଷରେ ପାକିସ୍ତାନ ମଧ୍ୟ ଆମେରିକା କୋଳରେ ବସି ଭାରତକୁ ପାନେ ଦେବା ଅପେକ୍ଷାରେ ରହିଛି। ତେଣୁ ଆମେରିକା ସହଯୋଗରେ ଆରବ ସାଗରରେ ସାମରିକ ଘାଟି ପ୍ରତିଷ୍ଠା କରିବାର ଯୋଜନା ଚୂଡ଼ାନ୍ତ କରିଛି। ସେପଟେ ବାଂଲାଦେଶ ପାକିସ୍ତାନ ଓ ଚୀନ୍ ସହିତ ମିଶି ଭାରତ ବିରୋଧୀ ଆଭିମୁଖ୍ୟ ପୋଷଣ କରିଛି। ଭାରତ ସୀମାନ୍ତରେ ସାମରିକ ଘାଟି ପ୍ରତିଷ୍ଠା ପାଇଁ ଚୀନ୍ ଓ ପାକିସ୍ତାନକୁ ଅକୁଣ୍ଠ ସହଯୋଗ ଓ ସମର୍ଥନ ଦେଉଛି।

ସେହିପରି ଆମେରିକା ଚାପରେ ରୁଷ୍‌ରୁ ତୈଳ ଆମଦାନୀକୁ ଭାରତ କାଣ୍ଟଛାଣ୍ଟ କରିଛି। ଦୁଇ ଦେଶ ମଧ୍ୟରେ ମୁଦ୍ରା ବିନିମୟ ଏକ ଆହ୍ୱାନ ହୋଇଛି। ଏହି ପୃଷ୍ଠଭୂମିରେ ପୁଟିନ୍‌ଙ୍କ ଭାରତ ଗସ୍ତ ଅନେକ ଦୃଷ୍ଟିରୁ ଉଭୟଦେଶ ପାଇଁ ମଧ୍ୟ ଗୁରୁତ୍ୱପୂର୍ଣ୍ଣ। ବିଶେଷକରି ଭାରତ ତା'ର ପୁରୁଣା ଓ ବିଶ୍ୱାସୀ ବନ୍ଧୁ ରୁଷ୍ ସହିତ ଆଣବିକ ଶକ୍ତି କ୍ଷେତ୍ରରେ କେତେକ ରାଜିନାମା ସ୍ୱାକ୍ଷର କରିବାକୁ ଯାଉଛି, ଯାହା ସର୍ବାଦୌ ଅଧିକ ଆଲୋଚନାର ଅପେକ୍ଷା ରଖେ। ଇତିମଧ୍ୟରେ ଆମେରିକା ତା'ର ଆଣବିକ ପରୀକ୍ଷଣ କଟକଣାକୁ କୋହଳ କରିଛି ଏବଂ ଭାରତ ପ୍ରତି ଆଣବିକ ଶକ୍ତି କ୍ଷେତ୍ରରେ ଥିବା ପ୍ରତିବନ୍ଧକ ହଟାଇ ଦେଇଛି। ଏହି କାରଣରୁ ଭାରତ-ରୁଷ୍ ମଧ୍ୟରେ ସମ୍ଭାବ୍ୟ ଆଣବିକ ଶକ୍ତି ରାଜିନାମା ବିଶ୍ୱ କୂଟନୀତି ଓ ଭୂରାଜନୀତିରେ ଅନେକ କିଛି ନୂଆ ସମୀକରଣ ସୃଷ୍ଟି କରିବାକୁ ଯାଉଛି।

ରୁଷର ଆଣବିକ ଶକ୍ତି କମ୍ପାନୀ ରୋଜାଟମ୍ ଷ୍ଟେଟ୍ କର୍ପୋରେସନ୍ ଭାରତରେ ମଡ୍ୟୁଲାର୍ ରିଆକ୍ଟର ପ୍ରତିଷ୍ଠା କରିବାର ଯୋଜନା ରଖିଛି। ଏହା ସହିତ ନୂତନ ପିଢ଼ିର ପରମାଣୁ ଶକ୍ତି ରିଆକ୍ଟର ପାଇଁ ମଧ୍ୟ ଦୁଇ ଦେଶ ମଧ୍ୟରେ ବୁଝାମଣା ହେବାର ସମ୍ଭାବନା ରହିଛି। ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ଓ ଭାରତର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହିତ ଶୀର୍ଷସ୍ତରୀୟ ବୈଠକରେ ଏ ସମ୍ପର୍କରେ ଆଲୋଚନା ଚୂଡ଼ାନ୍ତ ହୋଇପାରେ। ପୁଟିନ୍‌ଙ୍କ ସହିତ ଭାରତ ଗସ୍ତରେ ଆସିଥିବା ରୁଷ୍‌ର ଏକ ବଡ଼ ପରମାଣୁ ଶିଳ୍ପପତି ଗୋଷ୍ଠୀ ପଛର କାରଣ ସମୀକ୍ଷା କଲାବେଳେ ଏହି ସୂଚନା ମିଳିଛି। ଏଥିପୂର୍ବରୁ ତାମିଲନାଡୁର କୁଡାନକୁଲମ ଆଣବିକ କେନ୍ଦ୍ର ପ୍ରକଳ୍ପ ସମ୍ପ୍ରସାରଣ ସମ୍ପର୍କରେ ଉଭୟ ଦେଶର ଅଧିକାରୀମାନେ ସମୀକ୍ଷା କରିସାରିଛନ୍ତି। ରୁଷିଆ ବିଶ୍ୱର ଏକମାତ୍ର ଦେଶ, ଯାହାର ଭାସମାନ ଆଣବିକ ଶକ୍ତି କେନ୍ଦ୍ର ପ୍ରତିଷ୍ଠା ଓ ପରିଚାଳନାରେ ପାରଦର୍ଶିତା ଓ ବୈଷୟିକ ଜ୍ଞାନକୌଶଳ ରହିଛି। ଏହି ବୁଝାମଣା ସ୍ୱାକ୍ଷରିତ ହେଲେ ଭାରତ ସ୍ୱଚ୍ଛ ଶକ୍ତି ଉତ୍ପାଦନ କ୍ଷେତ୍ରରେ ଆଉ ଦୁଇପାଦ ଆଗକୁ ଯିବ ଏବଂ ୨୦୭୦ ସୁଦ୍ଧା ଶୂନ୍ୟ କାର୍ବନ ନିର୍ଗମନ ଲକ୍ଷ୍ୟକୁ ପୂରଣ କରିବାରେ ସହାୟକ ହେବ। ଏଥିସହିତ ଆଣବିକ ଶକ୍ତି କେନ୍ଦ୍ରର ସୁରକ୍ଷା ଆଳରେ ରୁଷ୍‌ର ଉପସ୍ଥିତି ଭାରତ ମହାସାଗରେ ରହିବ। ତେଣୁ ଆମେରିକା କିମ୍ବା ଚୀନ୍ ଆଡୁ ଭାରତ ପ୍ରତି ସାମୁଦ୍ରିକ ପଥରେ ଥିବା ବିପଦ ଆଶଙ୍କା ମଧ୍ୟ ଅନେକ ପରିମାଣରେ ହ୍ରାସ ପାଇପାରିବ।

ପ୍ରତିରକ୍ଷା ପାଇଁ ଭାରତ ପାଖରେ ଯେତିକି ଯୁଦ୍ଧାସ୍ତ୍ର ରହିଛି ତାହା ପର୍ଯ୍ୟାପ୍ତ ନୁହେଁ। ଇତିମଧ୍ୟରେ ପାକିସ୍ତାନ ପଟୁ ଭାରତ ବିପକ୍ଷରେ ପୂର୍ଣ୍ଣାଙ୍ଗ ଯୁଦ୍ଧର ଧମକ ମିଳିଛି। ପାକିସ୍ତାନ ଯଦି ଆକ୍ରମଣ କରେ ତେବେ ଭାରତ ପାଖରେ ଥିବା ଯୁଦ୍ଧାସ୍ତ୍ର, ଗୁଳିଗୋଳା ଓ ସରଞ୍ଜାମ ମାତ୍ର ସପ୍ତାହେ ଭିତରେ ସରିଯିବ। ଅପରପକ୍ଷରେ ତୁର୍କୀ ଓ ଚୀନ୍ ଦ୍ୱାରା ପାକିସ୍ତାନ ଯୁଦ୍ଧାସ୍ତ୍ରରେ ସବଳ ହେବ। ଏଭଳି ପରିସ୍ଥିତିରେ ଭାରତର ପୁରୁଣା ବନ୍ଧୁ ରୁଷ୍ ହିଁ ସହାୟତାର ହାତ ବଢ଼ାଇବ। ଅପରେସନ୍ ସିନ୍ଦୂରରେ ରୁଷ୍ ନିର୍ମିତ ଏସ୍‌୪୦୦ ଭାରତ ପାଇଁ ନିର୍ଣ୍ଣାୟକ ସାବ୍ୟସ୍ତ ହୋଇଥିବାରୁ ଆହୁରି ଅଧିକ ଏହି ପ୍ରତିରକ୍ଷା ପ୍ରଣାଳୀ ଭାରତ କିଣିବାର ଆବଶ୍ୟକତା ରହିଛି। ଏହି ପ୍ରସଙ୍ଗରେ ଭାରତ-ରୁଷ୍ ଶୀର୍ଷ ବୈଠକରେ ଆଲୋଚନା ହେବାର ସମ୍ଭାବନା ଅଧିକ। ଉଭୟ ପକ୍ଷ ଉଭୟ ଦେଶର ସାମରିକ ଘାଟି ବ୍ୟବହାର କରିପାରିବେ ବୋଲି ରୁଷ୍ ସଂସଦ ସ୍ୱୀକୃତି ଦେବା ପରେ ଏହା ପଛରେ ଥିବା ଇଙ୍ଗିତ ବୁଝିବାକୁ ଆମେରିକା କିମ୍ବା ପାକିସ୍ତାନକୁ ବିଳମ୍ବ ହୋଇ ନଥିବ। ତୁର୍କୀ ମଧ୍ୟ ପୂର୍ବାପେକ୍ଷା ଅଧିକ ସଚେତନ ହୋଇସାରିଥିବ। ପୁଟିନ୍‌ଙ୍କ ଭାରତ ଗସ୍ତ ଏହା ଉପରେ ମୋହର ମାରିବ। ଏହାଛଡ଼ା ଭାରତ-ରୁଷ୍ ମଧ୍ୟରେ ବାଣିଜ୍ୟିକ କାରବାର ଆଗାମୀ ଦିନରେ ୧୦୦ ବିଲିୟନ ଡଲାରରେ ପହଞ୍ଚାଇବା ପାଇଁ ଉଭୟ ପକ୍ଷ ଚୁକ୍ତିନାମା ସ୍ୱାକ୍ଷର କରିବେ ବୋଲି ସୂଚନା ମିଳିଛି। ଭାରତ ପାଇଁ ଆମେରିକା ବଜାର ଏକପ୍ରକାର ବନ୍ଦ ହୋଇସାରିଥିôବାରୁ ଭାରତ ଯେଉଁ ବିକଳ୍ପ ବଜାରର ସନ୍ଧାନରେ ରହିଛି ରୁଷ୍ ତାହା ଯୋଗାଇ ଦେବ। ଏଥିପାଇଁ ରୁଷ୍‌ର ଶିଳ୍ପ ଓ ବ୍ୟବସାୟୀ ପ୍ରତିନିଧି ମଧ୍ୟ ଭାରତଗସ୍ତରେ ଆସିଛନ୍ତି।

ଏକପକ୍ଷରେ ଭାରତ ତୈଳ, ପ୍ରତିରକ୍ଷା ଓ ସାମରିକ ସହଯୋଗ ପାଇଁ ରୁଷ୍ ଉପରେ ନିର୍ଭରଶୀଳ। ଅପରପକ୍ଷରେ ବାଣିଜ୍ୟ ଓ ପ୍ରବାସନ ପାଇଁ ଆମେରିକାଠାରୁ ଏତେଶୀଘ୍ର ଦୂରେଇ ଯିବାକୁ ଚାହିଁବ ନାହିଁ। ଭାରତ-ରୁଷ୍ ଶୀର୍ଷ ବୈଠକକୁ ଆମେରିକା କିଭଳି ଦେଖିବ ଏବଂ କେଉଁ ନିଷ୍କର୍ଷ ବାହାର କରିବ ତାହା ଅସ୍ଥିରମତି ଟ୍ରମ୍ପଙ୍କ ଉପରେ ନିର୍ଭର କରେ। କିନ୍ତୁ ଭାରତ ଏହାକୁ ଚେକ୍ ଆଣ୍ଡ ବାଲାନ୍ସ ନୀତି ବା ସଜାଗ ଓ ସମତୁଲ ଭାବେ ଚତୁରତାର ସହିତ ପରିଚାଳନା କରିବାକୁ ପଡ଼ିବ। ରୁଷ୍-ୟୁକ୍ରେନ୍ ଯୁଦ୍ଧବିରତି ପ୍ରସଙ୍ଗ ଏହି ଆଲୋଚନା ବେଳେ ସ୍ଥାନ ପାଇବା ନିଶ୍ଚିତ। କିନ୍ତୁ ଭାରତ ତା'ର ପଡ଼ୋଶୀ ଦୁଷ୍ଟ ରାଷ୍ଟ୍ରଙ୍କୁ କି ବାର୍ତ୍ତା ଦେବ ତାହା ଆଉ କିଛି ଘଣ୍ଟା ପରେ ସ୍ପଷ୍ଟ ହେବ। ସରକାରୀ ଔପଚାରିକତାକୁ ଏଡ଼ାଇ ଯାଇ ମୋଦୀ ଓ ପୁଟିନ୍ ଯେଭଳି ପରସ୍ପର ସହିତ ମିଶିଲେ ଏବଂ ଭାରତରେ ପୁଟିନ୍‌ଙ୍କୁ ଯେଭଳି ଭବ୍ୟ ସ୍ୱାଗତ କରାଗଲା ସେଥିରୁ ମଧ୍ୟ ଅବଶିଷ୍ଟ ବିଶ୍ୱଙ୍କୁ ଏକ ସ୍ୱତନ୍ତ୍ର ସନ୍ଦେଶ ଯାଉଛି, ଯାହା ବୁଦ୍ଧିମାନ ପଡ଼ୋଶୀମାନେ ବୁଝିବାରେ କଷ୍ଟ ହେବ ନାହିଁ।

## ଅନିଶ୍ଚିତ ଚାକିରିରେ ଅଦୃଶ୍ୟ ଚାପ

ଡକ୍ଟର ଅବଶ ପରିଡ଼ା

ବାରମ୍ବାର ଚାକିରି ହରାଇବା, ଅସୁରକ୍ଷିତ ରୋଜଗାର ଜୀବନ, କମ୍ ଦରମା, ଚାପପୂର୍ଣ୍ଣ କାର୍ଯ୍ୟ ଲକ୍ଷ୍ୟ ସହିତ ଘରୋଇ, ଚୁକ୍ତିଭିତ୍ତିକ, ଆଉଟସୋର୍ସିଂ ଓ ଗିଗ୍-ଭିତ୍ତିକ ନିଯୁକ୍ତିର ପ୍ରସାର ହେଉଛି ଆଧୁନିକ ଶ୍ରମ ବଜାରର ବୈଶିଷ୍ଟ୍ୟ। ସମାଜବିଜ୍ଞାନୀଙ୍କ ମତରେ ଶ୍ରମ ବଜାର ଓ ବିଶାଳ କର୍ମଜୀବୀ ସମୁଦାୟ ପାଇଁ ଏହା ହେଉଛି ଏକ ଯୋଜନାବଦ୍ଧ ଅସ୍ଥିରତା। ମୋଟ ଉପରେ ଅନିଶ୍ଚିତ, ଅସ୍ଥାୟୀ ଓ ସାମାଜିକ ସୁରକ୍ଷାର ଅଭାବ ଥିବା କାର୍ଯ୍ୟସଂସ୍କୃତି ଆଡ଼କୁ ହେଉଥିବା ଏକ ବୃହତ୍ ପରିବର୍ତ୍ତନ। ଏପରି ଦୃଶ୍ୟପଟ୍ଟରେ, କାର୍ଯ୍ୟରେ ନୈତିକୀକରଣ(ମୋରାଲାଇଜେସନ୍ ଅଫ୍ ୱାର୍କ) ଏବଂ କାର୍ଯ୍ୟ ପ୍ରତି ଆନ୍ତରିକ ପ୍ରେରଣାର ଆଶା କର୍ମଜୀବୀଙ୍କ ପାଇଁ ଏକ ଅଦୃଶ୍ୟ ଚାପ ହେଉନି ତ?

ତାତ୍ତ୍ୱିକ ଦୃଷ୍ଟିରେ କାର୍ଯ୍ୟରେ ନୈତିକୀକରଣ ଧାରଣା ହେଉଛି ପରିବାର ଓ ସମାଜ ପ୍ରତି ଏକ କର୍ତ୍ତବ୍ୟ, ବ୍ୟକ୍ତି ଚରିତ୍ରର ଏକ ମର୍ଯ୍ୟାଦା ଏବଂ ପରିଶେଷରେ ଜୀବିକା ଉପାର୍ଜନଠାରୁ ଅଧିକ ମୂଲ୍ୟବାନ। କାର୍ଯ୍ୟକୁ ସ୍ୱାଭାବିକ ଠିକ୍ କିମ୍ବା ଭୁଲ ଭାବରେ ବିଚାର କରାଯିବାର ଏକ ପ୍ରକ୍ରିୟା ହେଉଛି କାର୍ଯ୍ୟରେ ନୈତିକୀକରଣ, ଯେଉଁଠାରେ ନୈତିକ ବିଚାରଗୁଡ଼ିକ ପ୍ରୟୋଗ ହୁଏ। କାର୍ଯ୍ୟ ପ୍ରତି ଥିବା ଏହି ଧାରଣା ପାଇଁ ଧାର୍ମିକ, ସାଂସ୍କୃତିକ ଓ ଶିକ୍ଷା ବ୍ୟବସ୍ଥା ଦାୟୀ। ସମ୍ଭବତଃ ସେଥିପାଇଁ କାର୍ଯ୍ୟରେ ପରିଶ୍ରମକୁ ଏକ ବ୍ୟକ୍ତିଗତ ସଦଗୁଣ ଭାବେ ଚିତ୍ରଣ କରାଯାଉଛି। ଏଠି କହି ରଖିବାକୁ ଚାହେଁ ଯେ ଏସବୁ ଆଶାଗୁଡ଼ିକ ପଦୋନ୍ନତି, ପୁରସ୍କାର ଓ ଦୀର୍ଘକାଳୀନ ନିଯୁକ୍ତିଦାତା-କର୍ମଚାରୀ ସମ୍ପର୍କ ଭଳି ମାନ୍ୟତା ଉପରେ ଆଧାରିତ। କିନ୍ତୁ ଆଧୁନିକ ଅସ୍ଥିର ଶ୍ରମ ବଜାର ଏବଂ ଲାଭ ଅଭିମୁଖୀ-ମାନବିକ ମୂଲ୍ୟହୀନତା ନିଯୁକ୍ତିରେ ଏହିସବୁ ଉପାଦାନ ଏକ ବିଶାଳ ଶ୍ରମଜୀବୀ ଗୋଷ୍ଠୀ ପାଇଁ ପ୍ରଯୁଜ୍ୟ ନୁହେଁ ବୋଲି ସମାଜଶାସ୍ତ୍ରୀମାନେ ମନ୍ତବ୍ୟ ରଖନ୍ତି।

ଏଠାରେ ଏମିତି ବି ପ୍ରଶ୍ନ ଆସିପାରେ ଯେ କାର୍ଯ୍ୟରେ ନୈତିକୀକରଣ ହେଉଛି ଏକ ପ୍ରକ୍ରିୟା। ଏହା ସାମାଜିକ ଓ ମାନବିକ ମୂଲ୍ୟବୋଧ ପାଇଁ ଉଦ୍ଦିଷ୍ଟ। ତେଣୁ ଯେକୌଣସି ଚାକିରି ହେଉ, ସେଥିରେ ଆନ୍ତରିକ ପ୍ରେରଣା ରହିବା ଦରକାର। ଆନ୍ତରିକ ପ୍ରେରଣା ହେଉଛି ଅର୍ଥ କିମ୍ବା ପ୍ରଶଂସା ପରି ବାହ୍ୟ ପୁରସ୍କାର ଅପେକ୍ଷା ଅନ୍ତର୍ନିହିତ ସନ୍ତୋଷ ସହ କାର୍ଯ୍ୟ କରିବା ପାଇଁ ପ୍ରେରଣା। କିନ୍ତୁ ବିପରୀତରେ, କିଛି ସର୍ବେକ୍ଷଣର ଫଳାଫଳ ଏ ବିଷୟରେ ଭିନ୍ନ ମତ ରଖନ୍ତି। ଏଡିପି ଇଣ୍ଡିଆର ଏକ ରିପୋର୍ଟ ଅନୁଯାୟୀ ଭାରତରେ ପଚାଶ ପ୍ରତିଶତ କର୍ମଚାରୀ ଏବଂ ବିଶ୍ୱସ୍ତରରେ ଏକ ବିଶାଳ ଅଂଶ ସେମାନଙ୍କ ଚାକିରିରେ ସୁରକ୍ଷିତ ଅନୁଭବ କରନ୍ତି ନାହିଁ। କନିଷ୍ଠ କର୍ମଚାରୀଙ୍କ ମଧ୍ୟରେ (ଜେନ୍ ଜେଡ୍ ବା ୧୮-୨୪ ବର୍ଷ ବୟସ) ଅସୁରକ୍ଷାର ଭାବନା ଆହୁରି ଅଧିକ। ଏହି ବ୍ୟାପକ ଅସୁରକ୍ଷାର ଚିନ୍ତା ସୂଚାଇ ଦିଏ ଯେ ଅନେକ କର୍ମଚାରୀ ଦୀର୍ଘକାଳୀନ ନିଯୁକ୍ତି ସ୍ଥିରତା ଉପରେ ଆଗକୁ ନିର୍ଭର କରିପାରିବେ ନାହିଁ। 'କଠିନ ପରିଶ୍ରମ ହିଁ ସବୁବେଳେ ଚାକିରି ସୁରକ୍ଷା ଦେବ' ଭଳି ପାରମ୍ପରିକ ପ୍ରତିଶ୍ରୁତି ମଧ୍ୟ ଏବେ ଦୁର୍ବଳ ହୋଇଗଲାଣି। ତେଣୁ ଚାକିରିର ଅସୁରକ୍ଷା ଯୋଗୁଁ ବ୍ୟକ୍ତିର କାର୍ଯ୍ୟରେ ଭାଗିଦାରୀ କମ୍ ହେଉଛି। କାର୍ଯ୍ୟର ନୈତିକ ଦିଗ ଯଥା କର୍ତ୍ତବ୍ୟ, ବିଶ୍ୱସ୍ତତା, ପରିଚୟ ଅନେକାଂଶରେ କ୍ଷୁଣ୍ଣ ହେବାର ଆଶଙ୍କା ମଧ୍ୟ ବଢ଼ିଯାଉଛି।

କିଛିଦିନ ତଳେ ଏହି ସମାନ ବିଷୟବସ୍ତୁକୁ ନେଇ ଏକ ଉଚ୍ଚସ୍ତରୀୟ ଅଧ୍ୟୟନ ହୋଇଥିଲା। ଏଥିରେ ଉଲ୍ଲେଖ ଥିଲା ଯେ ନିଜ କାର୍ଯ୍ୟକୁ ଭଲ ପାଇବା ଦ୍ୱାରା କର୍ମଚାରୀର ଆନ୍ତରିକ ପ୍ରେରଣା ବୃଦ୍ଧି ପାଏ। ଏହା ଯୋଗୁଁ ସୃଜନଶୀଳତା, ସ୍ଥିରତା ଓ କାର୍ଯ୍ୟଦକ୍ଷତା ଶାଣିତ ହୁଏ। କିନ୍ତୁ କାମକୁ ଭଲ ପାଇବା ଯେ କେତେବେଳେ କର୍ମଚାରୀ ପାଇଁ ଏକ ନୈତିକ ଦାୟିତ୍ୱରେ ପରିଣତ ହୋଇଯାଏ ଏବଂ ପରେ କ୍ଷତିକାରକ ହୁଏ ସେ ତାହା ଜାଣି ପାରେନାହିଁ। ସରଳରେ କହିବାକୁ ଗଲେ ଯେତେବେଳେ କର୍ତ୍ତୃପକ୍ଷ ନୈତିକ ଭାବରେ କାର୍ଯ୍ୟପ୍ରେରଣାକୁ ବିଚାର କରିବା ଆରମ୍ଭ କରନ୍ତି, ସେମାନେ ଦରମା କିମ୍ବା ଅନ୍ୟାନ୍ୟ କାରଣରୁ କାମ କରୁଥିବା କର୍ମଚାରୀଙ୍କୁ ନିକୃଷ୍ଟ ବୋଲି ଭାବନ୍ତି। ସେହି ଅଧ୍ୟୟନର ଗବେଷକମାନଙ୍କ ପରାମର୍ଶ ଅନୁଯାୟୀ କେବଳ ଆଗ୍ରହ ନୁହେଁ, ଜୀବନରେ ସନ୍ତୁଳନ ପାଇଁ ଆମେ କାର୍ଯ୍ୟ କରୁ। ତେଣୁ ସମସ୍ତେ ସେମାନଙ୍କ କାମକୁ ଭଲ ପାଇବେ ବୋଲି ଆଶା ରଖିବା ଗ୍ରହଣୀୟ ନୁହେଁ।

ଏହି ପରିପ୍ରେକ୍ଷୀରେ 'ଦ କଣ୍ଡିସନାଲ୍ ମୋରାଲାଇଜେସନ୍ ମଡେଲ୍' ତତ୍ତ୍ୱ କୁହେ ଯେ ମୌଳିକ ସାଂରଚନିକ ସର୍ତ୍ତାବଳୀ ଯଥା ଚାକିରି ସୁରକ୍ଷା, ନ୍ୟାୟସଙ୍ଗତ ଦରମା, ମର୍ଯ୍ୟାଦା ପୂରଣ ହେଲେ ହିଁ କାର୍ଯ୍ୟ ଅର୍ଥପୂର୍ଣ୍ଣ ହୁଏ। କ୍ଷୁଧା, ଅସୁରକ୍ଷା କିମ୍ବା ଅନିଶ୍ଚିତତାକୁ ଜଣେ ଚାହିଁଲେ ମଧ୍ୟ ନୈତିକତାର ରୂପ ଦେଇପାରିବେ ନାହିଁ। କେବଳ ଶ୍ରମିକମାନଙ୍କଠାରୁ ନୈତିକ, ବିଶ୍ୱସ୍ତ, ସ୍ୱ-ଚାଳିତ ଏବଂ ଆଗ୍ରହରେ ପରିପୂର୍ଣ୍ଣ ହେବା ଆଶା କଲେ ଅର୍ଥପୂର୍ଣ୍ଣ କାର୍ଯ୍ୟ ଅସମ୍ଭବ। କାର୍ଯ୍ୟକ୍ଷେତ୍ର ଓ ନିଯୁକ୍ତିଦାତାଙ୍କୁ ମଧ୍ୟ ନ୍ୟାୟ ଓ ମାନବୀୟ ଅବସ୍ଥା ଭଳି ନୈତିକ କର୍ତ୍ତବ୍ୟ ବହନ କରିବାକୁ ପଡ଼ିବ। ତେଣୁ ନୈତିକୀକରଣ କେବଳ କର୍ମଚାରୀର ବ୍ୟକ୍ତିଗତ ଗୁଣ ନୁହେଁ, ବରଂ ଏକ ସାଂଗଠନିକ ଦାୟିତ୍ୱ ଭାବରେ ପୁନଃସ୍ଥାପିତ କରାଯିବା ଉଚିତ। ନବ୍ୟ-ସମାଜବିଜ୍ଞାନୀଙ୍କ ମତରେ ନୈତିକୀକରଣ ଭୂମିକାର ବିବର୍ତ୍ତନ ହେଉଛି ଏବେ ଏହା 'ବ୍ୟକ୍ତିଗତ ଅଙ୍ଗୀକାରବଦ୍ଧତାର ବାଣିଜ୍ୟିକରଣ'ରେ ପରିଚାଳିତ।

ତେବେ ବର୍ତ୍ତମାନ ଅସୁରକ୍ଷିତ ଚାକିରିରେ ନୈତିକୀକରଣ ଆବଶ୍ୟକତା ଅଛି କି? ଏହାକୁ ନେଇ ଦୁଇଟି ପରସ୍ପର ବିରୋଧୀ ଚିନ୍ତାଧାରା ସୃଷ୍ଟି ହୋଇଛି। 'ନୈତିକତାର ଅର୍ଥ ଉପରେ ଉଭୟ ଚିନ୍ତାଧାରାର ଦୃଷ୍ଟିକୋଣ ନିର୍ଭର କରେ। ପ୍ରଥମ ମହଲ ଅନୁଯାୟୀ, ଏହା ଆବଶ୍ୟକ ନୁହେଁ। ଆଧୁନିକ କାର୍ଯ୍ୟ ନୈତିକତାର ଧାରଣା ଏବେ ରୁମାନିକରଣ ରୂପରେ ପରିଭାଷିତ। ଏହାର ଅର୍ଥ ହେଉଛି ଯେଉଁଠି କର୍ମଚାରୀର ପରିଶ୍ରମକୁ ଏକ ଭଲ ଅନୁଭବର କାହାଣୀ ଏବଂ ଏକ ମହାନ କର୍ତ୍ତବ୍ୟ ଭାବରେ ଚିତ୍ରଣ କରାଯାଏ। ଦରମା ନୁହେଁ, ବରଂ କାର୍ଯ୍ୟରେ ଆଗ୍ରହ ହେଉଛି ପ୍ରାଥମିକତା ଏବଂ ଖରାପ ପରିସ୍ଥିତିରେ ମଧ୍ୟ ବିଶ୍ୱସ୍ତତା ରହିବା ଉଚିତ ଭଳି ବାର୍ତ୍ତା ଏବେ ବ୍ୟାପକ। ଉଦାହରଣ ସ୍ୱରୂପ, 'ମାଲିକାନା, 'ଅପରିହାର୍ଯ୍ୟ', 'ଉଜ୍ଜଳ ଭବିଷ୍ୟତ', 'କାମକୁ ଭଲପାଅ' ଇତ୍ୟାଦି ବାକ୍ୟର କର୍ମଚାରୀଙ୍କ ଉପରେ ବହୁଳ ବ୍ୟବହାର ହେଉଛି। ଏହାଦ୍ୱାରା କିଏ ଲାଭ ପାଏ ଆମେ ସମସ୍ତେ ଜାଣୁ।

ଦ୍ୱିତୀୟ ମହଲ ଅନୁସାରେ କାର୍ଯ୍ୟରେ ନୈତିକୀକରଣର ଅତ୍ୟନ୍ତ ଆବଶ୍ୟକତା ଅଛି ଏବଂ ଆଗକୁ ରହିବ ମଧ୍ୟ। ଏଥିରେ ଦ୍ୱିମତ ନାହିଁ। ସାମ୍ପ୍ରତିକ ବିଶ୍ୱର ଅନେକ ଶ୍ରମ ସଂଗଠନ ଏବଂ ଭାରତର ଜାତୀୟ ବିକାଶକୁ ନେଇ ହୋଇଥିବା ବହୁବିଧ ଭାରତୀୟ ଅଧ୍ୟୟନ କାର୍ଯ୍ୟର ନୈତିକୀକରଣ ପାଇଁ ଦୃଢ଼ ସମର୍ଥନ କରନ୍ତି। ଅବଶ୍ୟ ଏହା ପାଇଁ କିଛି ମାନଦଣ୍ଡ ମଧ୍ୟ ପ୍ରସ୍ତୁତ ହୋଇଛି। ପ୍ଲାଟଫର୍ମ ଶ୍ରମ, ଆଉଟସୋର୍ସିଂ, ଚୁକ୍ତିଭିତ୍ତିକ କର୍ମଚାରୀଙ୍କଠାରୁ ନୈତିକ ଅଙ୍ଗୀକାରବଦ୍ଧତା ମାଗିବା ଆଉ ଯଥେଷ୍ଟ ନୁହେଁ। ଏହା ବଦଳରେ ନିଯୁକ୍ତିଦାତା, ପ୍ରତିଷ୍ଠାନ ଓ ମାଲିକଙ୍କ ଅନେକ ମାନବିକ ଓ ନୈତିକ ଦାୟିତ୍ୱ କଥା ମଧ୍ୟ ଉଲ୍ଲେଖ ଅଛି।

ଶେଷରେ, ଆଜିର ଶ୍ରମ ବଜାରରେ କର୍ମଚାରୀମାନେ ନୈତିକ ଭାବରେ ସ୍ୱୟଂ ପ୍ରେରଣା ପାଇବେ ବୋଲି ଆଶା କରିବା ବୃଥା। ଠିକ ଟ୍ରାଫିକ୍ ଜାମ୍ ମଧ୍ୟରେ ଧ୍ୟାନ କରିବାକୁ କହିବା ଭଳି। ନିଯୁକ୍ତିଦାତାମାନେ କର୍ମ କ୍ଷେତ୍ରରେ 'ପରିବାର ସଂସ୍କୃତି' କଥା ପ୍ରଚାର କରନ୍ତି। କିନ୍ତୁ କମ୍ ଦରମାରେ କର୍ମଚାରୀର ପରିବାର କେମିତି ଚଳୁଛି ସେ କଥା କେବେ ପଚାରନ୍ତି ନାହିଁ। ସମାଜଶାସ୍ତ୍ରୀୟ ଦୃଷ୍ଟିକୋଣରୁ ଏହି ବିରୋଧାଭାସ ଅଜାଣତରେ ନୁହେଁ, ବରଂ ଏହା ଏକ ଗଠନମୂଳକ। ଯଦି କାର୍ଯ୍ୟ ସଂସ୍କୃତିରେ ମର୍ଯ୍ୟାଦା, ନ୍ୟାୟ ଓ ସ୍ୱର ଅନୁପସ୍ଥିତ ରହିବ ତେବେ କୌଣସି ପ୍ରେରଣାଦାୟକ ପୋଷ୍ଟର, ଯୋଗ ଅଧିବେଶନ କିମ୍ବା ଟିମ ଆଉଟିଙ୍ଗ ଏହି ଅନିଶ୍ଚିତତାକୁ ନୈତିକ ଆହ୍ୱାନରେ ପରିଣତ କରିପାରିବ ନାହିଁ।

ତେଣୁ ଏକ ସୁନ୍ଦର ଭବିଷ୍ୟତର ଆବଶ୍ୟକତା ଅଛି, ଯେଉଁଠାରେ ସଂସ୍ଥାଗୁଡ଼ିକ ଲାଭ ବୃଦ୍ଧିକାରୀ ଯନ୍ତ୍ର ଭାବେ ନୁହେଁ, ବରଂ ସାମାଜିକ ଅଂଶୀଦାର ପରି ଆଚରଣ କରିବାକୁ ପଡ଼ିବ। ସେଯାଏଁ କର୍ମଚାରୀମାନେ ନିଜ ପରିଚାଳକ ଓ କାର୍ଯ୍ୟାଳୟ ମୁଖ୍ୟଙ୍କ ପ୍ରେରଣାଦାୟକ ଭାଷଣରେ ମୁଣ୍ଡ ନୁଆଁଇ ହଁ ମାରି ଚାଲୁଥିବେ। ଅବଚେତନ ମନରେ ଭବିଷ୍ୟତ, ପରିବାର, ଦାୟିତ୍ୱ ବିଷୟରେ ଚିନ୍ତା କରୁଥିବେ ଏବଂ ଗୁପ୍ତ ଭାବରେ ଅନ୍ୟତ୍ର ଚାକିରି କିମ୍ବା ସୁଯୋଗ ଖୋଜୁଥିବେ। ପରିବାର, ଜୀବନ ଓ ପେଟପାଟଣା ପାଇଁ ଏହା ହିଁ 'ଆନ୍ତରିକ ପ୍ରେରଣା'ର ସବୁଠାରୁ ସଚ୍ଚୋଟ ରୂପ; ନୁହେଁ କି?

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨।

## ସାମ୍ବିଧାନିକ ମୂଲ୍ୟବୋଧ ଓ ଦେଶ ପ୍ରତି ଆମ ଦାୟିତ୍ୱ

ନିରଞ୍ଜନ ନାୟକ




ଗୋଟିଏ ପରିବାରର ସୁପରିଚାଳନା ପାଇଁ ଆବଶ୍ୟକ ହୁଏ କିଛି ନିର୍ଦ୍ଦିଷ୍ଟ ନିୟମ ବା ବ୍ୟବସ୍ଥା। ବିଶେଷକରି ପାରିବାରିକ ବ୍ୟବସ୍ଥାର ପରିଚାଳନା ଭାର ପରିବାରର ଜଣେ ବରିଷ୍ଠଙ୍କ ମୌଖିକ ବ୍ୟବସ୍ଥା ଦେଇ ପରିଚାଳିତ ହୋଇଥାଏ ସତ, କିନ୍ତୁ ପରିବାରର ଆଲୋଚନା ଓ ପର୍ଯ୍ୟାଲୋଚନା ପରର ନିଷ୍କର୍ଷ ଗୋଟିଏ ପରିବାରକୁ ସଶକ୍ତ, ସମୃଦ୍ଧ ଓ ପ୍ରଗତିଶୀଳ କରାଇବାରେ ସହାୟକ ହୋଇଥାଏ। ଶହେ ଚାଳିଶ କୋଟିରୁ ଊର୍ଦ୍ଧ୍ୱ ଜନସଂଖ୍ୟା ବିଶିଷ୍ଟ ଆମ ରାଷ୍ଟ୍ର ଭାରତର ସୁପରିଚାଳନା ତଥା ବିକାଶ ପାଇଁ ଏକ ନିର୍ଦ୍ଦିଷ୍ଟ ଲିଖିତ ନୀତି ନିୟମ ପ୍ରଚଳିତ ହୋଇଛି। ଭାରତୀୟ 'ସମ୍ବିଧାନ' ନାମରେ ପରିଚିତ ଏହି ଗ୍ରନ୍ଥରେ ବ୍ୟବସ୍ଥାପିକା, କାର୍ଯ୍ୟପାଳିକା ଓ ନ୍ୟାୟପାଳିକା ଅନ୍ତର୍ଭୁକ୍ତ। ଏକ ବଳିଷ୍ଠ ଗଣତନ୍ତ୍ର ପାଇଁ ଦେଶର ସମ୍ବିଧାନର ଭୂମିକା ଅନନ୍ୟ ଓ ଗୁରୁତ୍ୱପୂର୍ଣ୍ଣ।

ସମ୍ବିଧାନ ପ୍ରଣେତା ଭାବେ ବିଦିତ ଡ. ଭୀମରାଓ ଆମ୍ବେଦକର କହିଥିଲେ- ଭାରତୀୟ ସମ୍ବିଧାନ ଏକ କଠୋର ଆଇନଗତ ଦଲିଲ ନୁହେଁ, ବରଂ ଏହା ଏକ ଜୀବନ୍ତ ଏବଂ ଗତିଶୀଳ ଅଙ୍ଗ, ଯାହା ସମାଜର ପରିବର୍ତ୍ତନଶୀଳ ଆବଶ୍ୟକତା, ମୂଲ୍ୟବୋଧ ଓ ଆକାଂକ୍ଷାକୁ ପ୍ରତିଫଳିତ କରେ। ସମ୍ବିଧାନ କେବଳ ଏକ ଆଇନଗତ ଗ୍ରନ୍ଥ ନୁହେଁ, ଯାହା କେବଳ ଆଇନଜୀବୀମାନଙ୍କ ଦ୍ୱାରା ବ୍ୟବହୃତ ହୁଏ। ସମ୍ବିଧାନ ଦେଶର ଲୋକମାନଙ୍କର ଦୈନନ୍ଦିନ ଜୀବନକୁ ପରିଚାଳନା କରେ ଏବଂ ଏହା ଏକ ଗତିଶୀଳ ଯାନ ପରି, ଯାହା ସମାଜକୁ ଆଗକୁ ନେଇଯାଏ। ଏହାର ଆତ୍ମା ସର୍ବଦା ପ୍ରାଚୀନ, ଯାହା ସମୟ ସହିତ ପରିବର୍ତ୍ତନ ହୁଏ ଏବଂ ସାମ୍ପ୍ରତିକ ସମାଜର ମୂଲ୍ୟବୋଧ ଓ ଆବଶ୍ୟକତା ସହିତ ଯୋଡ଼ି ହୋଇ ରହିଥାଏ।

ସାମ୍ବିଧାନିକ ଅଧିକାର ଓ ନାଗରିକମାନଙ୍କ ଦେଶ ପ୍ରତି ଦାୟିତ୍ୱବୋଧ ରହିଲେ ସାମ୍ବିଧାନିକ ମୂଲ୍ୟବୋଧ ବ୍ୟାପକ ହୋଇପାରିବ। ଦେଶ ଓ ସମ୍ବିଧାନର ମୌଳିକ କର୍ତ୍ତବ୍ୟ ଓ ଦାୟିତ୍ୱକୁ ଆଜିର ଯୁବପିଢ଼ି ଗଭୀର ରୂପେ ହୃଦୟଙ୍ଗମ କଲେ ସମ୍ବିଧାନର ମହତ୍ତ୍ୱ ସୁଦୂରପ୍ରସାରୀ ହୋଇପାରିବ। ଆମେ ସମସ୍ତେ ମୌଳିକ ଅଧିକାର ବିଷୟରେ ବହୁତ ଜୋରରେ କଥା ହେଉ। କିନ୍ତୁ ଯେତେବେଳେ ଦେଶ ପ୍ରତି ଆମର ମୌଳିକ କର୍ତ୍ତବ୍ୟ କଥା ଆସେ, ଦେଶକୁ ରକ୍ଷା କରିବା ଏବଂ ସଦ୍ଭାବନାକୁ ପ୍ରୋତ୍ସାହିତ କରିବା ବେଳେ ଆମେ ସମସ୍ତେ ଦ୍ୱିଧାଗ୍ରସ୍ତ ଅବସ୍ଥାରେ ପଡ଼ିଯାଉ। ଏହି ସମ୍ବିଧାନ ଆମକୁ ସମାଜ ଏବଂ ଦେଶ ପ୍ରତି ଦାୟିତ୍ୱ ନିର୍ଣ୍ଣୟ କରିବାର ମୌଳିକ କର୍ତ୍ତବ୍ୟ ଦେଇଛି। କିନ୍ତୁ ଆମେ ଦେଶକୁ ରକ୍ଷା କରିବା ଏବଂ ଭାରତୀୟ ସମ୍ବିଧାନ ପାଳନ କରିବା ପାଇଁ କେହି କଥା ହେବାକୁ ଚାହୁଁନାହାନ୍ତି। ଆମେ ସବୁକିଛି ଚାହୁଁଛୁ, କିନ୍ତୁ ପ୍ରତିବଦଳରେ କିମ୍ବା ଏହାକୁ ଆମର ଦାୟିତ୍ୱ ଭାବରେ ବିଚାର କରିବାକୁ ଚାହୁଁନାହୁଁ।

'ଆଗ ଦେଶ ଆଉ ସବୁ ପଛ' ଏହି ଭାବନାର ଉଦ୍ରେକ ଆଜିର ଯୁବପିଢ଼ି ପାଇଁ ଗୁରୁତ୍ୱପୂର୍ଣ୍ଣ। ଏହି ମୌଳିକ କର୍ତ୍ତବ୍ୟଗୁଡ଼ିକ ମୁଖ୍ୟତଃ ପୂର୍ବତନ ସୋଭିଏତ୍ ୟୁନିଅନ୍ ଦ୍ୱାରା ଅନୁପ୍ରାଣିତ ହୋଇଥିଲା। ଭାରତରେ ମୋଟ ଏଗାରଟି ଅତ୍ୟାବଶ୍ୟକ କର୍ତ୍ତବ୍ୟ ବା ଆମର ଦାୟିତ୍ୱ ରହିଛି, ଯାହା ଭାରତୀୟ ସମ୍ବିଧାନରୁ ଗ୍ରହଣୀୟ। ଆମର କର୍ତ୍ତବ୍ୟ/ଦାୟିତ୍ୱଗୁଡ଼ିକ ହେଲା - ସମ୍ବିଧାନ ପାଳନ କରିବା ସହ ସ୍ୱାଧୀନତା ସଂଗ୍ରାମର ଆଦର୍ଶ ଅନୁସରଣ କରିବା, ଭାରତର ସାର୍ବଭୌମତ୍ୱ ଓ ଅଖଣ୍ଡତାକୁ ରକ୍ଷା କରିବା ସହ ଦେଶକୁ ରକ୍ଷା କରିବା ଏବଂ ଆହ୍ୱାନ ଆସିଲେ ଜାତୀୟ ସେବା ପ୍ରଦାନ କରିବା, ସାଧାରଣ ଭ୍ରାତୃତ୍ୱର ଭାବନା ବିକଶିତ କରିବା, ଦେଶର ସଂସ୍କୃତିକୁ ସଂରକ୍ଷଣ କରିବା, ପ୍ରାକୃତିକ ପରିବେଶ ଓ ଜୈବ ବିବିଧତାର ସଂରକ୍ଷଣ କରିବା, ବୈଜ୍ଞାନିକ ମନୋଭାବ ଓ ମାନବତା ବିକାଶ କରିବା, ଅହିଂସା ମାର୍ଗରେ ଚାଲିବା, ଜୀବନର ସମସ୍ତ କ୍ଷେତ୍ରରେ ଉତ୍କର୍ଷ ପାଇଁ ଚେଷ୍ଟା କରିବା, ସମସ୍ତ ପିତାମାତା/ଅଭିଭାବକଙ୍କ କର୍ତ୍ତବ୍ୟ ହେଉଛି ଯେ ସେମାନେ ୬ ରୁ ୧୪ ବର୍ଷର ଶିଶୁଙ୍କ ପାଇଁ ବାଧ୍ୟତାମୂଳକ ଶିକ୍ଷା ସୁନିଶ୍ଚିତ କରିବେ।

ମୌଳିକ କର୍ତ୍ତବ୍ୟ ସୃଷ୍ଟି କରିବା ପଛରେ ଉଦ୍ଦେଶ୍ୟ ହେଉଛି ପ୍ରତ୍ୟେକ ନାଗରିକ ଅନୁଭବ କରିବା ଉଚିତ ଯେ, ପ୍ରଥମ ହେଉଛି ଦେଶକୁ ରକ୍ଷା କରିବା ଏବଂ ପ୍ରତ୍ୟେକ କାର୍ଯ୍ୟ ଏବଂ ଲକ୍ଷ୍ୟଠାରୁ ଜାତୀୟ ସ୍ୱାର୍ଥ ଆଗରେ ରହିବା ଉଚିତ। ଭାରତୀୟ ମୌଳିକ କର୍ତ୍ତବ୍ୟରେ ଭାରତୀୟ ସମ୍ବିଧାନକୁ ପାଳନ କରିବା, ଆମର ଜାତୀୟ ପତାକାକୁ ସମ୍ମାନ କରିବା, ଜାତୀୟ ସଙ୍ଗୀତ ପ୍ରତି ସମ୍ମାନର ଭାବନା ରଖିବା ଏବଂ ସାର୍ବଜନୀନ ସମ୍ପତ୍ତିକୁ ସୁରକ୍ଷା ଦେବା ଅନ୍ତର୍ଭୁକ୍ତ। ବିଶ୍ୱର ଦ୍ୱିତୀୟ ଜନସଂଖ୍ୟା ବିଶିଷ୍ଟ ଭାରତ ଗଣତାନ୍ତ୍ରିକ ମୂଲ୍ୟବୋଧ ପାଇଁ ପରିଚିତ। ତେଣୁ ଆମ ଭଳି ସମସ୍ତ ନାଗରିକଙ୍କ ପାଇଁ ସମ୍ବିଧାନ ପାଲଟିଛି ଏକ ଅଭିନ୍ନ ଅଙ୍ଗ।

ରାୟଗଡ଼ା, ମୋ: ୯୪୩୭୩୧୭୪୧୭

## ବିଲାରାରେ ପୂଜା ପାଆନ୍ତି ଦୈତ୍ୟ ରାଜା ବଳି

ଓଜସ୍ୱିନୀ

### ବିଚିତ୍ର ବିଶ୍ୱାସ

ପୌରାଣିକ ଗାଥା ଅନୁସାରେ ଅନନ୍ୟ ବିଷ୍ଣୁଭକ୍ତ ପ୍ରହ୍ଲାଦଙ୍କର ପୌତ୍ର ମହାରାଜା ବଳିଙ୍କୁ ଦାନବୀର ତଥା ମହାଶକ୍ତିଶାଳୀ ରାଜାବଳୀ ଭାବେ ବର୍ଣ୍ଣନା କରାଯାଇଛି। ରାଜା ବଳି ଦୈତ୍ୟକୁଳରେ ଜନ୍ମିଥିଲେ ମଧ୍ୟ ବିଷ୍ଣୁଭକ୍ତିରେ ଲୀନ ଥିଲେ। ତେଣୁ ତାଙ୍କୁ ଭାରତର ଅନେକ ସ୍ଥାନରେ ଦେବତା ଭାବେ ପୂଜା କରାଯାଉଛି। ବିଶେଷଭାବେ ରାଜସ୍ଥାନର ବିଲାରା ଓ କେରଳରେ ବଳିଙ୍କ ପୂଜା ବିଶେଷ ରୀତିନୀତି ଦ୍ୱାରା ସମ୍ପନ୍ନ ହୋଇଥାଏ।

ରାଜସ୍ଥାନର ବିଲାରାଠାରୁ ମାତ୍ର ୪ କିଲୋମିଟର ଦୂରରେ ଥିବା ଗୋଟିଏ ଛୋଟ ପାହାଡ଼ ଉପରେ ନିର୍ମିତ ରାଜା ବଳିଙ୍କ ମନ୍ଦିର। ଲୋକକଥା ଅନୁସାରେ ଏହା ସେହି ପାହାଡ଼, ଯେଉଁଠି ରାଜା ବଳି ତାଙ୍କର ୧୦୦ତମ ଯଜ୍ଞାନୁଷ୍ଠାନ ସମ୍ପୂର୍ଣ୍ଣ କରିଥିଲେ ଏବଂ ଭଗବାନ ଶ୍ରୀବିଷ୍ଣୁ ଏହି ସ୍ଥାନରେ ବାମନ ବ୍ରାହ୍ମଣ ରୂପେ ଆବିର୍ଭୂତ ହୋଇ ବଳିଙ୍କୁ ତିନିପାଦ ଭୂମି ମାଗିଥିଲେ। ଆଜି ମଧ୍ୟ ଏଠାରେ ରାଜାବଳିଙ୍କ ଯଜ୍ଞାନୁଷ୍ଠାନର ଧ୍ୱଂସାବଶେଷ ଦେଖିବାକୁ ମିଳେ। ଏଠାରେ ନିର୍ମିତ ବଳି ମନ୍ଦିରର ଗର୍ଭଗୃହରେ ଗୋଟିଏ ବିଶାଳ ଗର୍ତ୍ତ ରହିଛି। ଏହି ଗର୍ତ୍ତକୁ ଗୋଟିଏ ବିଶାଳ ପଥର ଦ୍ୱାରା ଆବୃତ୍ତ କରି ରଖାଯାଇଛି। ବିଶ୍ୱାସ କରାଯାଏ ଯେ, ଏହା ସେହି ସ୍ଥାନ, ଯେଉଁଠି ଶ୍ରୀବିଷ୍ଣୁ ରାଜା ବଳିଙ୍କୁ ପାତାଳପୁରକୁ ପ୍ରେରଣ କରିଥିଲେ। ଏହି ସ୍ଥାନରେ ପ୍ରତିଦିନ ବିଧିବିଧାନର ସହ ରାଜା ବଳିଙ୍କ ପୂଜାର୍ଚ୍ଚନା କରାଯାଏ। ବିଲାରାସ୍ଥିତ ଆଇମାତା ଦେବୀଙ୍କ ମନ୍ଦିର ପରିସର ଭିତରେ ଥିବା କଳ୍ପତରୁ ଓ ଦେବଦାରୁ ନାମକ ବିଶାଳ ବୃକ୍ଷକୁ ତୀର୍ଥସ୍ଥଳର ମାନ୍ୟତା ମିଳିଛି। ବିଶ୍ୱାସ ରହିଛି ଯେ, ଏହି ବୃକ୍ଷତୀର୍ଥରେ ଥିବା ଦେବଦାରୁ ବୃକ୍ଷକୁ ରାଜା ବଳି ସ୍ୱର୍ଗପୁରରୁ ଏଠାକୁ ଆଣିଥିଲେ। ଏହି ବୃକ୍ଷର ଅନ୍ୟ ଏକ ବିଶେଷତ୍ୱ ହେଉଛି, ଏହାର ଶାଖାରେ ପ୍ରାକୃତିକ ଭାବେ ଅନେକ ଦେବୀଦେବତାଙ୍କ ଚିତ୍ର ଖୋଦିତ ହୋଇଥିବାର ଦେଖିବାକୁ ମିଳିଥାଏ ଏବଂ ବର୍ଷକରେ ଥରେ କେବଳ ଶ୍ରାବଣ ମାସରେ ଏହି ବୃକ୍ଷରେ ପତ୍ର ଆସିଥାଏ। ତେଣୁ ଏହି ଚମତ୍କାରୀ ତୀର୍ଥବୃକ୍ଷକୁ ପୂଜା କରିବା ସହିତ ରାଜା ବଳିଙ୍କ ନାମ ସ୍ମରଣ କରି ଏହାର ପ୍ରଦକ୍ଷିଣ କରିବା ଦ୍ୱାରା ଶ୍ରଦ୍ଧାଳୁଙ୍କ ମନସ୍କାମନା ପୂର୍ଣ୍ଣ ହୋଇଥାଏ। ରାଜସ୍ଥାନ-ଜୟପୁରର ବେରାଠ ପାହାଡ଼ରୁ ନିର୍ଗତ ବାଣଗଙ୍ଗା ନଦୀ ମଧ୍ୟ ବଳିଙ୍କୁ ସମର୍ପିତ। ଏହି ପ୍ରାଚୀନ ତୀର୍ଥସ୍ଥଳକୁ ରାଜସ୍ଥାନର ଦ୍ୱିତୀୟ ପୁଷ୍କର ମଧ୍ୟ କୁହାଯାଏ। ଜନଶ୍ରୁତି ଅନୁଯାୟୀ ଏକଦା ରାଜାବଳିଙ୍କ ରାଜ୍ୟରେ ମରୁଡ଼ି ଦେଖାଗଲା। ରାଜା ବଳି ଗୋଟିଏ ବାଣ ଭୂମି ଉପରକୁ ନିକ୍ଷେପ କଲେ। ସେହି ସ୍ଥାନରୁ ପାଣିର ଅବିରତ ଝର ସୃଷ୍ଟି ହେଲା ଏବଂ ବାଣରୁ ଜଳ ସୃଷ୍ଟ ହୋଇଥିବାରୁ ତାହାକୁ 'ବାଣଗଙ୍ଗା' ବୋଲି କୁହାଗଲା। ଏହି 'ବାଣଗଙ୍ଗା' ତୀର୍ଥରେ ସ୍ନାନ କଲେ ସମସ୍ତ ପାପ ନାଶ ହୋଇଯାଏ ବୋଲି ବିଶ୍ୱାସ ରହିଛି। ବିଶେଷଭାବେ କାର୍ତ୍ତିକ ମାସରେ ଏହି ତୀର୍ଥରେ ସ୍ନାନ କରି ରାଜା ବଳିଙ୍କ ମନ୍ଦିରକୁ ଯାଇ ଦର୍ଶନ କରିବାର ବିଧି ମଧ୍ୟ ରହିଛି। କାର୍ତ୍ତିକ ପୂର୍ଣ୍ଣିମା ଦିନ ଏଠାରେ ରାଜା ବଳିଙ୍କର ବିଶେଷ ପୂଜାର୍ଚ୍ଚନା କରାଯାଏ।

କେରଳର ରାଷ୍ଟ୍ରୀୟ ପର୍ବ ଓଣମ୍ ରାଜା ବଳିଙ୍କୁ ସମର୍ପିତ। ବିଶ୍ୱାସ ରହିଛି ଯେ, ଓଣମ୍ ପର୍ବର ତିନିଦିନ ରାଜା ବଳି ପ୍ରଜାମାନଙ୍କର ଦୁଃଖଦୁର୍ଦ୍ଦଶା ଦୂର କରିବା ପାଇଁ ପାତାଳପୁରରୁ ମର୍ତ୍ତ୍ୟମଣ୍ଡଳକୁ ଆସିଥା'ନ୍ତି। କେରଳରେ ଥିବା ତ୍ରିକ୍କାକାରା ବାମନମୂର୍ତ୍ତି ମନ୍ଦିର ଶ୍ରୀବିଷ୍ଣୁଙ୍କୁ ସମର୍ପିତ ହୋଇଥିଲେ ମଧ୍ୟ ଏହା ଓଣମ୍ ପର୍ବର କେନ୍ଦ୍ରସ୍ଥଳ ଭାବେ ମାନ୍ୟତା ପ୍ରାପ୍ତ। ଏହି ମନ୍ଦିରରେ ଶ୍ରୀବିଷ୍ଣୁଙ୍କ ବାମନ ଅବତାରର ପୂଜାର୍ଚ୍ଚନା କରିବା ସହିତ ଭକ୍ତମାନେ ରାଜା ବଳିଙ୍କୁ ମଧ୍ୟ ସ୍ମରଣ କରି ଓଣମ୍ ପର୍ବର ଶୁଭାରମ୍ଭ କରିଥା'ନ୍ତି। ଦୀପାବଳୀର ଦ୍ୱିତୀୟ ଦିନ ଦକ୍ଷିଣ ଭାରତରେ 'ମାର୍ଗପାଳି' ପୂଜା ନାମରେ ଏକ ପର୍ବ ପାଳନ କରାଯାଏ ଏବଂ ସନ୍ଧ୍ୟା ସମୟରେ ରାଜା ବଳିଙ୍କ ପୂଜା କରାଯାଏ। ବିଶ୍ୱାସ ରହିଛି ଯେ ଏହି ଦିନ ଶ୍ରୀବିଷ୍ଣୁ ରାଜା ବଳିଙ୍କୁ ପାତାଳର ରାଜା ଘୋଷିତ କରିବା ସହିତ ଚିରଞ୍ଜୀବୀ ହେବା ପାଇଁ ବରଦାନ ଦେଇଥିଲେ। ଏହି ଦିନ ଯେଉଁ ଭକ୍ତ ଶ୍ରୀବିଷ୍ଣୁଙ୍କ ସହିତ ବଳିଙ୍କ ପୂଜା କରିବେ, ସେ କେବେ କୌଣସି ଦୁର୍ଦ୍ଦଶା ଭୋଗ କରିବେ ନାହିଁ ଏବଂ ତାଙ୍କ ଜୀବନରେ ଅଶେଷ ସୁଖସମୃଦ୍ଧି ବାସ କରିବ - ଏହି ବରଦାନ ସ୍ୱୟଂ ନାରାୟଣ ବଳିଙ୍କୁ ଦେଇଥିଲେ। ତେଣୁ ଉକ୍ତ ପୌରାଣିକ କଥା ଅନୁସାରେ ଦକ୍ଷିଣ ଭାରତୀୟ ଭକ୍ତମାନେ ଘରର ମାର୍ଗ (ରାସ୍ତା) ଏବଂ ମୁଖ୍ୟଦ୍ୱାରକୁ ସଫା କରି ବିଭିନ୍ନ ପୁଷ୍ପ ଓ ପତ୍ରରେ ସଜ୍ଜିତ କରିଥା'ନ୍ତି। ଏହାପରେ 'ମାର୍ଗପାଳି' ମନ୍ତ୍ର ଜପ ଦ୍ୱାରା ପୂଜାର୍ଚ୍ଚନା ସମ୍ପନ୍ନ କରାଯାଏ ଏବଂ ସନ୍ଧ୍ୟା ସମୟରେ ରାଜାବଳିଙ୍କ ଉଦ୍ଦେଶ୍ୟରେ ଅନ୍ୟ ଏକ ମନ୍ତ୍ର ଜପ କରିବା ସହ ସୁଖସମୃଦ୍ଧି ବୃଦ୍ଧି କରିବା ପାଇଁ ପ୍ରାର୍ଥନା କରାଯିବାର ବିଧି ରହିଛି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଭିସୁଟ୍‌ରେ ଛାତ୍ରୀ ନିର୍ଯାତନା

# ଭିଡିଓ ଭାଇରାଲ କରି ପୁରୁଷ ବନ୍ଧୁ ଗିରଫ

ସମ୍ବଲପୁର, ୪।୧୨ (ସମିସ): ଭିସୁଟ୍‌ରେ ଛାତ୍ରୀ ନିର୍ଯାତନା। ଜଣେ ଛାତ୍ରୀଙ୍କ ଆପତ୍ତିଜନକ ଭିଡିଓ ଭାଇରାଲ୍ ଏବଂ ବ୍ଲାକମେଲ୍ କରିବା ଅଭିଯୋଗରେ ପୁଲିସ ଭିସୁଟ୍‌ର ଶେଷବର୍ଷର ଜଣେ ଛାତ୍ରଙ୍କୁ ଗିରଫ କରିଛି। ସେ ହେଲେ, ଭୁବନେଶ୍ୱରର ଆର୍ଯ୍ୟନ କର(୨୪)। ସୂଚନାନୁସାରେ, ଆର୍ଯ୍ୟନ ଓ ସଂପୃକ୍ତ ଛାତ୍ରୀଜଣଙ୍କ ଭିସୁଟ୍‌ର ଶେଷ ବର୍ଷର ବିଦ୍ୟାର୍ଥୀ। ଆର୍ଯ୍ୟନ କିଛି ଦିନ ହେଲା ଛାତ୍ରୀଙ୍କୁ ବ୍ଲାକମେଲ୍ କରି ଆସୁଥିଲା। ଏପରିକି, ତାଙ୍କର କିଛି ଆପତ୍ତିଜନକ ଭିଡିଓ ମଧ୍ୟ ସୋସିଆଲ ମିଡିଆରେ ଭାଇରାଲ କରିଥିଲା। ବୁଧବାର ଏ ସଂପର୍କରେ ଛାତ୍ରୀଙ୍କ ଅଭିଭାବକ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ନିକଟରେ ଅଭିଯୋଗ କରିଥିଲେ। ଘଟଣାର ତଦନ୍ତ ପାଇଁ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ଇଣ୍ଟରନାଲ କମ୍ପ୍ଲେନ୍ କମିଟି (ଆଇସିସି)କୁ ପଠାଇବା ସହ ଆର୍ଯ୍ୟନକୁ ସସ୍‌ପେଣ୍ଡ କରିଥିଲେ। ପରେ ଏ ସଂପର୍କରେ ଥାନାରେ ଅଭିଯୋଗ ହେବାରୁ ବୁର୍ଲା ପୁଲିସ ଆଜି ଆର୍ଯ୍ୟନକୁ ଗିରଫ କରି କୋର୍ଟଚାଲାଣ କରିଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିଧାନସଭାରେ ଗାନ୍ଧୀଙ୍କ...

ଗୃହ ବାହାରେ ଗଣମାଧ୍ୟମକୁ ସୂଚନା ଦେଇ ବିରୋଧୀଦଳ ଉପନେତା ଶ୍ରୀ ଆଚାର୍ଯ୍ୟ କହିଛନ୍ତି, ଗାନ୍ଧୀଙ୍କୁ ବିଧାନସଭାରେ ଅପମାନିତ କରିବା ଅର୍ଥ ସାରା ରାଷ୍ଟ୍ରକୁ ଅପମାନ କରିବା। ସ୍ୱାଧୀନତା ଆନ୍ଦୋଳନର ମଧ୍ୟ ଏହା ଅପମାନ। ଗାନ୍ଧୀଜୀଙ୍କୁ ଭାରତ ବିଭାଜନ ପାଇଁ ଦାୟୀ କରିବାଠାରୁ ଅସମୀଚିନ, ଅଯୁକ୍ତିକ ଓ ଅଜ୍ଞାନମୂଳକ କଥା କିଛି ନାହିଁ। ପବିତ୍ର ଗୃହ ଭିତରେ ଏକଥା କହି ଗୃହକୁ ବିଜେପି ଅପବିତ୍ର କରିଛି। ଏହି ମନ୍ତବ୍ୟ ବିରୋଧରେ ଆମେ ଗାନ୍ଧୀଙ୍କ ପନ୍ଥା ଅବଲମ୍ବନ କରିଛୁ। ଗାନ୍ଧୀଙ୍କ ପ୍ରତିମୂର୍ତ୍ତି ତଳେ ଆମେ ମୌନ ଧରଣାରେ ବସିଛୁ। ପବିତ୍ର ଗୃହ ଭିତରେ ଯେଉଁମାନେ ଇତିହାସକୁ ବିକଳାଙ୍ଗ କରିବାକୁ ଚେଷ୍ଟା କରୁଛନ୍ତି, ସେମାନଙ୍କୁ ଇତିହାସ କେବେ କ୍ଷମା ଦେବ ନାହିଁ। ଗାନ୍ଧୀଜୀ ଏ ଜାତିର ପିତା; ବିଧାନସଭାର ପୋଡ଼ିୟମରେ ବାଚସ୍ପତିଙ୍କ ପଛପଟେ ଗାନ୍ଧୀଙ୍କ ପ୍ରତିମୂର୍ତ୍ତି ଲାଗିଛି। ତାଙ୍କୁ ବିଜେପି ବିଧାୟକଙ୍କ ଲାଞ୍ଛନାକୁ ବିଜୁ ଜନତା ଦଳ ବିରୋଧ କରୁଛି। ତେଣୁ ଏହି ମନ୍ତବ୍ୟ ପାଇଁ ସମ୍ପୃକ୍ତ ସଦସ୍ୟ କ୍ଷମାପାର୍ଥନା କରିବା ସହ ବାଚସ୍ପତି ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରନ୍ତୁ ବୋଲି ଶ୍ରୀ ଆଚାର୍ଯ୍ୟ ଦାବି କରିଛନ୍ତି। ସେହିପରି କଂଗ୍ରେସ ବିଧାୟକ ଦଳ ନେତା ଶ୍ରୀ କାଡାମ କହିଛନ୍ତି ଯେ ମହାତ୍ମା ଗାନ୍ଧୀ ଦେଶକୁ ସ୍ୱାଧୀନ କରିଛନ୍ତି। ତାଙ୍କ ବିରୋଧରେ ଅପସୂଚକ ମନ୍ତବ୍ୟ ଦେବା ବିଜେପିର ଅସଲ ମାନସିକତାକୁ ପଦାରେ ପକାଇଛି। ଯେପର୍ଯ୍ୟନ୍ତ ସମ୍ପୃକ୍ତ ସଦସ୍ୟ କ୍ଷମା ମାଗି ନାହାନ୍ତି, କଂଗ୍ରେସ ଦଳ ଆନ୍ଦୋଳନ ଜାରି ରଖିବ ବୋଲି ଶ୍ରୀ କାଡାମ୍ କହିଛନ୍ତି। ଅନ୍ୟପଟେ ବିରୋଧୀ ସଦସ୍ୟମାନେ ୫ ଟା ୪୧ରୁ ଗୃହ ପରିତ୍ୟାଗ କରିବା ପରେ ବାଚସ୍ପତି ସୁରମା ପାଢ଼ୀ ସଂସଦୀୟ ବ୍ୟାପାରମନ୍ତ୍ରୀ ମୁକେଶ ମହାଲିଙ୍ଗ ସମେତ ଶାସକ ଦଳ ମୁଖ୍ୟ ସଚେତକ ସରୋଜ ପ୍ରଧାନ, ମନ୍ତ୍ରୀ ରବି ନାୟକଙ୍କ ସହ କିଛି ବିଧାୟକଙ୍କୁ ବିରୋଧୀ ସଦସ୍ୟଙ୍କୁ ବୁଝାଶୁଝା କରି ଗୃହକୁ ଫେରାଇ ଆଣିବା ପାଇଁ ପଠାଇଥିଲେ। ମାତ୍ର ବିରୋଧୀ ନିଜ ଜିଦ୍‌ରେ ଅଟଳ ରହିବା ହେତୁ ଗୃହ ବାରମ୍ବାର ଅର୍ଥାତ ୭ଟା ୨୫ ପର୍ଯ୍ୟନ୍ତ ମୁଲତବୀ ରହିଥିଲା। ଗୃହ ବାହାରେ ସଂସଦୀୟ ବ୍ୟାପାର ମନ୍ତ୍ରୀ କହିଥିଲେ ଯେ ଜାତିର ପିତା ମହାତ୍ମା ଗାନ୍ଧୀ ସମସ୍ତଙ୍କ ଆଦର୍ଶ। ତାଙ୍କ ବିରୋଧରେ କୌଣସି ମନ୍ତବ୍ୟ ଦେବା ଆମ ଦଳ କିମ୍ବା କୌଣସି ବିଧାୟକଙ୍କର ମଧ୍ୟ ଉଦ୍ଦେଶ୍ୟ ନୁହେଁ। ଏହି ମନ୍ତବ୍ୟକୁ ବାଚସ୍ପତି ମଧ୍ୟ ଗୃହ ବିବରଣୀରୁ ହଟାଇବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହାସହ ବିଧାୟକ ଶ୍ରୀ ଖଟୁଆ ମଧ୍ୟ ଏହାକୁ ନେଇ ଦୁଃଖ ପ୍ରକାଶ କରି ସାରିଛନ୍ତି ବୋଲି କହିଥିଲେ। ଏହାପରେ ମଧ୍ୟ ବିରୋଧୀ ସରକାରଙ୍କଠାରୁ ସ୍ପଷ୍ଟତା ଚାହିଁଥିଲେ। ଶେଷରେ ସଂସଦୀୟ ବ୍ୟାପର ମନ୍ତ୍ରୀ ଗୃହରେ ପ୍ରତିକ୍ରିୟା ରଖି ଉକ୍ତ ମନ୍ତବ୍ୟକୁ ସରକାର ନାପସନ୍ଦ କରୁଛନ୍ତି ବୋଲି କହିବା ପରେ ୭ ଟା ୨୫ରେ ଗୃହ କାର୍ଯ୍ୟ ସ୍ୱାଭାବିକ ହୋଇଥିଲା।

### ହଟିବ ସବୁ...

ପ୍ଲାଜା ଆଡକୁ ଅଗ୍ରସର ହେବ। ବର୍ତ୍ତମାନ ଟୋଲ୍ ପ୍ଲାଜାରେ ଗାଡ଼ି ଅଟକିବାର ଆବଶ୍ୟକତା ନାହିଁ। ଟଙ୍କା ସ୍ୱୟଂଚାଳିତ ଭାବରେ କଟୁଛି। ଗାଡ଼ି ଟୋଲ୍ ଲେନ୍ ଦେଇ ଯିବା ସମୟରେ ଏକ ସେନ୍‌ସର୍ ଟ୍ୟାଗ୍ ରିଡ୍ କରିଥାଏ। ଏହାପରେ ବ୍ୟବହାରକାରୀଙ୍କ ଲିଙ୍କ୍ ହୋଇଥିବା ବ୍ୟାଙ୍କ ଆକାଉଣ୍ଟ କିମ୍ବା ୱାଲେଟ୍‌ରୁ ତତ୍‌କ୍ଷଣାତ୍ ଟଙ୍କା କଟିଯାଏ। ସେ ଆହୁରି ମଧ୍ୟ କହିଛନ୍ତି ଯେ ବର୍ତ୍ତମାନ ସାରା ଦେଶରେ ପ୍ରାୟ ୪୫୦୦ ଜାତୀୟ ରାଜପଥ ପ୍ରକଳ୍ପ କାର୍ଯ୍ୟ ଚାଲିଛି, ଯାହାର ମୋଟ ମୂଲ୍ୟ ପ୍ରାୟ ୧୦ ଲକ୍ଷ କୋଟି ଟଙ୍କା।

### ଆଉ ୩୦୦ ବିମାନ...

ସହିତ ଆଲୋଚନା କରିଥିବା ଜଣାପଡ଼ିଛି। ପାଇଲଟ ସମେତ ବିମାନ କ୍ରୁ ସଦସ୍ୟଙ୍କ ପାଇଁ ଡିଜିସିଏ ନୂଆ କାର୍ଯ୍ୟ ସମୟ ନିୟମ ନିର୍ଦ୍ଧାରଣ କରିବା ପରେ ଏହି ସମସ୍ୟା ସୃଷ୍ଟି ହୋଇଛି। ନୂଆ ନିୟମ ଅନୁଯାୟୀ ପାଇଲଟ ଦିନକୁ ସର୍ବାଧିକ ୮ ଘଣ୍ଟା ପାଇଁ ବିମାନ ଉଡ଼ାଇପାରିବେ। ସପ୍ତାହକୁ ୩୫ ଘଣ୍ଟା ଏବଂ ମାସକୁ ୧୨୫ ଘଣ୍ଟା ବିମାନ ଉଡ଼ାଇବା ଲାଗି ସମୟ ନିର୍ଦ୍ଧାରଣ କରାଯାଇଛି। ନିର୍ଦ୍ଧାରିତ ସମୟ ପରେ ପାଇଲଟଙ୍କୁ ବିମାନ ଉଡ଼ାଣ ପାଇଁ ଅନୁମତି ଦିଆଯାଉନଥିବାରୁ ଏଭଳି ଅପ୍ରୀତିକାର ପରିସ୍ଥିତି ସ୍ୟଷ୍ଟି ହୋଇଛି। ଭାରତରେ ଇଣ୍ଡିଗୋ ସମେତ ଏୟାର ଇଣ୍ଡିଆ ଓ ସ୍ପାଇସ୍ ଜେଟ୍ ଭଳି ସଂସ୍ଥା ମଧ୍ୟ ବିମାନ ସେବା ଯୋଗାଉଛନ୍ତି। ତେବେ ଯାତ୍ରୀ ସେବାରେ ଇଣ୍ଡିଗୋର ଭାଗ ୬୫ ଭାଗରୁ ଅଧିକ ଥିବାରୁ ନୂଆ ନିୟମ ଯୋଗୁଁ ଇଣ୍ଡିଗୋ ସର୍ବାଧିକ ପ୍ରଭାବିତ ହୋଇଛି। ଦିନକୁ ଦେଶ ଭିତରେ ଦୈନିକ ୩୩୦୦ ବିମାନ ସେବା ରହିଥିବା ବେଳେ ଏଥିରେ ଇଣ୍ଡିଗୋର ଅଂଶ ହେଉଛି ୨ ହଜାରରୁ ଅଧିକ।

ଅନ୍ୟପକ୍ଷରେ ପାଇଲଟ ଆସୋସିଏସନ୍ ଏଭଳି ବିଭ୍ରାଟ ପାଇଁ ଇଣ୍ଡିଗୋ କର୍ତ୍ତୃପକ୍ଷଙ୍କୁ ଦାୟୀ କରିଛି। ସଂଘ କହିଛି ଯେ ନିୟମରେ ପରିବର୍ତ୍ତନ ପାଇଁ ଡିଜିସିଏ ଉପରେ ଚାପ ପକାଇବା ଲାଗି ଇଣ୍ଡିଗୋ ଏଭଳି ଆଭିମୁଖ୍ୟ ଗ୍ରହଣ କରିଛି। ନୂଆ ନିୟମ ପରେ ଇଣ୍ଡିଗୋ ଚାହିଁଥିଲେ ଅଧିକ ପାଇଲଟ ଓ ବିମାନ କର୍ମଚାରୀ ନିଯୁକ୍ତି କରିପାରିଥାଆନ୍ତା।

### ହୀରାକୁଦର ଜଳଧାରଣା...

ଥିବାବେଳେ ସରକାର ଏହାକୁ ଗୁରୁତର ସହ ଗ୍ରହଣ କରିବାକୁ ସେ ଦାବି କରିଥିଲେ। ସେହିପରି ହୀରାକୁଦ ବନ୍ଧ କୂଳରେ ରାଜ୍ୟ ସରକାର ହୋଟେଲ ନିର୍ମାଣ ପାଇଁ ବଡ଼ ବଡ଼ କମ୍ପାନୀଙ୍କୁ ଜମି ପ୍ରଦାନ କରୁଛନ୍ତି। ଏଥିରେ ଆଦାନୀ କମ୍ପାନୀ ମଧ୍ୟ ରହିଛି। ହୋଟେଲ ନିର୍ମାଣ ହେଲେ ଲୋକଙ୍କ ସମାଗମ ହେବ। ଯାହା ବନ୍ଧର ସୁରକ୍ଷା ପ୍ରତି ବିପଦ ସୃଷ୍ଟି କରିବ ବୋଲି ସେ କହିଥିଲେ। ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ କହିଥିଲେ ଯେ ବିରୋଧୀ ଦଳ ଉପନେତା ଯେଉଁ ପ୍ରସଙ୍ଗ ଉତ୍ଥାପନ କରିଛନ୍ତି, ତାହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଓ ସ୍ପର୍ଶକାତର ପ୍ରସଙ୍ଗ । ଏହି ଆଶଙ୍କା ମଧ୍ୟ ଆଖପାଖ ଲୋକଙ୍କୁ ବେଶ୍ ବିଚଳିତ କରୁଛି। ବନ୍ଧ ନିର୍ମାଣ ପୂର୍ବରୁ ଓଡ଼ିଶାର ଯେତିକି ବଜେଟ ଥିଲା, ତାହା ଗୋଟିଏ ବନ୍ୟା ଆସିଲେ ତାହାର ମୁକାବିଲା ପାଇଁ ଖର୍ଚ୍ଚ ହୋଇ ଯାଉଥିଲା। ମୁଖ୍ୟତଃ ବନ୍ୟା ନିୟନ୍ତ୍ରଣ ପାଇଁ ହୀରାକୁଦ ବନ୍ଧ ନିର୍ମାଣ ହୋଇଥିଲା। ତେବେ ବନ୍ଧ ନିର୍ମାଣ ପରେ ଏଥିରେ ବ୍ୟାପକ ପରିମାଣରେ ମାଟି, ପଟୁ ଜମା ହେବା ଏବେ ବଡ଼ ସମସ୍ୟା। ଅତୀତରେ ମାଟି, ବାଲି ବାହାର କରିବା ପାଇଁ ଜାପାନ କମ୍ପାନୀକୁ ଦାୟିତ୍ୱ ଦିଆଯାଇଥିଲା। ମାତ୍ର ସେମାନେ ଏଥିରେ ବିଫଳ ହୋଇଥିଲେ। ବନ୍ଧରୁ ପଟୁ ବାହାର କଲେ ବନ୍ଧର ଜଳ ସଂରକ୍ଷଣ କ୍ଷମତା ବଢ଼ିବ ବୋଲି ସେ କହିଥିଲେ। ସେହିପରି ହୀରାକୁଦ ବନ୍ଧ ପାଖରେ ହୋଟେଲ ନିର୍ମାଣ ପ୍ରସଙ୍ଗରେ ରାଜ୍ୟ ସରକାର ଏନଇ ସମ୍ପୂର୍ଣ୍ଣ ସଚେତନ ଅଛନ୍ତି। ସରକାର ଏକ୍ଷେତ୍ରରେ ସୁରକ୍ଷାକୁ ମଧ୍ୟ ପ୍ରାଧାନ୍ୟ ଦେଉଛନ୍ତି। ରାଜ୍ୟରେ ପର୍ଯ୍ୟଟନ କ୍ଷେତ୍ରରେ ପର୍ଯ୍ୟାପ୍ତ ସୁଯୋଗ ରହିଛି। ଏହାର ସଠିକ୍ ଉପଯୋଗ ପାଇଁ ରାଜ୍ୟ ସରକାର ବ୍ୟାପକ ଯୋଜନା କରିଛନ୍ତି ବୋଲି ସେ ମତବ୍ୟକ୍ତ କରିଥିଲେ।

### ଆଜି ବୈଷୟିକ...

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ମଧ୍ୟରେ ଏନେଇ ଏକ ଅନୌପଚାରିକ ଆଲୋଚନା ହୋଇଥିଲା। ପରେ କେନ୍ଦ୍ର ଗୃହ ମନ୍ତ୍ରୀ ଅମିତ ଶାହଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପୂର୍ବାଞ୍ଚଳ ପରିଷଦ ବୈଠକରେ ମଧ୍ୟ ଉଭୟ ରାଜ୍ୟର ମୁଖ୍ୟମନ୍ତ୍ରୀଙ୍କ ମଧ୍ୟରେ ଏ ସଂକ୍ରାନ୍ତୀୟ ଆଲୋଚନା ଆଗକୁ ବଢ଼ିଥିଲା। ଗତ ଅଗଷ୍ଟ ୩୦ ତାରିଖରେ ଉଭୟ ରାଜ୍ୟର ମୁଖ୍ୟ ଶାସନ ସଚିବ ଆଲୋଚନା କରିବା ସହ ବିବାଦର ସମାଧାନ ପାଇଁ ରୂପରେଖ ପ୍ରସ୍ତୁତ କରିଥିଲେ। ଇତିମଧ୍ୟରେ, ଉଭୟ ରାଜ୍ୟ ପକ୍ଷରୁ ଗଠିତ ଯୁଗ୍ମ ବୈଷୟିକ କମିଟିର ୬ଥର ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହାବ୍ୟତୀତ ଆସନ୍ତା ୨୦ ତାରିଖରେ ମହାନଦୀ ଟ୍ରିବ୍ୟୁନାଲରେ ପରବର୍ତ୍ତୀ ଶୁଣାଣି ଅନୁଷ୍ଠିତ ହେବ ବୋଲି ସଂସଦୀୟ ବ୍ୟାପାର ମନ୍ତ୍ରୀ ମୁକେଶ ମହାଲିଙ୍ଗ ଗୃହରେ ଉତ୍ତର ରଖିଛନ୍ତି।

### ମହିଳା ନିଶା ବେପାରୀଙ୍କ...

ଘରେ ଚଢ଼ଉ କରାଯାଇ ୨୦୦ ଗ୍ରାମ୍ ବ୍ରାଉନସୁଗାର ଜବତ କରାଯାଇଥିଲା। ଧଳା ଜହର ବିକ୍ରି ଅଭିଯୋଗରେ ଏବେ ଜେଲ୍‌ରେ ଅଛନ୍ତି ସୁକାନ୍ତି। ସରକାରୀ ଜାଗାରେ ଜୋର୍‌ଜବରଦସ୍ତ ଘର କରି ନିଶା କାରବାର କରୁଥିବା ଅଭିଯୋଗରେ ପୁଲିସ ଏଭଳି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି।

ପୁରୀର ପ୍ରବେଶପଥ ଅଠରନଳା ନିକଟ ନୀଳଚକ୍ର ନଗରରେ ସରକାରୀ ଜାଗା ଜବରଦଖଲ କରି ଦୀର୍ଘ ଦିନ ହେବ ଧଳାଜହର କାରବାର କରୁଥିଲେ ସୁକାନ୍ତି। ଜ୍ୱାଇଁ ଟିକି ଖାଁଙ୍କ ସହ ମିଶି ସୁକାନ୍ତି ଏହି ବେଆଇନ କାରବାର କରିଆସୁଥିଲେ। ଶେଷରେ କୋର୍ଟଙ୍କ ନିର୍ଦ୍ଦେଶ ପରେ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ତାଙ୍କର ଗୋଟିଏ ଦୋକାନ ସହ ୪ଟି ଘର ଭଙ୍ଗାଯାଇଛି। ନିଶା ବେପାରୀଙ୍କ ଘର ଉପରେ ବୁଲିଛି ବୁଲ୍‌ଡୋଜର। ସଦର ଏସ୍‌ଡିପିଓ ରବିନାରାୟଣ ଭଞ୍ଜ, ସଦର ଥାନା ଅଧିକାରୀଙ୍କ ସହ ଦୁଇ ପ୍ଲାଟୁନ୍ ପୁଲିସ ଫୋର୍ସଙ୍କ ଉପସ୍ଥିତିରେ ଏହି ଉଚ୍ଛେଦ କରାଯାଇଛି। ପୁରୀ ଏସ୍‌ପି ପ୍ରତୀକ୍ ସିଂ କହିଛନ୍ତି, ନିଶା ବେପାରୀଙ୍କ ବିରୋଧରେ ପୁଲିସ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରିବ। ଏଥିପାଇଁ ସମସ୍ତ ଥାନା ଅଞ୍ଚଳର ତାଲିକା ପ୍ରସ୍ତୁତ କରାଯାଇଛି। ଆଗକୁ ମଧ୍ୟ ଏଭଳି କାର୍ଯ୍ୟାନୁଷ୍ଠାନ ବଳବତ୍ତର ରହିବ।

### କଳିଙ୍ଗା ଘାଟିରେ...

ମାଝୀ ଓ ଟିମ୍ ସହ ଜି.ଉଦୟଗିରି ପୁଲିସ ଏବଂ ଜାତୀୟ ରାଜପଥ ସହକାରୀ ଯନ୍ତ୍ରୀ ପ୍ରଶାନ୍ତ କୁମାର ସାହୁ ଓ ଅନ୍ୟ କନିଷ୍ଠ ଯନ୍ତ୍ରୀମାନେ ଉପସ୍ଥିତ ଥିଲେ। ଏହି ଭେଇକିଲ ସେନ୍ସର୍ ଆଲର୍ଟ ମେସିନ ରାଜ୍ୟରେ ପ୍ରଥମଥର କଳିଙ୍ଗା ଘାଟିରେ ଲାଗୁଥିବା ବେଳେ ଏହା ଠିକ୍ ଭାବେ କାମ କଲେ, ଆସନ୍ତା ଦିନମାନଙ୍କରେ ଅନ୍ୟ ସ୍ଥାନମାନଙ୍କରେ ଲଗାଯିବ ବୋଲି ଭୁବନେଶ୍ୱର ଆଇଆଇଟି ପକ୍ଷରୁ ଆସିଥିବା ଅଧିକାରୀ କହିଛନ୍ତି।


GOVERNMENT OF ODISHA
OFFICE OF THE SUPERINTENDING ENGINEER, GANJAM [R&B] DIVISION NO.II, BERHAMPUR
Phone/Fax: 0680-2233996, e-mail: sernb2.ganjam@gmail.com
B-787
INVITATION FOR BIDS (IFB) [e-Procurement]
TENDER CALL NOTICE

Bid Identification No. SC (R&B)-GM-II-21/2025-26 No. Dated.27.11.2025

1) The Superintending Engineer, Ganjam [R&B] Division No.II, Berhampur on behalf of Governor of Odisha invites percentage rate bid in single cover system to be received in ONLINE MODE only for the work as detailed below:
2) Nature of Work : Electrical work
3) No. of work : 02 Nos.
4) Tender Cost : Rs.6,000/-
5) Class of Contractor : HT of registered with the ELBO Authorized HT License
6) Availability of bid documents in the website : From 05.12.2025 10.00 AM to 16.12.2025 4.00 P.M.
7) Date of opening of Bid : 17.12.2025 at 11.30 A.M.
8) The Bidders have to participate in ONLINE bidding only. Further details can be seen from the website https://tendersorissa.gov.in

(Sd/- S. Panigrahi)
Superintending Engineer
Ganjam (R&B) Division No.II
OIPR-34080/11/0038/2526



ଭା.କ.ନି.
CCI
ଭାରତୀୟ କପା ନିଗମ ଲିମିଟେଡ୍
ଶାଖା କାର୍ଯ୍ୟାଳୟ: ରାୟଗଡା
ଭବନାରାୟଣ ନୀଳୟମ, ଜ୍ୟୋତି ମହଲ ହୋଟେଲ ନିକଟରେ, କନଭେଣ୍ଟ ରୋଡ୍, ରାୟଗଡା -୭୬୫୦୦୧
ମୋବାଇଲ ଆପ
ସଂଖ୍ୟା: ଭାକନି / ରାୟଗଡ଼ା / ୨୦୨୫-୨୬ ତାରିଖ: ୦୪.୧୨.୨୦୨୫

କପା ଚାଷୀଙ୍କୁ ଆହ୍ୱାନ

ଚଳିତ କପା ବିପଣନ ଋତୁ ୨୦୨୫-୨୬ ରେ, ଭାରତୀୟ କପା ନିଗମ (CCI) କପାଚାଷୀଙ୍କ ପାଇଁ "କପାସ କିଷାନ" ମୋବାଇଲ୍ ଆପ୍ ଲଞ୍ଚ କରିଛି, ଯାହା ମାଧ୍ୟମରେ ଚାଷୀମାନେ ସ୍ୱୟଂ-ପଞ୍ଜିକରଣ କରି ପାରିବେ ଏବଂ ସର୍ବନିମ୍ନ ସହାୟକ ମୂଲ୍ୟ (MSP)ରେ CCI କ୍ରୟ କେନ୍ଦ୍ରରେ ସେମାନଙ୍କର କପା ବିକ୍ରୟ କରିପାରିବେ। ସମ୍ପୃକ୍ତ ରାଜ୍ୟ ଦ୍ୱାରା ସ୍ୱୟଂ-ପଞ୍ଜିକରଣ ଅନୁମୋଦନ ହେବା ପରେ ପଞ୍ଜିକରଣ ସମ୍ପୂର୍ଣ୍ଣ ବୋଲି ବିବେଚନା କରାଯିବ, ଯାହା ପରେ ଚାଷୀମାନେ ମୋବାଇଲ୍ ଆପରେ ଉପଲବ୍ଧ ନିକଟତମ କ୍ରୟ କେନ୍ଦ୍ର / ଅଧିସୂଚିତ କାରଖାନାରେ ସେମାନଙ୍କର କପା ବିକ୍ରୟ କରିବା ପାଇଁ ଏକ ସ୍ଲଟ୍ ବୁକ୍ କରିପାରିବେ।

ରାଜ୍ୟଗୁଡ଼ିକର ଅନୁରୋଧ ଏବଂ କୃଷକମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି, ପଞ୍ଜୀକରଣର ଶେଷ ତାରିଖ ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ କୁ ବୃଦ୍ଧି କରାଯାଇଛି।

ତେଣୁ, ସମସ୍ତ କପା ଚାଷୀଙ୍କୁ ଅନୁରୋଧ କରାଯାଉଛି ଯେ ସେମାନେ ନିର୍ଦ୍ଧାରିତ ସମୟ ମଧ୍ୟରେ କପାସ କିଶାନ ମୋବାଇଲ୍ ଆପ୍ ଡାଉନଲୋଡ୍ କରନ୍ତୁ ଏବଂ ସେମାନଙ୍କର ପଞ୍ଜୀକରଣ ସମାପ୍ତ କରନ୍ତୁ ଯାହା ଦ୍ୱାରା ସେମାନେ MSP ଯୋଜନାର ଲାଭ ପାଇପାରିବେ।

ଗୁଣବତ୍ତା ମାନଦଣ୍ଡ ଅନୁଯାୟୀ ଯଦି କପାରେ ଆର୍ଦ୍ରତା ୮% ଅତିକ୍ରମ ନକରେ, ତେବେ ଚାଷୀମାନଙ୍କୁ ସମ୍ପୂର୍ଣ୍ଣ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ପ୍ରଦାନ କରାଯିବ। କିନ୍ତୁ, ଯଦି ଆର୍ଦ୍ରତା ୮% ଅତିକ୍ରମ କରି ୧୨% ପର୍ଯ୍ୟନ୍ତ ପହଞ୍ଚିଯାଏ, ତେବେ ୮% ରୁ ଅଧିକ ଆର୍ଦ୍ରତା ଅନୁପାତରେ ହ୍ରାସ କରି MSP ପ୍ରଦାନ କରାଯିବ।

ତେଣୁ, ନିଗମ ସମସ୍ତ କପା ଚାଷୀଙ୍କୁ ଅତ୍ୟଧିକ ଆର୍ଦ୍ରତା ଯୋଗୁଁ କୌଣସି କଟନିତୀକୁ ଏଡାଇବା ପାଇଁ କେବଳ ଶୁଖିବା ପରେ ସେମାନଙ୍କର କପା କେନ୍ଦ୍ରକୁ ଆଣିବାକୁ ଅନୁରୋଧ କରୁଛି। ତଥାପି, କୌଣସି ପରିସ୍ଥିତିରେ କପାରେ ଆର୍ଦ୍ରତା ୧୨% ଅତିକ୍ରମ କରିବା ଉଚିତ୍ ନୁହେଁ।

ଯଦି କୌଣସି ପ୍ରକାରର ସହାୟତା ଆବଶ୍ୟକ ହୁଏ, ତେବେ ଚାଷୀମାନେ ନିଗମର ରାୟଗଡ଼ା ଶାଖା କାର୍ଯ୍ୟାଳୟ ସହିତ ହ୍ୱାଟସଆପ୍ ହେଲ୍ପଲାଇନ୍ ନମ୍ବର ୬୩୭୦୦୧୧୯୨୦ରେ ଯୋଗାଯୋଗ କରିପାରିବେ।

ସ୍ୱା/-ଶାଖା ପ୍ରମୁଖ



ନିୟନ୍ତ୍ରୀତ ବଜାର କମିଟି, ବଲାଙ୍ଗିର ଜିଲ୍ଲା - ବଲାଙ୍ଗିର (ଧାନ ମଣ୍ଡି)

ଏତଦ୍ ଦ୍ୱାରା ବଲାଙ୍ଗିର ଜିଲ୍ଲା ଅନ୍ତର୍ଗତ ବଲାଙ୍ଗିର ଉପଖଣ୍ଡର ସମସ୍ତ ଚାଷୀ ଭାଇ ଓ ଭଉଣୀ ମାନଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଛି ଯେ, ତା. ୦୫.୧୨.୨୦୨୫ ରିଖରୁ ଧାନକ୍ରୟ କରିବା ପାଇଁ ଜିଲ୍ଲା ପ୍ରଶାସନ ତରଫରୁ ନିଷ୍ପତ୍ତି ନିଆଯାଇଛି । ଓଡିଶା ରାଜ୍ୟ ସରକାରଙ୍କ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗଙ୍କ ନିର୍ଦ୍ଦେଶ କ୍ରମେ ଆସନ୍ତା ଖରିଫ୍ ଋତୁ (୨୦୨୫-୨୬) ବର୍ଷ ପାଇଁ ସରକାର ନିମ୍ନ ମତେ ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ନିର୍ଦ୍ଧାରଣ କରିଛନ୍ତି । ତେଣୁ ଚାଷୀ ଭାଇ ଓ ଭଉଣୀମାନେ ତାଙ୍କର ଉତ୍ପାଦିତ ବଳକା ଧାନ ସବୁକୁ ପ୍ରାଥମିକ କୃଷି ସମବାୟ ସମିତି (PACS) ଓ ମହିଳା ସ୍ୱୟଂସହାୟିକା ଗୋଷ୍ଠୀ (WSHG) ମାନଙ୍କରେ ନିର୍ଦ୍ଧାରିତ ଦିବସରେ ବିକ୍ରି କରିବା ପାଇଁ ଅନୁରୋଧ ।

"ଚାଷୀ ଭାଇମାନଙ୍କୁ ଅନୁରୋଧ ଧାନ ସବୁକୁ ଠିକ୍ ଭାବରେ ଖରାରେ ଶୁଖାଇ ବାଲି, ମାଟି, କୁଟା, ଅଗାଡି ଇତ୍ୟାଦିକୁ ଭଲ ଭାବରେ ସଫାକରି ବିକ୍ରୟ କେନ୍ଦ୍ରକୁ ଆଣିବା ହେବେ । ଯେପରି ଧାନ ବ୍ୟବସାୟଯୋଗୀ, ଖାଦ୍ୟ ଉପଯୋଗୀ ଏବଂ ପୋକରା, ଦୁର୍ଗନ୍ଧ ଓ ବିଷ ମୁକ୍ତ ହୋଇଥିବ ।"


ଧାନ କ୍ରୟ ଦିବସ - ସୋମ, ମଙ୍ଗଳ, ବୁଧ, ଗୁରୁ ଶୁକ୍ର, ଶନି ସମୟ - ସକାଳ ୭ ଘଣ୍ଟା ରୁ ମଧ୍ୟାହ୍ନ ୧୨ ଘଣ୍ଟା ମଧ୍ୟରେ ଧାନ ବିକ୍ରୟ କରି ପାରିବେ ।

ଧାନର ଗୁଣାତ୍ମକ ମାନ

| କ୍ର.ନଂ | ଧାନରେ ମିଶ୍ରିତ ନିକୃଷ୍ଟ ବାହ୍ୟ ପଦାର୍ଥ | ଏଫ୍ . ଏ. କ୍ୟୁ ମାନର ଧାନ ପାଇଁ ସର୍ବୋଚ୍ଚ ସୀମା (%) |
|---|---|---|
| ୧. | ଅଜୈବୀକ ବାହ୍ୟ ପଦାର୍ଥ (ବାଲି, ମାଟି, ଗୋଡ଼ି, ପଥର ବା ଧୂଳି ଇତ୍ୟାଦି) | ୧.୦ % |
| ୨. | ଜୈବୀକ ବାହ୍ୟ ପଦାର୍ଥ (କାଠି, କୁଟା, ଧୂଷ, ଅଗାଡ଼ି ବା ପୋଲା ଇତ୍ୟାଦି) | ୧.୦% |
| ୩. | ଖରାପ, ବେରଙ୍ଗୀ, ପାଣିଫୁଲା ଓ ପୋକା (ଖରାପ, ପାଣିଫୁଲା ଓ ପୋକା ମିଶି ୪% ରୁ ଅଧିକ ହୋଇନଥିବ) | ୫.୦% |
| ୪. | ଅପରିପକ୍ୱ (କଞ୍ଚା – ସବୁଜ) ବଙ୍କା ଓ ସଙ୍କୁଚିତ ଇତ୍ୟାଦି | ୩.୦ % |
| ୫. | ସରୁଧାନରେ ମିଶ୍ରିତ ମୋଟା ଧାନ (କେବଳ ଗ୍ରେଡ୍ "ଏ" ଧାନ ନିମନ୍ତେ) | ୬.୦ % |
| ୬. | ଆର୍ଦ୍ରତା ବା ଜଳୀୟ ଅଂଶ | ୧୭.୦% |

-: ଏହି ବର୍ଗର ଧାନ ପାଇଁ ସରକାରୀ ଧାର୍ଯ୍ୟଦର ନିମ୍ନରେ ଦିଆଗଲା :-

| କ୍ର.ନଂ. | (FAQ) ଧାନର ମାନ | କ୍ୱିଣ୍ଟାଲ ପ୍ରତି ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ତତ୍‌ସହ ଇନ୍‌ପୁଟ ସହାୟତା |
|---|---|---|
| ୧. | ସାଧାରଣ ମାନ (Common FAQ) | ୩୧୦୦/- |



ଚଳିତ ବର୍ଷ ଧାନ କ୍ରୟ ପାଇଁ ପଞ୍ଜିକୃତ ହୋଇଥିବା ଚାଷୀମାନଙ୍କ ମୋବାଇଲ ନମ୍ବର (SMS) ଜରିଆରେ ଚାଷୀମାନଙ୍କୁ ସେମାନଙ୍କର ବିକ୍ରିଯୋଗ୍ୟ ଧାନ ସହ ମଣ୍ଡିରେ ଉପସ୍ଥିତ ହେବା ପାଇଁ ବାର୍ତ୍ତା (ଅଗ୍ରୀମ ଟୋକନ୍) ପ୍ରେରଣ କରାଯିବ ଯାହାକି ୩୦ ଦିନ ବୈଧ ରହିବ । ଅଗ୍ରୀମ ଟୋକନ୍ ପାଇଲା ପରେ ସଂପୃକ୍ତ କ୍ରୟକାରୀ ପ୍ରାଥମିକ କୃଷି ସମବାୟ ସମିତି (PACS) ବା ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀଙ୍କ କାର୍ଯ୍ୟାଳୟ ସହିତ ଯୋଗାଯୋଗ କରିବା ପାଇଁ ଅନୁରୋଧ । ଚଳିତ ବର୍ଷ ଟୋକନ୍ ରେ ଦିଆଯାଇଥିବା ଦିନ ଓ ପରିମାଣର ଧାନ ନେଇ ଆସିଥିବା ଚାଷୀମାନଙ୍କ ଠାରୁ କ୍ରମାନ୍ୱୟ (FIFO) ରେ ଧାନ କ୍ରୟ କରାଯିବ । ବିନା ଟୋକନ୍ ରେ ମଣ୍ଡିକୁ ଧାନ ନ ଆଣିବା ପାଇଁ ଚାଷୀ ଭାଇମାନଙ୍କୁ ଅନୁରୋଧ ।

ଚାଷୀ ଭାଇ ଓ ଭଉଣୀମାନଙ୍କୁ ଅନୁରୋଧ ଯେ ସେମାନେ ନିଜର ନାମ ପଞ୍ଜିକରଣ ସମୟରେ ଦେଇଥିବା ଆଧାର ପରିଚୟପତ୍ର ଏବଂ ପ୍ରାପ୍ତହୋଇଥିବା ଟୋକନ୍ ଆଣିବେ । ରେଜିଷ୍ଟ୍ରିଭୁକ୍ତ ଚାଷୀ ଭାଇଭଉଣୀମାନେ ତାଙ୍କର ପଞ୍ଜିକୃତ ହୋଇଥିବା ମୋ. ନଂ ରୁ ଟୋଲ୍ ଫ୍ରି ନଂ 1967 ଡାଏଲ କରି ତାଙ୍କର ଯାଞ୍ଚକୃତ (Verified) ହୋଇଥିବା ଜମିର ପରିମାଣ, ଟୋକନ୍‌ର ସ୍ଥିତି ଏବଂ ଦେୟର ସ୍ଥିତି ପରିମାଣ ଜାଣିପାରିବେ ।

I.V.R.S ପଦ୍ଧତିରେ -
୫ ନମ୍ବର ଚୟନ କଲେ ଯାଞ୍ଚକୃତ (Verified) ହୋଇଥିବା ଜମିର ପରିମାଣ ଜାଣିପାରିବେ ।
୬ ନମ୍ବର ଚୟନ କଲେ ଟୋକନ୍ ର ସ୍ଥିତି ଜାଣିପରିବେ ।
୭ ନମ୍ବର ଚୟନ କଲେ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ଦେୟର ସ୍ଥିତି ଜାଣିପାରିବେ ।

ସ୍ୱା - ସଂପାଦକ
ନିୟନ୍ତ୍ରୀତ ବଜାର କମିଟି, ବଲାଙ୍ଗିର

ସ୍ୱା - ଉପଜିଲ୍ଲାପାଳ ବଲାଙ୍ଗିର ତଥା ଅଧ୍ୟକ୍ଷ
ନିୟନ୍ତ୍ରୀତ ବଜାର କମିଟି, ବଲାଙ୍ଗିର


## ଦୁର୍ଘଟଣାରେ ଦୁଇ ସାଙ୍ଗ ମୃତ

କୁଚିଣ୍ଡା, ୪।୧୨ (ସମିସ): ସମ୍ବଲପୁର ଜିଲ୍ଲା ବାମରା ବ୍ଲକ୍ ଜରବଗା ମଦଭାଟିପଡ଼ା ନିକଟରେ ଆଜି ଏକ ଦୁର୍ଘଟଣାରେ ୨ ସାଙ୍ଗଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, କେଶାଇବାହାଲ ପଞ୍ଚାୟତ ଭିକାପାଲି କନ୍ଦାମୁଣ୍ଡା ଗ୍ରାମର ମାନେଶ ମୁଣ୍ଡା ଓ ଆକାଶ ମୁଣ୍ଡା। ଏହି ଦୁର୍ଘଟଣାରେ ଅନ୍ୟ ଜଣେ ଯୁବକ ଶିବାନ ମୁଣ୍ଡା ଗୁରୁତର ଆହତ ହୋଇଛନ୍ତି। ତାଙ୍କୁ ବୁର୍ଲା ଭିମସାର୍‌ରେ ଭର୍ତ୍ତି କରାଯାଇଛି। ସେଠାରେ ତାଙ୍କ ଅବସ୍ଥା ସଂକଟାପନ୍ନ ରହିଛି। ଖବର ପାଇ ମହୁଲପାଲି ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

ସୂଚନାନୁସାରେ, ମାନେଶ, ଆକାଶ ଓ ଶିବାନ ଆଜି ଏକ ବାଇକ୍‌ରେ ଜରାବଗା ଗ୍ରାମକୁ ଯାଇଥିଲେ। ସନ୍ଧ୍ୟାରେ ସେମାନେ ଗାଁକୁ ଫେରୁଥିବା ବେଳେ ମଦ ଭାଟିପଡ଼ା ନିକଟରେ ସେମାନଙ୍କ ବାଇକ୍‌ଟି ଭାରସାମ୍ୟ ହରାଇ ରାସ୍ତାକଡ଼ ଏକ ଗଛରେ ପିଟି ହୋଇଯାଇଥିଲା। ଘଟଣାସ୍ଥଳରେ ମାନେଶଙ୍କ ମୃତ୍ୟୁ ହୋଇଥିବା ବେଳେ ଆକାଶ ଓ ଶିବାନ ଗୁରୁତର ଆହତ ହୋଇଥିଲେ। ସେମାନଙ୍କୁ ପ୍ରଥମେ କୁଚିଣ୍ଡା ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ସେଠାରେ ଅବସ୍ଥା ଉଦ୍‌ବେଗଜନକ ରହିବାରୁ ଦୁହିଁଙ୍କୁ ବୁର୍ଲାକୁ ସ୍ଥାନାନ୍ତର କରାଯାଇଥିଲା। ମାତ୍ରେ ବୁର୍ଲାଠାରେ ଆକାଶକୁ ଡାକ୍ତର ମୃତ ଘୋଷଣା କରିଥିଲେ। ଶିବାନଙ୍କ ଅବସ୍ଥା ମଧ୍ୟ ସଙ୍କଟାପନ୍ନ ରହିଥିବା ଜଣାଯାଇଛି।


ADMISSION NOTICE-2025-26
Manjari Devi College
Affiliated to Utkal University, OUHS, PCI, OSBP & DMLT/RTEB
Campus:
262, Puranpadhan, Balakati, Bhubaneswar
Mob. 7019799641, 7978608747
9853801459
Email: mdscnbbsr@gmail.com
• B. Pharm
Rs. 58,000/- P.A.
Eligibility: +2 Sc. (PCB/M & OJEE Appeared)
• D. Pharm
Rs. 48,000/- P.A.
Eligibility: +2 Sc. (PCB/M)
• B.M.L.T.
Rs. 58,000/- P.A.
Eligibility: +2 Sc. (PCB/M with 50 % Mark)
• D.M.L.T.
Rs. 48,000/- P.A.
Eligibility: +2 Sc. Pass (PCB/M)
• M.P.H.
Rs. 42,000/- P.A.
Eligibility: Any Graguate
ALL COURSE FEES ARE EXCLUDING HOSTEL



TENDER NOTICE
IGSSS invites quotations from reputed and experienced service providers for designing and installing a 5-metric-ton Solar-based cold storage unit for fisheries. Interested firms are requested to submit their Expression of Interest (EOI) to receive the detailed RFP by emailing procurement@igsss.net within 15 days. For more information, please contact 9711387171 / 7978102371.



OFFICE OF THE PRINCIPAL S.D. WOMEN'S COLLEGE RAJGANGPUR
No./610/sdwc/NAAC/25 Date: 04.12.2025
QUATATION CALL NOTICE
Sealed quotations are invited from registered manufacturers / suppliers/ dealers / firms / Contractors having a valid GST Certificate and Authorisation Certificate from the manufacturer / service provider for the supply of Round Table, Executive Chairs, Air Conditioners, Wall-Mounted Cupboards, Desktops, and Laptops.
The quotations must reach the undersigned on or before 15.12.2025 by 5:00 PM.
For detailed specifications, please visit our college website: www.sdwcrgp.ac.In
Sd/- PRINCIPAL, S.D. WOMEN'S COLLEGE, RAJGANGPUR



JOB VACANCY
Yamaha Jaleswar
YAMAHA
General Manager -01
Salary expectation - 20k to 25k
Work Shop Manager -01
Salary expectation -15k to 20k
Experience in two wheeler Automobiles service center - 3 to 5 years in both posts.
Khan Motor Yamaha Jaleswar
Mob no - 9776483818



କେନ୍ଦ୍ରାପଡ଼ା କ୍ରେଡିଟ୍ କୋ-ଅପରେଟିଭ୍ ସୋସାଇଟି ଲିଃ,କେନ୍ଦ୍ରାପଡ଼ା
➤ ଓଡ଼ିଶା ସରକାରଙ୍କ ଦ୍ୱାରା ସୋସାଇଟି କାର୍ଯ୍ୟପରିସର ଅବିଭକ୍ତ କଟକ ଜିଲ୍ଲା ଯଥା-କେନ୍ଦ୍ରାପଡ଼ା ସମେତ ଜଗତସିଂହପୁର, ଯାଜପୁର ଓ କଟକ ଜିଲ୍ଲା ମଧ୍ୟରେ ସୀମିତ ।
➤ ସଞ୍ଚୟ ଜମା (Saving Collection Account) ରେ ବାର୍ଷିକ ୪.୦୦% ସୁଧ Daily Balance ଉପରେ ଦିଆଯାଏ ।
➤ ସ୍ଥାୟୀ ଜମା (Fixed Deposit) ରେ ୧ ବର୍ଷ ଠୁ ୩ ବର୍ଷରୁ କମ୍ ପାଇଁ ବାର୍ଷିକ ୮.୫୦%, ୩ ବର୍ଷ ଠୁ ୫ ବର୍ଷରୁ କମ୍ ୮.୭୫% ଏବଂ ୫ ବର୍ଷ ଓ ତଦୂର୍ଦ୍ଧ ପାଇଁ ୯.୦୦% ସୁଧ ଦିଆଯାଏ ।
➤ ବିଜୁ ପଟ୍ଟନାୟକ ବିକାଶପତ୍ର @୯.୦୦% ସୁଧ ହାରରେ ୭ ବର୍ଷ ୧୦ ମାସରେ ୨ ଗୁଣ ହୁଏ ।
➤ ଦୃଷ୍ଟିହୀନ ଓ ସଂପୂର୍ଣ୍ଣ ଶାରୀରିକ ଅକ୍ଷମ ତଥା ଅସହାୟ ପରିବାରକୁ ଜ୍ଞାନଦେବୀ ଗୁରୁରାଣୀ ସହାୟତାପ୍ରଦାନ |
➤ ଅବସରପ୍ରାପ୍ତ ସାମରିକ କର୍ମଚାରୀ, ଭିନ୍ନକ୍ଷମ ବ୍ୟକ୍ତି, ସ୍ୱାଧୀନତା ସଂଗ୍ରାମୀ, କେନ୍ଦ୍ର ତଥା ରାଜ୍ୟ ସରକାରଙ୍କ ଅଧିସ୍ୱୀକୃତ ସାମ୍ବାଦିକ ଓ ବରିଷ୍ଠ ନାଗରିକ (Senior Citizen)ଙ୍କ ଜମା ଉପରେ ଯେ କୌଣସି ଗୋଟିକରେ ୦.୫୦% ଅଧିକ ସୁଧ ଦିଆଯାଏ ।
➤ ସ୍ୱଳ୍ପ ସମୟ ଓ ସହଜ କିସ୍ତିରେ ଋଣ ପ୍ରଦାନ କରାଯାଏ ।
➤ ଆପଣଙ୍କ ଜମା ଖାତା ସୋସାଇଟିର ଯେକୌଣସି ଶାଖାରେ ଥିଲେ ମଧ୍ୟ CBS ବ୍ୟବସ୍ଥା ଦ୍ୱାରା ପ୍ରତ୍ୟେକ ଶାଖାରେ କାରବାର ସୁବିଧା ଉପଲବ୍ଧ ।
➤ କେନ୍ଦ୍ରାପଡ଼ା ପୌରାଞ୍ଚଳର ମୁଖ୍ୟରାସ୍ତା ସଂଲଗ୍ନ ବିଦ୍ୟୁତ ବିଭାଗ ଅଫିସ ସନ୍ନିକଟ କଳକା ମୌଜାରେ ସରକାରଙ୍କ ପକ୍ଷରୁ ପ୍ରଦତ୍ତ ଜମିରେ ସୋସାଇଟିର ସ୍ଥାୟୀ ଅଫିସ ଗୃହନିର୍ମାଣ ଖୁବଶୀଘ୍ର କାର୍ଯ୍ୟଆରମ୍ଭ ହେବାକୁ ଯାଉଛି ।
➤ ମାର୍ଶାଘାଇ, ପଟ୍ଟାମୁଣ୍ଡାଇ , ରାଜକନିକା, ରାମନଗର, ଗରଦପୁର, ରାଜନଗର, ସାତମଙ୍ଗଳା ଛକ, ଆଳି, ସାଲେପୁର, ପାରାଦ୍ୱୀପ, ଜଗତସିଂହପୁର, ଯାଜପୁର ଟାଉନ୍, ରାହାମା , ଚୌଦ୍ୱାର, ଜଗତପୁର ଓ ବାଲିଚନ୍ଦ୍ରପୁରଠାରେ ଶାଖା ଗୁଡିକ ସୁଚାରୁରୂପେ କାର୍ଯ୍ୟ କରୁଛି ।

ଅରବିନ୍ଦ ସାହୁ
ସଂପାଦକ
ମୋ.- ୯୧୨୪୨୫୪୪୧୯

ପ୍ରମୋଦ ସାହୁ
ସଭାପତି
ମୋ.- ୯୧୨୪୨୫୪୪୧୮



NOTICE
By virtue of an Affidavit sworn before Executive Magistrate, Bhubaneswar. dated 29.11.2025.CF No.01, I, Trinalh Saboo, aged about 45 years, S/O: Sankar Sahoo, residing at Totapada, PO: Baku, PS: Gadisagada, Dist: Puri, PIN: 752019, Aadhaar No.4560 6087 3983 Currently residing at above address, declare that I have changed the name of my daughter from my name from Somali Sahoo (old name) to Sonali Sahoo (new name). Henceforth she shall be known as Sonuli Sahoo for all purposes.
Sd/- Trinath Sahoo

AFFIDAVIT
By virtue of an affidavit before the Executive Magistrate, Bolagarh, on dated- 01.12.2025 at about 10.30 am. I Rabindra Kumar Behera, S/o Dasharathi Behera, permanent resident of At-Trutiapada, PO- Bolagarh, PS-Bolagarh, Dist- Khordha, Odisha, PIN- 752066 declare that I have changed my son's / daughter's name from P.R Palvit Kumar Behera to Palvit Kumar Behera. Henceforth, he/she shall be known as Palvit Kumar Behera for all purposes.

AFFIDAVIT
By virtue of an affidavit sworn before the executive magistrate,Jajpur No 11401 dated 19/11/2025. I Jamuna Nayak W/O-Prasanta Jena resident of Belampur,Unit -9,Jajpur -1 declare that my minor son name changed from Sekhar Nayak to Sekhar Jena .Hence He will be known as Sekhar Jena for all purposes.
S/d-Jamuna Nayak

AFFIDAVIT
By virtue of an affidavit sworn before the Executive Magistrate, Bhubaneswar, dated 04/12/2025, CF No.- 38/04.12.2025. I Subash Chandra Samal S/O Late Bishnu Charan Samal, At-Bandhasahi,Po-Mahal, PS-Patakura, Dist-Kendrapara, Pin-754210, declare that I have changed the name of my daughter from Gita Samal to Mitali Samal. Henceforth, she shall be known as new name Mitali Samal for all purposes.
Sd/- Subash Chandra Samal

AFFIDAVIT
By virtue of an affidavit before the Notary Public, Titilagarh, on dated- 04/12/2025. I, Soura Sweety Debendra (new name), formerly called as Sweety Debendrakumar Soura (old name), D/o-Debendra Soura, permanent resident of AT/PO/PS- Titilagarh, (Girls High School Pada), Dist- Bolangir, (Odisha), PIN-767033 now residing at the same place declare that I have changed my name from Sweety Debendrakumar Soura to Soura Sweety Debendra. Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as Soura Sweety Debendra (new name) for all future purposes.
Soura Sweety Debendra

AFFIDAVIT
I, Kunal Kumar Choubey, aged about 29 years, S/o-Gopal Chandra Chaubey, resident of At- Dipupada, Jharsuguda, VTC-Banjara, PS/Dist-Jharsuguda, Pin- 768201 (Odisha) declare by this affidavit No. 02, dtd. 04/12/2025, that now onwards I shall be known as KUNAL KUMAR CHAUBEY for all future purposes.

AFFIDAVIT
By virtue of an affidavit sworned before Executive Magistrate, Nayagarh vide sl. no-1314 on dt. 03/12/2025 I Archana Mishra, w/o-Rajesh kumar Mishra resident of PWD lane, Nayagarh, po./p.s/Dist-Nayagarh, Odisha, pin-752069 declare that i have changed the surname of my son from satapathy to mishra and now he will be known as Aditya Kumar Mishra S/o- Rajesh kumar Mishra and Archana Mishra for all future purposes.

AFFIDAVIT
By virtue of an affidavit before the Notary Public, Titilagarh, on dated- 03/12/2025. I, Balakrishna Behera (new name), formerly called as Balakrushna Behera (old name), S/o- Ratnakar Behera, permanent resident of AT/PO- Rigdol, PS- Titilagarh, Dist- Bolangir, (Odisha), PIN- 767033 now residing at the same place declare that I have changed my name from Balakrushna Behera to Balakrishna Behera. Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as Balakrishna Behera (new name) for all future purposes.
Balakrishna Behera

# ବଡ଼କୁଞ୍ଜାରୀ ଅଙ୍ଗ ନଦୀ ବ୍ରିଜ କାମ ନିମ୍ନମାନ ଅଭିଯୋଗ

## କାର୍ଯ୍ୟ ଶେଷ ଅବଧି ଦୁଇ ବର୍ଷ ବିତିଲା; ସରୁନି କାମ

ବରଗଡ଼, ୪ା୧୨(ସମିସ)



ଝାରବନ୍ଧ ବ୍ଲକର ଛୋଟକୁଞ୍ଜାରୀ ଏବଂ ବଡକୁଞ୍ଜାରୀ ଗାଁର ମଝିରେ ଥିବା ଅଙ୍ଗ ନଦୀରେ ବର୍ଷା ଦିନରେ ଭରା ପାଣିରେ ସ୍କୁଲ ଛାତ୍ରଛାତ୍ରୀ ଯିବା ଆସିବା କରିବାର ଦୃଶ୍ୟ ପ୍ରଶାସନର ନଜରକୁ ଆସିଥିଲା। ଏହି ସମସ୍ୟାର ସମାଧାନ ତଥା ଉଭୟ ଗାଁକୁ ସଂଯୋଗ ପାଇଁ ହାଇ ଲେଭେଲ ବ୍ରିଜ ନିର୍ମାଣ ସରକାର ଅନୁମୋଦନ କଲେ। ବ୍ରିଜ ନିର୍ମାଣ କାର୍ଯ୍ୟ ଆରମ୍ଭ ୨୦୨୧ରେ ଏବଂ ଶେଷ ତାରିଖ ୨୦୨୩ର ହୋଇଥିବା ବେଳେ ଅଟକଳ ମୂଲ୍ୟ. ୧୬୪୨.୨୦ ଲକ୍ଷ ଟଙ୍କା ସୂଚନା ଫଳକରେ ଉଲ୍ଲେଖ ରହିଛି। ବଡକୁଞ୍ଜାରୀ ଅଙ୍ଗ ନଦୀ ଉପରେ ନିର୍ମାଣାଧୀନ ବ୍ରିଜ କାମ ଧୀର ମନ୍ଥର ହେବ ସହିତ ନିମ୍ନମାନର କାର୍ଯ୍ୟ ହେଉଥିବାର ଅଞ୍ଚଳର ଜନସାଧାରଣ ଅଭିଯୋଗ କରିଛନ୍ତି। ନିର୍ମାଣକାର୍ଯ୍ୟ ଶେଷ ପାଇଁ ଅବଧିର ଦୁଇ ବର୍ଷ ବିତି ଯାଇଥିଲେ ହେଁ ବର୍ତ୍ତମାନ ସୁଦ୍ଧା କାର୍ଯ୍ୟ କଚ୍ଛପ ଗତିରେ ଚାଲୁଛି। ନିର୍ମାଣ କାର୍ଯ୍ୟ ସମୟରେ ବିଭାଗୀୟ ଜେଇ ଉପସ୍ଥିତ ନ ରହିବା ଏବଂ ରାତିରେ ନିର୍ମାଣ କାର୍ଯ୍ୟ କରିବା ଦ୍ୱାରା ସଠିକ କାର୍ଯ୍ୟ ହେଉନାହିଁ। ଠିକ ଭାବେ ଭାଇବ୍ରେଟର ନ ଚଳାଇବା, କଙ୍କ୍ରିଟ କାମରେ ଛଡ ଦିଶିବା, ପରେ ସବୁକୁ ପେଚିଂ ସୁଧାରି ସିମେଣ୍ଟ ବୋଲି ଦୋଷକୁ ଲୁଚାଇବା ଆଦି ଅଭିଯୋଗ ହୋଇଛି। ଏଭଳି ମନମୁଖୀ କାର୍ଯ୍ୟରେ ଦେଶର ବିଭିନ୍ନ ସ୍ଥାନରେ ବ୍ରିଜ ଭାଙ୍ଗି ଲୋକଙ୍କ ଜୀବନ ଯାଇଛି। ତେଣୁ ବେଳେ ଥାଉ ଥାଉ ବ୍ରିଜ ନିର୍ମାଣ କାର୍ଯ୍ୟ ତଦାରଖ କରୁଥିବା ଗ୍ରାମ୍ୟ ଉନ୍ନୟନ ବିଭାଗ ପଦ୍ମପୁରର ଅଧିକାରୀ ଦୃଷ୍ଟି ଦେବାକୁ ଜନସାଧାରଣରେ ଦାବି ହୋଇଛି। ନିର୍ମାଣ କାର୍ଯ୍ୟରେ ନିୟୋଜିତ କର୍ମଚାରୀଙ୍କୁ ଏ ସମ୍ପର୍କରେ ପଚାରିଲେ 'ମୁଁ କିଛି କହି ପାରିବି ନାହିଁ। ସାଇଟ ଇଞ୍ଜିନିଅର କିମ୍ବା ବିଭାଗୀୟ ଯନ୍ତ୍ରୀଙ୍କୁ ଆପଣ ଯୋଗାଯୋଗ କରନ୍ତୁ।' ବୋଲି କହିଥିଲେ। ତେବେ ଏହି ସମସ୍ୟାର ସମାଧାନ ନ ହେଲେ ଆଗାମୀ ଦିନରେ ଆନ୍ଦୋଳନ କରିବାକୁ ଅଞ୍ଚଳ ବାସୀ ଚେତାବନୀ ଦେଇଛନ୍ତି।

# ଭିନ୍ନକ୍ଷମ ଦିବସରେ ସ୍ୱତନ୍ତ୍ର ଶିଶୁଙ୍କୁ ପାର୍ଟି ଦେଲେ ଡ.ସୁସ୍ମିତା ଦାଶ

ବରଗଡ଼, ୪ା୧୨(ସମିସ): ଅନ୍ତର୍ଜାତୀୟ ଭିନ୍ନକ୍ଷମ ଦିବସ ସବୁଠି ଭିନ୍ନ ଭିନ୍ନ ଢ଼ଙ୍ଗରେ ପାଳନ ହୋଇଛି। ବରଗଡ଼ ସହର ମଧ୍ୟରେ ଥିବା ଗୋଟିଏ ନାମୀ ରେଷ୍ଟୋରାଣ୍ଟ ଭାବେ ପରିଚିତ କୋହିନୁର ହୋଟେଲରେ ଏହି ଉତ୍ସବ ନିଆରା ଢ଼ଙ୍ଗରେ ପାଳନ କରାଯାଇଥିଲା। ସବୁବେଳେ ଅସହାୟ ନିଷ୍ପେସିତ ଲୋକଙ୍କ ସହିତ ନୂଆଁଖାଇ ସମେତ ବିଭିନ୍ନ ପର୍ବପର୍ବାଣୀ ପାଳନ କରି ଚର୍ଚ୍ଚାରେ ଥିବା ଡାକ୍ତର ଭାଇ ଭଉଣୀ ସୁସ୍ମିତା ଦାଶ ଓ ସମାଜସେବୀ ସୁବ୍ରତ ବିର୍ତ୍ତିଆ ଏହାକୁ ଆୟୋଜନ କରିଥିଲେ। ପ୍ରଥମେ ଭିନ୍ନକ୍ଷମ ମାନଙ୍କୁ ବିକାଶ ଦିପ୍ତି ଅନୁଷ୍ଠାନରୁ ହୋଟେଲକୁ ଅଣାଯାଇ ସ୍ୱାଗତ ସମ୍ବର୍ଦ୍ଧନା ଦିଆଗଲା। ସ୍ୱତନ୍ତ୍ର କେକ ଆୟୋଜନ କରି ଦିବ୍ୟାଙ୍ଗ ଶିଶୁ ମାନେ ଆନନ୍ଦର ସହିତ କାଟିଥିଲେ। ଏହାପରେ ଆରମ୍ଭ ହୋଇଥିଲା ନାଚଗୀତର ଆସର। ଏହାପରେ ନିଜ ନିଜ ପସନ୍ଦର ଖାଦ୍ୟ ଶିଶୁମାନେ ନିଜେ ଅର୍ଡର କଲେ। ଏପରି ଆନନ୍ଦର ମୁହୂର୍ତ୍ତ ଦୀର୍ଘ ଦୁଇଘଣ୍ଟା ପର୍ଯ୍ୟନ୍ତ ଚାଲିଥିଲା। ଶେଷରେ ଆଇସକ୍ରିମ ଖାଇ ବିକାଶ ଦିପ୍ତି ଅନୁଷ୍ଠାନର ଅନ୍ତେବାସୀ ପରିଚାଳକ ବିଦାୟ ନେଇଥିଲେ।



# ଧାନକିଣା ବାଟବଣା, ଅଧିକାଂଶ ମଣ୍ଡି ଖାଁ ଖାଁ

## ● ୫୪ହଜାର ପ୍ୟାକେଟରୁ ମାତ୍ର ୨୮୦ ବିକ୍ରି

ପଦ୍ମପୁର, ୪ା୧୨(ସମିସ): ପଦ୍ମପୁର ଉପଖଣ୍ଡରେ ମଣ୍ଡି ଖୋଲିବାର ସପ୍ତାହେ ବିତିଯାଇଛି। ମାତ୍ର ଚାଷୀଙ୍କ ପାଖରେ ଟୋକନ ପହଞ୍ଚି ପାରିନଥିବାରୁ ଉପଖଣ୍ଡର ୯୨ ମଣ୍ଡିରୁ ୫୪ମଣ୍ଡିରେ ଏପର୍ଯ୍ୟନ୍ତ ଧାନ ବସ୍ତାଏ ବି ପଡ଼ି ନାହିଁ। ଅପରପକ୍ଷରେ ପଦ୍ମପୁର ଅଞ୍ଚଳର ମିଲର୍ସ ମାନେ ଏ ପର୍ଯ୍ୟନ୍ତ ସରକାରଙ୍କ ପାଖରେ ଚୁକ୍ତିନାମା କରିନଥିବା ଜଣାପଡ଼ିଛି। ପଦ୍ମପୁର ନିୟନ୍ତ୍ରିତ ବଜାର କମିଟିର ସୂଚନାରୁ ଉପଖଣ୍ଡର ୩୮ ମଣ୍ଡିରେ ୫୩ହଜାର ୫୪୩ ପ୍ୟାକେଟ ଧାନ ପଡ଼ିଛି। ଏଥି ମଧ୍ୟରୁ କେବଳ ସୋହେଲା ବ୍ଲକ ସରକଣ୍ଡା ମଣ୍ଡିରୁ ୩ ଜଣ ଚାଷୀଙ୍କ ୨୮୦ ପ୍ୟାକେଟ ଧାନ ବିକ୍ରି ହୋଇଥିବା ଆରଏମସି ସମ୍ପାଦକ ରବି ନାରାୟଣ ପଣ୍ଡା ସୂଚନା ଦେଇଛନ୍ତି। ଅପରପକ୍ଷରେ ବର୍ତ୍ତମାନ ଟୋକନ ଟେନସନ ଯୋଗୁଁ ଚାଷୀ ଅସନ୍ତୋଷ ସୃଷ୍ଟି ହୋଇଛି। ବର୍ତ୍ତମାନ ସୁଦ୍ଧା ୯୫ ପ୍ରତିଶତ ଚାଷୀଙ୍କ ପାଖରେ ଟୋକନ ଆସିନାହିଁ। ସେମାନେ ବାରମ୍ବାର ପ୍ରାଥମିକ କୃଷି ସମବାୟ କେନ୍ଦ୍ରକୁ ଦୌଡୁଛନ୍ତି ମାତ୍ର ଏ ସମ୍ପର୍କରେ ସେମାନଙ୍କ ପାଖରେ ତଥ୍ୟ ନଥିବା ଉତ୍ତର ମିଳୁଛି। ସରକାରଙ୍କ ପ୍ରଦତ୍ତ କୃଷି ସହାୟକ ପୋର୍ଟାଲର ହେଲ୍ପ ଲାଇନ ନମ୍ବରକୁ କଲ କଲେ ମଧ୍ୟ ତଥ୍ୟ ମିଳୁ ନ ଥିବା ଚାଷୀମାନେ କହିଛନ୍ତି। ଚାଷୀମାନେ ବାଧ ହୋଇ ସେମାନଙ୍କ ଧାନକୁ ରାସ୍ତା କଡରେ କ୍ଷେତରେ ଗଦାକରି ରଖି ଟୋକନକୁ ଚାହିଁ ରହିଛନ୍ତି।

# ୧୩ରେ ଚତୁର୍ଥ ରାଷ୍ଟ୍ରୀୟ ଲୋକ ଅଦାଲତ

ପଦ୍ମପୁର, ୪ା୧୨(ସମିସ): ଜନସାଧାରଣଙ୍କୁ ବିନା ମୂଲ୍ୟରେ ଆଇନ ସେବା ପ୍ରଦାନ କରିବା ଉଦ୍ଦେଶ୍ୟରେ ଆସନ୍ତା ଡିସେମ୍ବର ୧୩ ତାରିଖରେ ସମଗ୍ର ବରଗଡ଼ ଜିଲ୍ଲା ସହ ପଦ୍ମପୁର କୋର୍ଟ ପରିସରରେ ଚତୁର୍ଥ ରାଷ୍ଟ୍ରୀୟ ଲୋକ ଅଦାଲତ ଆୟୋଜିତ ହେବ। ଜିଲ୍ଲା ଆଇନ ସେବା ପ୍ରାଧିକରଣର ସୂଚନା ଅନୁଯାୟୀ, ଏହି ଲୋକ ଅଦାଲତ ବରଗଡ଼, ପଦ୍ମପୁର, ସୋହେଲା, ବରପାଲି, ଭେଡେନ, ଅତାବିରା ଓ ବିଜେପୁର ନ୍ୟାୟାଳୟ ପରିସରରେ ସମାନ ସମୟରେ ଅନୁଷ୍ଠିତ ହେବ। ପଦ୍ମପୁର ଉପବିଭାଗ ଅନ୍ତର୍ଗତ ଜନସାଧାରଣଙ୍କ ପାଇଁ ଏହି ଲୋକ ଅଦାଲତ ବିଶେଷ ସହାୟକ ହେବ। ଅସହାୟ ଓ ଅର୍ଥନୈତିକ ଦୃଷ୍ଟିରୁ ଦୁର୍ବଳ ଲୋକଙ୍କ ମୋକଦ୍ଦମା ନିଶୁଳ୍କରେ ସମାଧାନ ହେବ। ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ଲୋକମାନଙ୍କୁ ଅନୁରୋଧ କରିଛନ୍ତି ଯେ ସେମାନେ ନିଜ ଅପେକ୍ଷା ରତ ମାମଲାଗୁଡିକୁ ଲୋକ ଅଦାଲତରେ ପଞ୍ଜୀକରଣ କରାଇ ସୁବିଧା ଗ୍ରହଣ କରନ୍ତୁ। ଡିସେମ୍ବର ୧୩ ତାରିଖ ସକାଳ ୧୦ଟାରୁ ପଦ୍ମପୁର କୋର୍ଟ ପରିସରରେ ଅଦାଲତର କାର୍ଯ୍ୟ ଆରମ୍ଭ ହେବ। ଲୋକ ଅଦାଲତରେ ଦେୱାନୀ ଓ ଫୌଜଦାରି ସାଲିସ ଯୋଗ୍ୟ ବିବାଦ, ମୋଟର ଦୁର୍ଘଟଣା ଜନିତ କ୍ଷତିପୂରଣ, ବ୍ୟାଙ୍କ ସମ୍ବନ୍ଧୀୟ ମାମଲା, ବିଦ୍ୟୁତ ଓ ଜଳଯୋଗାଣ ସମସ୍ୟା, ପାରିବାରିକ ବିବାଦ, ଜମି ଅଧିଗ୍ରହଣ, ଶ୍ରମ ବିବାଦ, ଚେକ୍ ବାଉନ୍ସ, ଚାକିରି ସମ୍ବନ୍ଧୀୟ ମାମଲା, ଅବସରକାଳୀନ ପ୍ରାପ୍ୟ ପ୍ରଶ୍ନ ଓ ରାଜସ୍ୱ ବିଭାଗ ସମ୍ବନ୍ଧୀୟ ବିଭିନ୍ନ ମୋକଦ୍ଦମା ଆପୋସ ସହମତି ମାଧ୍ୟମରେ ନିରାକରଣ କରାଯିବ। ପଦ୍ମପୁର ଓ ପାଖାପଖର୍ ଅଞ୍ଚଳର ଲୋକମାନଙ୍କ ପାଇଁ ଏହା ଏକ ସୁଯୋଗ ସୃଷ୍ଟି କରୁଛି, ଯାହା ମାଧ୍ୟମରେ ସେମାନେ ତ୍ୱରିତ ଓ ସହଜ ନ୍ୟାୟ ପ୍ରାପ୍ତ କରିପାରିବେ।

# ମାର୍‌ପିଟ୍ ଘଟଣାରେ ଯୁବକ ଗିରଫ

ପାଇକମାଲ, ୪ା୧୨(ସମିସ): ପାଇକମାଲ ଥାନା କେନାବୁଦା ଗାଁର ଚୁଡାମଣି ଧରୁଆ(୨୪)ଙ୍କୁ ପାଇକମାଲ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ସୂଚନାଯୋଗ୍ୟ, ଚୁଡାମଣି ଧରୁଆ ଜଣେ ଯୁବକଙ୍କୁ ମାରପିଟ୍ କରି ଧାରୁଆ ଅସ୍ତ୍ରରେ ଆକ୍ରମଣ କରିଥିଲା। ଫଳରେ ଯୁବକ ଜଣକ ଆହତ ହୋଇଥିଲେ। ଏନେଇ ତାଙ୍କ ପରିବାର ଲୋକେ ପାଇକମାଲ ଥାନାକୁ ଆସି ଅଭିଯୋଗ କରିଥିଲେ। ପୁଲିସ ଘଟଣା ପରେ ଚଢ଼ଉ କରି ଚୁଡାମଣି ଧରୁଆକୁ ଗିରଫ କରି ଧାରୁଆ ଅସ୍ତ୍ର ଜବତ କରିଛି। ଏନେଇ ପାଇକମାଲ ଥାନାରେ ଅଭିଯୁକ୍ତଙ୍କ ନାମରେ ମାମଲା ରୁଜୁ କରି ପଦ୍ମପୁର କୋର୍ଟ ଚାଲାଣ କରାଯାଇଛି। ଘଟଣା ଉପରେ ତଦନ୍ତ ଚାଲିଛି ବୋଲି ଥାନାଧିକାରୀ କୈଳାସ ଚନ୍ଦ୍ର ପ୍ରଧାନ କହିଛନ୍ତି।

# ବ୍ଲକ୍‌ସ୍ତରୀୟ ପରିବେଶ ଭିତ୍ତିକ ବିଜ୍ଞାନ ପ୍ରଦର୍ଶନୀ

ଭଟଲି, ୪ା୧୨(ସମିସ): ସ୍ଥାନୀୟ ସତିହାରୀ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଠାରେ ବ୍ଲକ ସ୍ତରୀୟ ପରିବେଶ ଆଧାରିତ ବିଜ୍ଞାନ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ଚନ୍ଦ୍ରମା ତନସନାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ଭଟଲି ଏବିଇଓ ରୀତାରାଣୀ ତ୍ରିପାଠୀ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଲସ୍ତଲା ଉଚ୍ଚ ବିଦ୍ୟାଳୟର ଶିକ୍ଷକ ବୈଲୋଚନ ପ୍ରଧାନ, ତାଳମେଣ୍ଡା ଉଚ୍ଚ ବିଦ୍ୟାଳୟର ଶିକ୍ଷକ ଶିଶୁପାଳ ନାଏକ ବିଚାରକ କାର୍ଯ୍ୟ ତୁଲାଇଥିଲେ। ଭଟଲି ବ୍ଲକ ବିଜ୍ଞାନ ଫୋରମ୍‌ର ସାଧାରଣ ସମ୍ପାଦକ ଉପେନ୍ଦ୍ର ଖମାରୀ ସଭା ପରିଚାଳନା କରିଥିଲେ। ଏଥିରେ ସୁସ୍ଥ ପରିବେଶ ଗଠନ ଭିତ୍ତିକ ୪୦ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ରାଷ୍ଟ୍ରୀୟ ଆବିଷ୍କାର ଅଭିଯାନ କୁଇଜରେ ସବଜୁନିୟର ବର୍ଗରେ ୬୫, ଜୁନିୟର ବର୍ଗରେ ୪୩, ସିନିୟର ବର୍ଗରେ ୯୦ ଜଣ ଭାଗ ନେଇଥିଲେ। ବିଜ୍ଞାନ ପ୍ରଦର୍ଶନୀରେ ଲିପ୍ସା ପଣ୍ଡା, ଅଙ୍କିତ ସାହୁ, ରିତ ବେହେରା, ଶାନ୍ତି ତନସନା, ପ୍ରିୟଦର୍ଶନୀ ଗଡ଼ତିଆ, ରେଖା ଭୋଇ, ସିଦ୍ଧିରାଣୀ ସାହୁ କୃତିତ୍ୱ ହାସଲ କରିଥିବା ବେଳେ ରାଷ୍ଟ୍ରୀୟ ଆବିଷ୍କାର ଅଭିଯାନ କୁଇଜରେ ସବଜୁନିଅର ବିଭାଗରେ ରେଶମ ମେହେର, ରମଣ ପ୍ରଧାନ, ତନିଷ ସାହୁ ଜୁନିଅର ବିଭାଗରେ ପ୍ରତ୍ୟୁଷ ରଞ୍ଜନ ହୋତା, ଦିକ୍ଷ୍ୟା ପ୍ରଧାନ, ରୁଦ୍ର ପ୍ରତାପ ବନଛୋର ସିନିଅର ବିଭାଗରେ ସୋନମ ମାଝୀ, ଶ୍ରୁତିରାଣୀ ସାହୁ ଜିଗର ମିଶ୍ର ପୁରସ୍କୃତ ହୋଇଥିଲେ। ଶେଷରେ ବିନୋଦ ଭୋଇ ଧନ୍ୟବାଦ ଅର୍ପଣ କରିଥିଲେ। ସେହିପରି ଚନ୍ଦ୍ରମା ତନସନାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଯାପନୀ ଉତ୍ସବରେ ଅତିଥି ଭଟଲି ମେଡିକାଲ ଅଫିସର ପ୍ରଣବ ପାଣିଗ୍ରାହୀ କୃତୀ ପ୍ରତିଯୋଗୀ ମାନଙ୍କୁ ପୁରସ୍କୃତ କରିଥିଲେ।

# କଂସ ବଧ ସହ ଚିଚିଣ୍ଡା ଆଞ୍ଚଳିକ ଧନୁଯାତ୍ରା ମହୋତ୍ସବ ଉଦ୍‌ଯାପିତ



ଭେଡେନ, ୪ା୧୨(ସମିସ): ଭେଡେନ ବ୍ଲକ ଚିଚିଣ୍ଡା ଗାଁରେ ୧୦ ଦିନ ଚାଲିଥିବା ଆଞ୍ଚଳିକ ବିରାଟ ଧନୁଯାତ୍ରା ମହୋତ୍ସବ ଗୁରୁବାର କଂସ ବଧ ସହ ଉଦ୍‌ଯାପିତ ହୋଇଛି। ଆଜି ଅତିଥି ଭାବେ ବିଜେପି ଜିଲ୍ଲା ସଭାପତି ଅରୂପାନନ୍ଦ ସାହୁ, ପରର୍ବତା ରୋହି ଲିପିକା ସେଟ ଯୋଗଦାନ କରିଥିଲେ। ଶେଷ ସନ୍ଧ୍ୟାରେ ଧନୁଯାତ୍ରା ଦେଖିବା ପାଇଁ କୃଷ୍ଣ ବଳାରାମଙ୍କୁ ଧରି ଅକ୍ରୁର ମଥୁରାରେ ପ୍ରବେଶ, ବେନି ଭାଇଙ୍କ ମଥୁରା ପରିଭ୍ରମଣ, କୃଷ୍ଣଙ୍କ ହାତେ କୁବୁଜା ଉଦ୍ଧାର, କୁବଳୟା ହସ୍ତୀ ଶରଣାଗତ, ଶିବଧନୁ ଭଞ୍ଜନ, ଚାଣ୍ଡୁର, ମୁଷ୍ଟିକ ଓ ସେନାପତି ନିହତ, ମହାମନ୍ତ୍ରୀ ଶଙ୍କରାଜିତ ଶରନାଗତ, ବେନି ଭାଇ ହାତେ କଂସ ବଧ, ଉଗ୍ରସେନଙ୍କ ରାଜ ଅଭିଷେକ ଆଦି ଦୃଶ୍ୟ ଅଭିନୀତ ହୋଇଥିଲା। ଏଥିରେ ବିଶ୍ୱ ପ୍ରସିଦ୍ଧ ବରଗଡ଼ ଧନୁଯାତ୍ରା ମହୋତ୍ସବର ପୂର୍ବତନ କଂସ ମହାରାଜ ହୃଷିକେଶ ଭୋଇ କଂସ ଭୂମିକାରେ ଅଭିନୟ କରିଥିବା ବେଳେ ନୀଳମାଧବ କଳା ପରିଷଦ ବରଗଡ଼ର ନନ୍ଦିଘୋଷ ମହାପାତ୍ର, ସୂର୍ଯ୍ୟପ୍ରକାଶ କର୍ଣ୍ଣ, ଅବଧୂତ ଭୋଇ, ଅରୁଣ କରସେଲ, ଭାଗ୍ୟଧର ମଲ୍ଲିକ, ନରସିଂହ ସାହୁ, ସୁରେନ୍ଦ୍ର ସାହୁ, ନେତ୍ରାନନ୍ଦ ଅମାତ, ସୁବାଷ ଭୋଇ, ନାଭିଦତ୍ୟ ସାହୁ, ଲିପସା ବେହେରା, ମୋହିନୀ ବେହେରା ଦିଲୀପ ବାରିକ ପ୍ରମୁଖ ବିଭୀନ୍ନ ଭୂମିକାରେ ଅଭିନୟ କରିଥିଲେ। ବାଞ୍ଜିପାଲି ଗାଁରେ ହୋଇଥିବା ଗୋପପୁରରେ କୃଷ୍ଣ ଭୂମିକାରେ ସମ୍ବିତ ମହାପାତ୍ର, ବଳରାମ ଭୂମିକାରେ ଅମନ ମିଶ୍ର ସମେତ ଯଶୋବନ୍ତ ଦୀପ, ବସୁଦେବ ଭୋଇ, ପ୍ରକାଶ ହାତୀ, ରେବତୀ ହାତୀ ବିଭିନ୍ନ ଭୂମିକାରେ ଅଭିନୟ କରିଥିଲେ। ପରିଚାଳନାରେ ସଭାପତି ଦିନଦୟାଲ ଭୋଇ, କାର୍ଯ୍ୟକାରୀ ସଭାପତି କବିସୂର୍ଜ ପୁରୋହିତ, ସମ୍ପାଦକ ରାଜକିଶୋର ମେହେର ସହ ସମ୍ପାଦକ ଶିଉପ୍ରସାଦ ଅଗ୍ରୱାଲ, କୋଷାଧକ୍ଷ ଆନନ୍ଦ ରାଉତ, ସହ କୋଷାଧକ୍ଷ ହରିଶ୍ଚନ୍ଦ୍ର ରାଉତିଆ, ଉପଦେଷ୍ଟା କମିଟିର ଅଶୋକ ପଧାନ, ଗଣେଶ ପଧାନ, ସୁଶୀଲ ମେହେର ବଳରାମ ମିଶ୍ର, ଗୌର ଦନ୍ତା, ହରିବୋଲ ମାଝୀ, , ନୀଳାମ୍ବର ମଲ୍ଲିକ, ସୁଶୀଲ ଧରୁଆ, ସୁଶୀଲ ହୋତା, ଉଦିତ ବାବୁ, ସୁଦାମ ପଧାନ, ଧନେଶ୍ୱର ପାଢ଼ୀ ସମେତ ଅନେକ ସଦସ୍ୟ ସହଯୋଗ କରିଥିଲେ।

# ୧୨୭ ତୀର୍ଥଯାତ୍ରୀଙ୍କ ରାମେଶ୍ୱରମ ଏବଂ ମଦୁରାଇ ଯାତ୍ରା ଆରମ୍ଭ

ବରଗଡ଼, ୪ା୧୨(ସମିସ): ବରିଷ୍ଠ ନାଗରିକ ତୀର୍ଥ ଯାତ୍ରା ଯୋଜନାରେ ସମ୍ବଲପୁର ଠାରୁ ରାମେଶ୍ୱରମ ଏବଂ ମଦୁରାଇ ଅଭିମୁଖେ ଆଧାମିôକ ଯାତ୍ରାରେ ବରଗଡ଼ ଜିଲ୍ଲାର ମୋଟ ୧୨୭ ଜଣ ବରିଷ୍ଠ ନାଗରିକ ତଥା ତୀର୍ଥଯାତ୍ରୀଙ୍କ ଯାତ୍ରାର ଶୁଭାରମ୍ଭ ହୋଇଛି। ସ୍ଥାନୀୟ ବିଜୁ ପଟ୍ଟନାୟକ ଟାଉନ ହଲ ଠାରେ ଜିଲ୍ଲା ପର୍ଯ୍ୟଟନ ଉନ୍ନୟନ ଅଧିକାରୀ ପ୍ରମୋଦ ସିଂଙ୍କ ପ୍ରଚେଷ୍ଟାରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ମଧୁଛନ୍ଦା ସାହୁ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ପ୍ରହଲ୍ଲାଦ ଖୋସ୍ଲା, ପୌରପରିଷଦ କାର୍ଯ୍ୟ ନିର୍ବାହୀ ଅଧିକାରୀ ଦେବାନନ୍ଦ ସାହୁ, ଡେପୁଟି କଲେକ୍ଟର ସୁମତି ପଣ୍ଡା ଏବଂ ଜିଲ୍ଲା କ୍ରୀଡା ଅଧିକାରୀ ଅଜୟ ପଟ୍ଟନାୟକ ଉପସ୍ଥିତ ରହି ଯାତ୍ରାର ଶୁଭାରମ୍ଭ କରିଥିଲେ। ଏହି ତୀର୍ଥ ଯାତ୍ରା ସମୟରେ ବରିଷ୍ଠ ନାଗରିକଙ୍କୁ ସହଯୋଗ କରିବା ପାଇଁ ଭେଡେନ ବ୍ଲକ ବିଏସଏସଓ ଚକ୍ରପାଣି ଦାଶ, ବରଗଡ଼ ତହସିଲ କନିଷ୍ଠ ରାଜସ୍ୱ ସହାୟକ ଅରୁଣ ରାଜହଂସ, ବିଜେପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ସ୍ୱାସ୍ଥ୍ୟ କର୍ମୀ ଅମିତ ସାହୁ, ଏବଂ ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟ ନିୟୋଜିତ କନିଷ୍ଠ ରାଜସ୍ୱ ସହାୟକ ଆଲୋକ ଗରିଆଙ୍କୁ ଏସକର୍ଟ ଅଫିସର ଭାବେ ଜିଲ୍ଲା ପ୍ରଶାସନ ତରଫରୁ ନିଯୁକ୍ତ କରାଯାଇଛି।

# ଆପ୍ରାଇଜ କଲେଜରେ ବିଶ୍ୱ ଏଡ୍‌ସ ଦିବସ

ବରଗଡ଼, ୪ା୧୨(ସମିସ): ବରଗଡ଼ର ଅଗ୍ରଣୀ ଶିକ୍ଷାନୁଷ୍ଠାନ ଆପ୍ରାଇଜ କଲେଜରେ ବିଶ୍ୱ ଏଡସ ଦିବସ ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ପୂର୍ଣ୍ଣମାସୀ ମେଡିକାଲ ଷ୍ଟୋରର ପ୍ରତିଷ୍ଠାତା ତଥା ସମାଜସେବୀ ଶ୍ୱେତ ପ୍ରଧାନ ଯୋଗ ଦେଇଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ଗ୍ରୁପର ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଡ.ମୁକୁନ୍ଦ ଦାଶ ଉପସ୍ଥିତ ଥିଲେ। ଗ୍ରୁପର ଉପାଧକ୍ଷ ଭୀଷ୍ମଦେବ ଦାଶ ମଞ୍ଚ ପରିଚାଳନା କରିଥିଲେ ଏବଂ ଏଡସ ରୋଗ ବିଷୟରେ ଛାତ୍ରଛାତ୍ରୀଙ୍କୁ ସଚେତନତାର ବାର୍ତ୍ତା ଦେଇଥିଲେ। କାର୍ଯ୍ୟାଳୟ ପ୍ରମୁଖ ଚିତ୍ତରଞ୍ଜନ ଦାଶ, ତଥା କଲେଜର ସମସ୍ତ କର୍ମଚାରୀ ଏବଂ ଅଧ୍ୟାପକ ଓ ଅଧ୍ୟାପିକା ମାନେ ଯୋଗ ଦେଇଥିବା ବେଳେ ଜୟ ମେହେର ଧନ୍ୟବାଦ ଅର୍ପଣ କରିଥିଲେ।



# ବିଦ୍ୟାଳୟସ୍ତରୀୟ ଜିଲ୍ଲା କ୍ରିକେଟ: ଭଟଲି ବ୍ଲକ୍ ଚାମ୍ପିଅନ




ବିଜେପୁର, ୪ା୧୨(ସମିସ): ତିନିଦିନ ଧରି ଚାଲିଥିବା ବରଗଡ଼ ଜିଲ୍ଲାସ୍ତରୀୟ ବିଦ୍ୟାଳୟ କ୍ରିକେଟ ଚାମ୍ପିଅନସିପ୍ ବିଜେପୁର ସରକାରୀ ହାଇସ୍କୁଲ ପଡ଼ିଆଠାରେ ବୁଧବାର ଉଦ୍‌ଯାପିତ ହୋଇଯାଇଛି। ଗୋଷ୍ଠୀ ଶିକ୍ଷା ଅଧିକାରୀ ବଲ୍ଲଭ ମେହେରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଯାପନୀ ସଭାରେ ବିଜେପୁର ଜିଲ୍ଲା ପରିଷଦ ସଦସ୍ୟ ସୁଶାନ୍ତ ଗଡ଼ତିଆ ମୁଖ୍ୟ ଅତିଥି, ଏନଏସି ଅଧକ୍ଷା ସୀତା ବାରିକ, ସ୍ଥାନୀୟ ହାଇସ୍କୁଲର ପ୍ରଧାନଶିକ୍ଷକ ମନୋଜ ବେହେରା, ଏବିଇଓ ସୁଶାନ୍ତ ପାଣ୍ଡେ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଡିପିଇଓ ଜ୍ୟୋତିଷ ଚନ୍ଦ୍ର ପଧାନ ବିବରଣୀ ପଠନ କରିଥିଲେ। ପ୍ରତିଯୋଗିତାରେ ଜିଲ୍ଲାର ୧୨ଟି ବ୍ଲକର କ୍ରିକେଟ ଦଳ ଅଂଶଗ୍ରହଣ କରିଥିଲେ। ଶେଷରେ ଭଟଲି ବ୍ଲକ ଓ ପାଇକମାଲ ବ୍ଲକ ମଧ୍ୟରେ ଫାଇନାଲ୍ ଖେଳ ଅନୁଷ୍ଠିତ ହୋଇଥିଲା। ପ୍ରଥମେ ବ୍ୟାଟିଂ କରି ପାଇକମାଲ ଦଳ ୧୦ ଓଭରରେ ୭୩ ରନ କରିଥିଲା। ଭଟଲି ଦଳ ୯ ଓଭରରେ ୭୪ ରନ ହାସଲ କରି ବିଜୟଲାଭ କରିଥିଲା। ଅତିଥିବୃନ୍ଦ ବିଜେତା ଓ ଉପବିଜେତା ଦଳକୁ ଟ୍ରଫି ଦେଇ ପୁରସ୍କୃତ କରିଥିଲେ। ଶିକ୍ଷକ ବିଜୟରଞ୍ଜନ ଦାଶ ମଞ୍ଚ ସଂଯୋଜନା କରିଥିଲେ। ଖେଳ ଶିକ୍ଷକ ହୃଦମଣି ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଜନତା ହାଇସ୍କୁଲରେ ରଙ୍ଗୋଲି ଓ ଝୋଟି ପ୍ରତିଯୋଗିତା



ଅମ୍ବାଭୋନା, ୪ା୧୨(ସମିସ): ବରଗଡ଼ ଜିଲ୍ଲା ଅମ୍ବାଭୋନା ବ୍ଲକ ଅଧୀନ ଜନତା ସରକାରୀ ହାଇସ୍କୁଲ ଭୁକ୍ତାରେ ମାଣବସା ଗୁରୁବାର ଉପଲକ୍ଷେ ଛାତ୍ରୀମାନଙ୍କ ମଧ୍ୟରେ ଏକ ରଙ୍ଗୋଲି ଓ ଝୋଟି ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ସଞ୍ଜୟ ଖମାରୀଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ପ୍ରତିଯୋଗିତାକୁ ଶିକ୍ଷୟିତ୍ରୀ ରୋଜାଲିନ ଭୋଇ ସଂଯୋଜନା କରିଥିଲେ। ବିଚାରକ ଭାବେ କଳା ଶିକ୍ଷକ ଅମୂଲ୍ୟ ଭୋଇ ଯୋଗ ଦେଇଥିଲେ। ରଙ୍ଗୋଲି ପ୍ରତିଯୋଗିତାରେ ପ୍ରାଚୀ ଓ ଭାରତୀ ପ୍ରଥମ, ବର୍ଷା ସା ଦ୍ୱିତୀୟ ଏବଂ ସିଦ୍ଧି ନାୟକ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଠିକ୍ ସେହିପରି ଝୋଟି ପ୍ରତିଯୋଗିତାରେ ଖୁସି ପଟେଲ ଏବଂ ନମୀତା ସାହୁ ପ୍ରଥମ, ଗୀତିକା ସୁନା ଦ୍ୱିତୀୟ ଏବଂ ତମନ୍ନା ବାରିକ ଓ ଡଲି ପଧାନ ତୃତୀୟ ସ୍ଥାନ ଅଧିକାର କରିଥିଲେ। ପ୍ରତିଯୋଗିତାରେ ୯ ଜଣ ଛାତ୍ରୀ ଓ ଝୋଟି ପ୍ରତିଯୋଗିତାରେ ୧୭ ଜଣ ଛାତ୍ରୀ ଅଂଶଗ୍ରହଣ କରିଥିଲେ। ପରିଚାଳନାରେ ଶିକ୍ଷକ ଶ୍ରୀପତି ସାହୁ, ଆଶୁତୋଷ ଭୋଇ ବୋଧରାମ ବିଶ୍ୱାଳ, ତେଜରାମ ସା, ସୁବାସ ଚନ୍ଦ୍ର ଖମାରୀ, ଅଙ୍କିତ ମହନ୍ତ ଓ ପଦ୍ମଲୋଚନ ବିଶି ସହଯୋଗ କରିଥିଲେ।

## ଆଇଏମ୍‌ଏ ପକ୍ଷରୁ ସାମ୍ବାଦିକ ସମ୍ମିଳନୀ

# ସାମ୍ବାଦିକମାନେ ବୁମ୍‌କୁ ବମ୍ ଭଳି ବ୍ୟବହାର ନ କରନ୍ତୁ

ବରଗଡ଼, ୪ା୧୨(ସମିସ)




ବରଗଡ଼ ଭଟଲି ଛକ ସ୍ଥିତ ଭିଡି ପ୍ୟାଲେସ ଠାରେ ଆଇଏମଏ (ଇଣ୍ଡିଆନ୍ ମେଡିକାଲ ଆସୋସିଏସନ୍) ବରଗଡ଼ ଶାଖା ପକ୍ଷରୁ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଡାକ୍ତର ମାନେ ଦିନରାତି ଏକ କରି ରୋଗୀଙ୍କ ସେବା କରୁଛନ୍ତି। ରୋଗୀଙ୍କ ସେବାରେ ସେମାନେ ଟିକେ ବି ଅବହେଳା କରୁ ନାହାନ୍ତି। ତେବେ ଏଠାକୁ ଆସୁଥିବା ରୋଗୀ ବା ରୋଗୀଙ୍କ ଆତ୍ମୀୟ ସ୍ୱଜନ କିମ୍ବା ସେବା ଯୋଗାଉଥିବ ସ୍ୱାସ୍ଥ୍ୟକର୍ମୀ ସମସ୍ତେ କିଛି ମାତ୍ରାରେ ସାଧାରଣତଃ ଚାପଗ୍ରସ୍ତ ଥାଆନ୍ତି। ଏଣୁ ଆମେ ସମସ୍ତେ ସାମାଜିକ ସ୍ତରରୁ ନେଇ ସ୍ୱାସ୍ଥ୍ୟ ସେବା ପ୍ରଦାନକାରୀ ପର୍ଯ୍ୟନ୍ତ ସମସ୍ତେ ତତ୍ପରତା ସହିତ ଏହି ପ୍ରସଙ୍ଗକୁ ଧ୍ୟାନ ଦେବା ଉଚିତ। ଏଥିରେ ସାମାଜିକ ସ୍ତରରେ ମଧ୍ୟ ଲୋକଙ୍କ ସଚେତନ ରହିବା ଆବଶ୍ୟକ ବୋଲି ସମ୍ମିଳନୀରେ ମତ ପ୍ରକାଶ ପାଇଥିଲା। ବିଗତ ଦିନରୁ ଦେଖାଯାଉଛି ଆସାମାଜିକ ଲୋକ ବିଭିନ୍ନ ସରକାରୀ ବେସରକାରୀ ସଂସ୍ଥାକୁ ପ୍ରବେଶ କରି ଫଟୋ ଭିଡିଓ ନେବା ସାଙ୍ଗରେ ଅର୍ଥ ଉପାର୍ଜନ କରିବା ପାଇଁ ଚେଷ୍ଟା କରୁଛନ୍ତି। ତା ପାଇଁ ଭାରତୀୟ ଚିକିତ୍ସକ ସଂଘ ବରଗଡ଼ ତରଫରୁ ବରଗଡ଼ ଏସପିଙ୍କୁ ଏକ ଲିଖିତ ଦାବିପତ୍ର ପ୍ରଦାନ କରାଯାଇଛି। ବରଗଡ଼ ଏସପି ପ୍ରହଲ୍ଲାଦ ସହାୟ ମୀନା ମଧ୍ୟ ପ୍ରତିଶ୍ରୁତି ଦେଇଛନ୍ତି ଏଭଳି କାର୍ଯ୍ୟକଳାପ କରୁଥିବା ଲୋକଙ୍କ ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। କିଛି ଦିନ ପୂର୍ବରୁ ଏକ ଚ୍ୟାନେଲରେ ସାଇ ମଲ୍ଟି ସ୍ପେସାଲିଟି ହସ୍ପିଟାଲରେ ଫାୟର ସେଫ୍ଟି ନାହିଁ ବୋଲି ଖବର ପ୍ରସାରଣ ହୋଇଥିଲା। ସରକାରଙ୍କ ନୂତନ ନିୟମ ଅନୁସାରେ ବର୍ତ୍ତମାନ ତାହା ପୂରଣ ହୋଇ ପାରିନି। ଗୋଟେ ଝଟକାରେ ସରକାର ଅଗ୍ନିଶମ ନିରାକରଣ ଅନୁମତି ଦେଇ ନଥାନ୍ତି। ସେପ୍ଟେମ୍ବର ଶେଷ ସୁଦ୍ଧା ମିଳିଥିବା ରିପୋର୍ଟ ଅନୁସାରେ ବରଗଡ଼ ମୁଖ୍ୟ ଚିକିତ୍ସାଳୟ ସମେତ ୨୭୪ଟି ସରକାରୀ ଏବଂ ବେସରକାରୀ ସ୍ୱାସ୍ଥ୍ୟ ଅନୁଷ୍ଠାନରେ ଏହି ବ୍ୟବସ୍ଥା ନାହିଁ। ଅଗ୍ନିଶମ ନିରାକରଣ ଅନୁମତି ୨ ବର୍ଷ କାର୍ଯ୍ୟକ୍ଷମ ନ କରି ୫ ବର୍ଷ କରିବା ଆବଶ୍ୟକ। ଯାହାକି କ୍ଲିନିକାଲ ଏଷ୍ଟାବ୍ଲିସମେଣ୍ଟ ସାଙ୍ଗରେ ସମସ୍ତ ଅନୁମତି ନବାକୁ ସହଜ ଓ ସରଳ ହେବା ସାଙ୍ଗରେ ବିଭିନ୍ନ କାର୍ଯ୍ୟାଳୟର ଦ୍ୱାରସ୍ଥ ହବାକୁ ପଡନ୍ତା ନାହିଁ। ଏକ ତରଫା ସମ୍ବାଦ ପରିବେଷଣ କରନ୍ତୁ ନାହିଁ ବୋଲି ବୈଠକରେ ଆଇଏମଏର ସଭାପତିରବି ତ୍ରିପାଠୀ ପ୍ରକାଶ କରିଥିଲେ। ଆଗମୀ ଦିନରେ ସମସ୍ତ ସାମ୍ବାଦିକ ଓ ଡାକ୍ତରଙ୍କ ଖୁବ୍ ଭଲ ସମ୍ପର୍କ ରହିବ ବୋଲି ଡାକ୍ତର ପ୍ରବୀଣ ଅଗ୍ରୱାଲ କହିଥିଲେ। ଯାହା ସରକାର ଦେଖି ପାରନ୍ତି ନାହିଁ ତାହା ସାମ୍ବାଦିକ ମାନେ ନିଜର ଲେଖନୀ ମାଧ୍ୟମରେ ଜଣାଇଥାନ୍ତି। କିନ୍ତୁ ବୁମ ଗୁଡିକୁ ବମ ଭଳି ବ୍ୟବହାର କରା ନ ଯାଉ ବୋଲି ବରିଷ୍ଠ ଡାକ୍ତର ପ୍ୟାରିଲାଲ ତ୍ରିପାଠୀ କହିଥିଲେ। ବୈଠକରେ ଡାକ୍ତର ଅର୍ଜୁନ ମେହେର, ଡାକ୍ତର ପ୍ରବୀଣ ଅଗ୍ରୱାଲ, ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ ଡକ୍ଟର ସୁବଳ କର ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଗାଁ ଗାଁ ବୁଲି ମନରେଗା ସଚେତନତା ଓ କାର୍ଯ୍ୟ ବଣ୍ଟନ କରୁଛନ୍ତି ବିଡିଓ

**ଗାଇସିଲେଟ, ୪।୧୨(ସମିସ):** ବରଗଡ଼ ଜିଲ୍ଲା ଗାଇସିଲେଟ ବ୍ଲକ କଟାବାହାଲ ପଞ୍ଚାୟତ ଅଧୀନ କୁଲିଆରୀ ଗାଁର ଗାଇ ଗୋଠ ଠାରେ ବିଡିଓ ଲକ୍ଷ୍ମଣ ମାଝୀଙ୍କ ସଭାପତିତ୍ୱରେ ମନରେଗା ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି। ସଭାରେ ଶ୍ରମିକ ମାନେ ସମସ୍ତ ଅତିଥି ମାନଙ୍କୁ ସ୍ୱାଗତ କରିବା ସହ ଉପଢୌକନ ଓ ପୁଷ୍ପମାଲ୍ୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଦାଦନ ପ୍ରବଣ ବ୍ଲକ ପାଇଁ ମନରେଗା ଯୋଜନାରେ ରାଜ୍ୟ ସରକାର ୧୦୦ ଦିନରୁ ୩୦୦ ଦିନକୁ ବୃଦ୍ଧି କରିବା ସହ ୯୮ ଟଙ୍କା ବର୍ଦ୍ଧିତ ମଜୁରୀ ଦେବା ପାଇଁ ଘୋଷଣା କରିଛନ୍ତି। ଏହାଦ୍ୱାରା ଲୋକେ ବାହାର ରାଜ୍ୟକୁ କାମ କରିବା ପାଇଁ ନ ଯାଇ ନିଜ ଭିଟାମାଟିରେ ରହି ବର୍ଷକୁ ୩୦୦ ଦିନ କାମ ପାଇ ପାରିବେ। ଶ୍ରମିକ ସ୍ଥାନାନ୍ତରଣ ରୋକିବା ଓ ସେମାନଙ୍କ ଆର୍ଥିକ ସ୍ଥିତିରେ ଉନ୍ନତି ଆଣିବା ପାଇଁ ରାଜ୍ୟ ସରକାରଙ୍କ ଏହି ପଦକ୍ଷେପକୁ ଗାଁ ଗାଁରେ ପହଞ୍ଚାଇବା ପାଇଁ ବିଡିଓ ମାଝୀ ଅଣ୍ଟା ଭିଡିଛନ୍ତି। ବ୍ୟକ୍ତିଗତ ସ୍ତରରେ ଲୋକ ମାନଙ୍କୁ ଖୁବ୍‌ଶୀଘ୍ର ଗାଇ ଗୁହାଳ, ଛେଳି ଗୁହାଳ, ଫାର୍ମ ପଣ୍ଡ, ଜମି ମରାମତି ଆଦି କାମ ଆବଶ୍ୟକ ଅନୁଯାୟୀ ୱାର୍କ କୋଡ ଖୋଲି ଜିଲ୍ଲାସ୍ତରରୁ ୧୫ ଦିନ ଭିତରେ ଅନୁମୋଦନ କରାଇ କାମ ଯୋଗାଇ ଦେବା ପାଇଁ ପ୍ରତିଶ୍ରୁତି ଦେବା ସହ ସରକାରଙ୍କ ବିଭିନ୍ନ ଜନ କଲ୍ୟାଣ କାରି ଯୋଜନା ସମ୍ବନ୍ଧରେ ଆଲୋକପାତ କରିଥିଲେ। ୩୦୦ ଦିନ କାମ କରିଥିବା ସମସ୍ତ ଶ୍ରମିକ ମାନଙ୍କୁ ସମ୍ବର୍ଦ୍ଧିତ କରି ମନରେଗା ଯୋଜନାରେ ଦୈନିକ ବହୁ ସଂଖ୍ୟାରେ ଶ୍ରମିକ ନିୟୋଜିତ କରିବା ପାଇଁ ଅନୁରୋଧ କରିଥିଲେ। ପ୍ରତି ଶ୍ରମିକ ପରିବାରଙ୍କୁ ୩୦୦ ଦିନ ଘର ପାଖରେ ବିଭିନ୍ନ ଶ୍ରମ ଭିତ୍ତିକ କାମ ତଥା ଅନ୍ୟାନ୍ୟ ସରକାରୀ ଯୋଜନା ଯୋଗାଇବା ପାଇଁ ସରକାର ନିଷ୍ପତ୍ତି ନେଇଛନ୍ତି। ପ୍ରବାସୀ ଶ୍ରମିକ ହିସାବରେ ଅନ୍ୟରାଜ୍ୟକୁ ନ ଯିବା ପାଇଁ ସମସ୍ତେ ପଣ କରନ୍ତୁ ବୋଲି ବିଡିଓ ମହାଶୟ ଲୋକମାନଙ୍କୁ ସଚେତନ କରିଥିଲେ। ସମସ୍ତ ହିତାଧିକାରୀ ମାନଙ୍କ ଜବ୍ କାର୍ଡ, ଅଧର୍କାର୍ଡ, ନକ୍ସା ଓ ପଟ୍ଟା ପ୍ରସ୍ତୁତ କରି ୱାକ୍‌ର୍ କୋଡ ଖୋଲିବା ପାଇଁ ସ୍ଥାନୀୟ ପିଇଓ ଏବଂ ଏଡିଓଙ୍କୁ ନିର୍ଦ୍ଦେଶ ଦେଇଥିଲେ। କାର୍ଯ୍ୟକ୍ରମରେ ଏପିଓ କେତନ ପଧାନ, ପିଇଓ କାର୍ତ୍ତିକେଶ୍ୱର ବେହେରା, ନାଏବ ସରପଞ୍ଚ ଉପେନ୍ଦ୍ର ବିଭାର, ଗାଁ ରୋଜଗାର ସେବକ ରୀନା ପାଣ୍ଡେ, ସମସ୍ତ ଗାଁର ମେଟ୍ ମାନେ ଯୋଗ ଦେଇଥିବା ବେଳେ କେନ୍ଦୁମାଲ, କୁଲିଆରୀ ଓ ପରମାନନ୍ଦପୁର ଗାଁର ଶତାଧିକ ଲୋକେ ଉପସ୍ଥିତ ଥିଲେ।



# ପଞ୍ଜୀକରଣରୁ ବାଦ ପଡ଼ିଥିବା ଚାଷୀଙ୍କ ଟୋକନ୍ ଆସିଲା

## ୫୦ ଦିନ ପରେ ଝିଲିମିଣ୍ଡା ପାକ୍ସରୁ ତାଲା ଖୋଲିଲା

**ଅତାବିରା, ୪।୧୨(ସମିସ)**

ପାରିବାରିକ ବଂଶାବଳୀ ଭଳି ଜଟିଳ ଚାଷୀ ପଞ୍ଜୀକରଣ ବ୍ୟବସ୍ଥା ଯୋଗୁଁ ବାଦ ପଡ଼ିଥିବା ଥିବା ୫ ହଜାର ଚାଷୀ ଚାଷୀଙ୍କ ଟୋକନ ଆସିବାରେ ଲାଗିଛି। ଅତାବିରା ବ୍ଲକରେ ଝିଲିମିଣ୍ଡା ପ୍ରାଥମିକ କୃଷି ସେବା ସମିତିର ୪୮୨ ଜଣ ବାଦ ପଡ଼ିଥିବାରୁ ଚାଷୀ ପତ୍ରାପାଲି ସ୍ଥିତ ଅଫିସରେ ତାଲା ପକାଇଥିଲେ। ଗତ ଅଗଷ୍ଟରୁ ୨ଟି ପର୍ଯ୍ୟାୟରେ ୫୦ ଦିନ ତାଲା ପଡ଼ିଥିଲା। ଗତକାଲି ପାଖାପାଖି ୩୦ ପ୍ରତିଶତ ଚାଷୀଙ୍କ ଟୋକନ ଆସଛି। ପ୍ରଶାସନିକ ଅଧିକାରୀ ପତ୍ରାପାଲିକୁ ଆସି ଚାଷୀଙ୍କ ସହ ଗୁରୁବାର ଆଲୋଚନା କରିବା ପରେ ବନ୍ଦ ପଡ଼ିଥିବା ତାଲା ଖୋଲିଛି। ଉପଜିଲ୍ଲାପାଳ ତଥା ଅତାବିରା ଆରଏମସି ଅଧକ୍ଷ ପ୍ରସନ୍ନ ପାଣ୍ଡେ, ଡିଆର୍‌ସିଏସ୍ ଯୁଗଳ କିଶୋର ଦାଶ, ସିଏସ୍‌ଓ ବ୍ୟୋମକେଶ ମାଝି, ଆରଏମ୍ସି ଭାରପ୍ରାପ୍ତ ସମ୍ପାଦକ ଅଙ୍କିତ ପଣ୍ଡା ପତ୍ରାପାଲି ଯାଇ ଚାଷୀଙ୍କ ସହ ଆଲୋଚନା କରିଥିଲେ। ପତ୍ରାପାଲି ମାର୍କେଟ୍ ୟାର୍ଡରେ ଓଡ଼ିଶା ରାଜ୍ୟ କୃଷକ ସଂଗଠନ ସଭାପତି ବୀରେନ୍ଦ୍ର କରଙ୍କ ଉପସ୍ଥିତିରେ ଚାଷୀଙ୍କ ସହ ଆଲୋଚନା କରିଥିଲେ। ଝିଲିମିଣ୍ଡା ପାକ୍ସ ଅଧିନସ୍ଥ ବୁଗବୁଗା ଓ ଜହ୍ନାପଡ଼ା ମୌଜାରେ ଚକବନ୍ଦି ଜମି ବନ୍ଦୋବସ୍ତ ଯୋଜନା ଲାଗୁ ହୋଇନାହିଁ। ଚାଷୀ ପଞ୍ଜୀକରଣ ସମୟରେ ବଂଶାବଳୀ, ପରିବାର ଅନ୍ୟ ହକଦାରଙ୍କ ସହମତି ପତ୍ର ବାଧ୍ୟତା କରାଯାଇଥିଲା। ଯାହାକୁ ନେଇ ରାଜ୍ୟ ସାରା ଚାଷୀଙ୍କ ମଧ୍ୟରେ ଆକ୍ରୋଶ, ପ୍ରତିକ୍ରିୟା ଦେଖା ଦେଇଥିଲା। ଶେଷରେ ଅଗଷ୍ଟ ୧୮ ତାରିଖ ସେଲ୍‌ଫ ଡିକ୍ଲାରେସନ୍ କରିହେବା ନେଇ ସରକାର ନିୟମ ଆଣିଥିଲେ। ଅଗଷ୍ଟ ୨୫ ତାରିଖ ସରଭର୍ ଡାଉନ୍ ହୋଇଯିବାରୁ ବହୁ ସଂଖ୍ୟକ ଚାଷୀ ପଞ୍ଜୀକରଣରୁ ବାଦ ହୋଇଥିଲେ। ଝିଲିମିଣ୍ଡାର ୩, ୪୪୩ ଚାଷୀଙ୍କ ପଞ୍ଜୀକରଣ ହୋଇପାରିଥିବା ବେଳେ ବାଦ ପଡ଼ିଥିବା ୪୮୨ ଜଣଙ୍କ ତାଲିକା ଉପରିସ୍ଥ ଅଧିକାରୀଙ୍କୁ ପଠାଯାଇଥିଲା। ଜିଲ୍ଲାସାରା ୫ ହଜାର ଚାଷୀ ବାଦ ପଡ଼ିଥିଲେ। ଚାଷୀଙ୍କ ପଞ୍ଜୀକରଣ ନ ହେବାରୁ ପତ୍ରାପାଲି ଚାଷୀ ଅଗଷ୍ଟ ୨୬ ତାରିଖରୁ ତାଲା ପକାଇଥିଲେ। ଅନ୍ୟ ଚାଷୀଙ୍କ ସାର, ଋଣ ପରିଶୋଧ ନେବା ପାଇଁ ୧୮ ସେପ୍ଟେମ୍ବରରୁ ୨୭ ଅକ୍ଟୋବର ପର୍ଯ୍ୟନ୍ତ ଚାଷୀ ତାଲା ଖୋଲିଥିଲେ। ପରେ ପଞ୍ଜୀକରଣ ନେଇ କୃଷକ ସଂଗଠନ ଆହ୍ୱାନକ୍ରମେ ବିଭିନ୍ନ ଚାଷୀ ସଂଗଠନ ଗତ ମାସ ୧୧ ଦିନ ଧରି ଜିଲ୍ଲାପାଳଙ୍କ ସମ୍ମୁଖରେ ଧାରଣା ଦେଇଥିଲେ। ସବୁ ବିଧାୟକ ଯାଇ ଆନ୍ଦୋଳନ ରତ ଚାଷୀଙ୍କ ସହ ଆଲୋଚନା କରିଥିଲେ। ଶେଷରେ ଅତାବିରା ବିଧାୟକ ନିହାର ମହାନନ୍ଦ ବାଦ ପଡ଼ିଯାଇଥିବା ଚାଷୀଙ୍କ ପଞ୍ଜୀକରଣ ନେଇ ପ୍ରତିଶ୍ରୁତି ଦେବା ପରେ ଆନ୍ଦୋଳନ ପ୍ରତ୍ୟାହାର ହୋଇଥିଲା। ଚାଷୀଙ୍କ ଦାବି ଆଗରେ ଟୋକନ ଇସ୍ୟୁ କରିଥିଲେ। ଗତକାଲି କିଛି ଚାଷୀଙ୍କ ଟୋକନ ଆସିବା ପରେ ଗୁରୁବାର ପ୍ରଶାସନିକ ଅଧିକାରୀ ପତ୍ରାପାଲି ଯାଇ ଚାଷୀଙ୍କ ସହ ଦୀର୍ଘ ସମୟ ଧରି ଆଲୋଚନା କରିଥିଲେ। ଆଲୋଚନା ବେଳେ ଝିଲିମିଣ୍ଡା ପାକ୍ସ ସଭାପତି ହରେକୃଷ୍ଣ ପ୍ରଧାନ, ଚାଷୀ ଯୁଗଳ ସିଂ, ଆଶୁତୋଷ ଗେଜୋ, ନରସିଂହ ଗେଜୋ, ଭଗବାନ ପ୍ରଧାନ, କୁଳମଣି ସାହୁ, ଚୈତନ୍ୟ କର୍ଣ୍ଣ ପ୍ରମୁଖ ଯୋଗ ଦେଇଥିଲେ। ସଭାପରେ ୫୦ ଦିନ ତାଲା ପଡ଼ିଥିବା ପାକ୍ସ କାର୍ଯ୍ୟାଳୟ ଚାଷୀଙ୍କ ଉପସ୍ଥିତିରେ ଅଧିକାରୀମାନେ ତାଲା ଖୋଲିଥିଲେ।



# ପଦ୍ମପୁର ଆର୍‌ଏମ୍‌ସିରେ ପ୍ରଥମ କପା ମଣ୍ଡି

## ପ୍ରଥମ ଦିନରେ ୨୩ ଚାଷୀ ବିକିଲେ ୮୦୩ କ୍ୱିଣ୍ଟାଲ

**ପଦ୍ମପୁର, ୪।୧୨(ସମିସ):** ବର୍ତ୍ତମାନ ପଦ୍ମପୁର ଉପଖଣ୍ଡରେ କପା ଚାଷ ପ୍ରତି ଚାଷୀ ଆଗ୍ରହ ପ୍ରକାଶ କରି ବହୁ ପରିମାଣରେ କପା ଚାଷ କରୁଛନ୍ତି। ସରକାରୀ ବଜାର ବ୍ୟବସ୍ଥା ନ ଥିବାରୁ କପା ଚାଷୀ କମ୍ ମୂଲ୍ୟରେ ଦଲାଲଙ୍କୁ ବିକ୍ରି କରୁଥିଲେ। ମାତ୍ର ଏଥର ପ୍ରଥମ କରି ପଦ୍ମପୁର ନିୟନ୍ତ୍ରିତ ବଜାର କମିଟି ଅଧୀନରେ କପା ମଣ୍ଡି ଖୋଲିଛି। କଟନ କୋର୍ପୋରେସନ ଅଫ୍ ଇଣ୍ଡିଆ ତତ୍ତ୍ୱାବଧାନରେ ଏହାର କିଣାବିକା ଆରମ୍ଭ ହୋଇଛି। ଚାଷୀ ସରକାରୀ ସହାୟକ ମୂଲ୍ୟ କ୍ୱିଣ୍ଟାଲ ପ୍ରତି ୮୧୦୦ଟଙ୍କା ଦରରେ କପା ବିକ୍ରି କରିଛନ୍ତି। ଆଜି ପ୍ରଥମ ଦିନରେ ୨୩ଜଣ ଚାଷୀଙ୍କ ୮୦୩ କ୍ୱିଣ୍ଟାଲ କପା ବିକ୍ରି ହୋଇଥିବା ଆମଏମସି ସମ୍ପାଦକ ରବିନାରାୟଣ ପଣ୍ଡା ସୂଚନା ଦେଇଛନ୍ତି।

# ଗୀତା ଜୟନ୍ତୀ ମହୋତ୍ସବ ପାଳିତ

**ବରଗଡ଼, ୪।୧୨(ସମିସ):** ବରଗଡ଼ ହନୁମାନ ମନ୍ଦିରରେ ବରଗଡ଼ ସ୍ଥିତ ପୀଠ ପରିଷଦ, ଆଦିତ୍ୟ ବାହିନୀ ଓ ଆନନ୍ଦ ବାହିନୀ ତରଫରୁ ଗୀତା ଜୟନ୍ତୀ ମହୋତ୍ସବ ମହାସମାରୋହରେ ପାଳନ ହୋଇଯାଇଛି। ଗୀତା ଜୟନ୍ତୀ ବିଧି ଅନୁଯାୟୀ ପ୍ରଥମେ ସଙ୍କଳ୍ପ କରାଯାଇ ଗୁରୁ ପୂଜନ, ହନୁମାନ ଚାଳିଶା ପଠନ କରାଯାଇ ଗୀତଯଜ୍ଞ ଅନୁଷ୍ଠିତ ହୋଇଥିଲା। ଶେଷରେ ସମସ୍ତ ଭକ୍ତଙ୍କୁ ପ୍ରସାଦ ବଣ୍ଟନ କରାଯାଇଥିଲା। ଶାନ୍ତନୁ ପାଣିଗ୍ରାହୀ, ନବୀନ ଦାଶ, ଚନ୍ଦ୍ର ପ୍ରଧାନ, କିଶୋର ଦାଶ, ବାସୁଦେବ ଦାଶ, ଦୟାନିଧି ଧଳ, କମ୍ବୁଧର ମିଶ୍ର, ବିଜୟ ମିଶ୍ର, ଗୀତ ମିଶ୍ର, ବିଜୟ ଲକ୍ଷ୍ମୀ ଦାଶ ପ୍ରମୁଖ ସମସ୍ତ ସଦସ୍ୟ ସହଯୋଗ କରିଥିଲେ।

# ରାଜବୋଡ଼ାସମ୍ବର ୧୯୭୨ ବ୍ୟାଚ୍‌ର ବୈଠକ

**ପଦ୍ମପୁର, ୪।୧୨(ସମିସ):** ୧୯୭୨ ବ୍ୟାଚ୍ ସହପାଠୀ ମାନଙ୍କୁ ନେଇ ମୈତ୍ରୀନଗର ଅନୁଭବ ଭବନ ଠାରେ ଜୟ ନାରାୟଣ ତ୍ରିପାଠୀଙ୍କ ଆବାହକତ୍ୱରେ ବୈଠକ ଅନୁଷ୍ଠିତ ହୋଇଛି। ସର୍ବସମ୍ମତି କ୍ରମେ ସ୍ଥାନୀୟ ସୁନୀଲ ଅଗ୍ରୱାଲ୍‌ଙ୍କ ଫାର୍ମହାଉସ ପରିସରରେ ଆଗାମୀ ଜାନୁଆରୀ ୧୬ରେ ବନ୍ଧୁମିଳନ ପାଇଁ ଦିନ ଧାର୍ଯ୍ୟ ହୋଇଥିଲା। ବନ୍ଧୁମିଳନ କାର୍ଯ୍ୟକ୍ରମରେ ଯୋଗଦେବା ପାଇଁ ସମସ୍ତ ସହପାଠୀ ବନ୍ଧୁ ମାନଙ୍କ ସହିତ ଯୋଗାଯୋଗ କରିବା ପାଇଁ, ଶ୍ୟାମସୁନ୍ଦର ସାହୁ ଓ ବାସୁଦେବ ଦୋରାଙ୍କୁ ଦାୟିତ୍ୱ ଅର୍ପଣ କରାଯାଇଥିଲା। ବୈଠକରେ ଅକ୍ଷୟ, ଜୟକୃଷ୍ଣ, ନିରଞ୍ଜନ, କାଳୀଚରଣ, ଚନ୍ଦ୍ରଶେଖର, ଭାରତ, ସାଗର, ମହେଶ୍ୱର, କୋକିଳ, ରମେଶ, ସ୍ୱରୂପ ପ୍ରମୁଖ ଉପସ୍ଥିତ ଥିଲେ।

## ବିଭିନ୍ନ ସ୍ଥାନରେ ସାର୍ବଜନୀନ ଲକ୍ଷ୍ମୀପୂଜା

# ଡୁଡୁକିଝରିଆରେ ଜଳନ୍ଧର ଦରବାର

**ପାଇକମାଳ, ୪।୧୨(ସମିସ):** ପାଇକମାଳ ବ୍ଲକ ଜାମସେଠ ପଞ୍ଚାୟତ ଡୁଡୁକିଝରିଆ ଗାଁରେ ସାର୍ବଜନୀନ ଲକ୍ଷ୍ମୀପୂଜା ଆରମ୍ଭ ହୋଇଯାଇଛି। ଗାଁ ମହିଳା ମାନଙ୍କ ଦ୍ୱାରା କଳସ ଶୋଭାଯାତ୍ରା କରି ପୂର୍ଣ୍ଣକଳସ ଆଣି ପୂଜା ମଣ୍ଡପରେ ସ୍ଥାପନ କରାଯାଇଥିଲା। କର୍ତ୍ତା ଭାବେ ଆଶୁତୋଷ ତ୍ରିପାଠୀ ଓ ଧର୍ମପତ୍ନୀ ତନୁଜା ତ୍ରିପାଠୀ ଥିବା ବେଳେ ମୁଖ୍ୟ ପୂଜକ ଭାବେ ପଣ୍ଡିତ ଗୋବର୍ଦ୍ଧନ ଦାଶ ପୂଜା କାର୍ଯ୍ୟ ସମ୍ପାଦନା କରୁଛନ୍ତି। ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ସମାଜସେବୀ ମହେନ୍ଦ୍ର ଖୁଣ୍ଟିଆ ଯୋଗ ଦେଇ ଜଳନ୍ଧର ଦରବାର ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ବରଡୁଣ୍ଡା ସରପଞ୍ଚ ରୀତା ସୁନା ଯୋଗ ଦେଇଥିଲେ। ପ୍ରଥମ ଦିନ କାର୍ଯ୍ୟକ୍ରମରେ ଜଳନ୍ଧର ଜନ୍ମ ହୋଇଥିବା ବେଳେ ଦ୍ୱିତୀୟ ଦିବସରେ ଜଳନ୍ଧର ବିବାହ ଉତ୍ସବ ହୋଇଥିଲା। ପୂଜା କମିଟି ସଭାପତି ଦେବବ୍ରତ ଦାଶ, ସମ୍ପାଦକ ବାମନ ସାହୁ, ସହ ସମ୍ପାଦକ ସୋନୁ ନାଏକ, କାର୍ଯ୍ୟକାରୀ ସଭ୍ୟ କିର୍ତନ ଭୋଇ, ଭୁପେନ୍ଦ୍ର ଷଡଙ୍ଗୀ, ସାର୍ଦୁଳ ବରିହା, ଅବିନାଶ ତ୍ରିପାଠୀ, ଆଶୁତୋଷ ତ୍ରିପାଠୀ, ମଣ୍ଟୁ ଷଡଙ୍ଗୀ ତଥା ଗ୍ରାମବାସୀ ପରିଚାଳନାରେ ସହଯୋଗ କରିଥିଲେ।



ଭେଡେନରେ ଲକ୍ଷ୍ମୀପୂଜା ଉଦ୍‌ଯାପିତ

**ଭେଡେନ:** ବରଗଡ଼ ଜିଲ୍ଲା ଭେଡେନ ବ୍ଲକ ଅଧୀନ ଧୁବେନପାଲି ଠାରେ ଚାରି ଦିନ ଧରି ଚାଲିଥିବା ୩୯ ତମ ମହାଲକ୍ଷ୍ମୀ ପୂଜା ଉତ୍ସବ ଗୁରୁବାର ଉଦ୍‌ଯାପିତ ହୋଇଛି। କଳସ ଯାତ୍ରା ସହ ଆରମ୍ଭ ହେଇଥିବା ଯାତ୍ରାର ବିଭିନ୍ନ ଦିବସରେ ସମ୍ପ୍ରଦା କୀର୍ତନଦଣ୍ଡ ନୃତ୍ୟ ଆଦି ଅନୁଷ୍ଠିତ ହୋଇଥିଲା। ଏଥିରେ ବୃନ୍ଦାବନ କର୍ମୀ ସପତ୍ନୀକ କର୍ତ୍ତା ଦାୟିତ୍ୱ ତୁଲାଇଥିବା ବେଳେ ପଣ୍ଡିତ ଆଶିଷ ତ୍ରିପାଠୀ ପୂଜାର୍ଚ୍ଚନା କରିଥିଲେ। ପୂଜା ଉତ୍ସବର ତୃତୀୟ ଦିବସରେ ବରଗଡ଼ ଜିଲ୍ଲା କଂଗ୍ରେସ କମିଟି ସଭାପତି ହରଦିପ ସିଂ, ଭେଡେନ ବ୍ଲକ ସଭାପତି ରମେଶ ଚନ୍ଦ୍ର ପଣ୍ଡା, ଜିଲ୍ଲା ସମ୍ପାଦକ ପ୍ରତାପ ନାଏକ ଅତିଥି ଭାବେ ଯୋଗ ଦେଇଥିଲେ। ଗାଁର ଭଗବାନ ସାହୁ, ପ୍ରସାଦି ଦାସ, ଦିବାକର ବେହେରା ସତ୍ୟବାନ ପଣ୍ଡା ଥବିର ଦାସ ଏବଂ ଅନ୍ୟମାନେ ଉପସ୍ଥିତ ଥିଲେ।

ଧୁବେନପାଲିରେ ରକ୍ତଦାନ ଶିବିର

**ଥୁଆପାଲି:** ବରଗଡ଼ ଜିଲ୍ଲା ଭେଡେନ ବ୍ଲକ ଅଏଁଲାପାଲି ପଞ୍ଚାୟତ ଧୁବେନପାଲି ଗାଁରେ ୩୯ତମ ଲକ୍ଷ୍ମୀପୂଜା ଅବସରରେ ଲକ୍ଷ୍ମୀ ମଣ୍ଡପ ଠାରେ ଧୁବେନପାଲି ଯୁବଗୋଷ୍ଠୀ ପକ୍ଷରୁ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଅଏଁଲାପାଲି ପଞ୍ଚାୟତର ସମିତି ସଭ୍ୟ ତୋଷବନ୍ତ ବେହେରା ଏହାର ଉଦ୍‌ଘାଟନ କରିଥିଲେ। ସର୍ବମୋଟ୍ ୩୯ ୟୁନିଟ୍ ରକ୍ତ ସଂଗ୍ରହ ହୋଇଥିଲା। ବୀର ସୁରେନ୍ଦ୍ର ସାଏ ମେଡିକାଲ ହସ୍ପିଟାଲ ବୁର୍ଲା ରକ୍ତଭଣ୍ଡାର୍‌ର ଡ.ଦେବାଶିଷ ବେହେରା, ଟେକନିସିଆନ ଲାଲୁ ବିଶ୍ୱାସ୍, ପାଏନୁ ଭୋଇ, ସଞ୍ଜିବ ବେରା, ଜନକ ବେହେରା ପ୍ରମୁଖ ରକ୍ତ ସଂଗ୍ରହ କରିଥିଲେ। ଏହି ଅବସରରେ ସମ୍ମିଳିତ ଅତିଥି ଭାବେ ଅମୃତ କୁଟୁମ ଭେଡେନର ସଭାପତି ଆନନ୍ଦ ଚନ୍ଦ୍ର ସୁନା, ପ୍ରକାଶ ଦାସ, ସୁରଜ ବେହେରା, ପର୍ଶୁରାମ ପାତ୍ର, ସମ୍ଭୁ ପଧାନ, ମନୋଜ କର୍ମି ଓ ଧୁବେନପାଲି ଯୁବଗୋଷ୍ଠୀ ପରିଚାଳନା ସହଯୋଗ କରିଥିଲେ। ଶେଷରେ ପ୍ରକାଶ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

# ବ୍ରାହ୍ମଣ ସମାଜ ବାର୍ଷିକ ପରିବାର ମିଳନ

**ପଦ୍ମପୁର, ୪।୧୨(ସମିସ):** ପଦ୍ମପୁର ବ୍ରାହ୍ମଣ ସମାଜ ପଦ୍ମପୁରର ବାର୍ଷିକ ପରିବାର ମିଳନ ସ୍ଥାନୀୟ ବ୍ରାହ୍ମଣ ସମାଜ ସାଂସ୍କୃତିକ ଭବନଠାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରେଳ ବିଭାଗର ବରିଷ୍ଠ ଅବସରପ୍ରାପ୍ତ ଅଧିକାରୀ ବିଜୟ ଯୋଶୀ ତଥା ତାଙ୍କ ଧର୍ମପତ୍ନୀ କ୍ଷିରୋଦ୍ରୀ ଯୋଶୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ପାଇକମାଳ ଓ କନସିଂହା ବ୍ରାହ୍ମଣ ସମାଜ ସଭାପତି ଗିରିଶ ଚନ୍ଦ୍ର ନାୟକ ଓ ରାମଚନ୍ଦ୍ର ନାୟକ ସମ୍ମାନିତ ଅତିଥି ରୂପେ ଯୋଗ ଦେଇଥିଲେ। ଓଡ଼ିଶାର ସ୍ୱନାମଧନ୍ୟ କଣ୍ଠଶିଳ୍ପୀ ଦୁଃଖିଶ୍ୟାମ ତ୍ରିପାଠୀ ତଥା ତାଙ୍କ ପୁତ୍ର ଶିବାନନ୍ଦ ତ୍ରିପାଠୀ ଭଜନ ପରିବେଷଣ କରିଥିଲେ। ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ କୃତିତ୍ୱ ଅର୍ଜନ କରିଥିବା ବ୍ରାହ୍ମଣ ସମାଜ ସଦସ୍ୟ ମାନଙ୍କୁ ସମ୍ମାନିତ କରାଯିବା ଅବସରରେ ବରିଷ୍ଠ ସଦସ୍ୟ ତଥା ପୂର୍ବତନ ନଗରପାଳ ନବୀନ ଚନ୍ଦ୍ର ପାଢ଼ୀ, ବିଶିଷ୍ଟ ଶିକ୍ଷାବିତ ତଥା ସ୍ତମ୍ଭକାର ଜିତେନ୍ଦ୍ର ନାଥ ଗୁରୁ, ଶାସ୍ତ୍ରୀୟ ସଙ୍ଗୀତ ସାଧିକା ଆର୍ଯ୍ୟା ଆଦ୍ୟାଶକ୍ତି ତ୍ରିପାଠୀ ଓ ନିକଟରେ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାର ଲାଭ କରିଥିବା ଭଜନ କଣ୍ଠଶିଳ୍ପୀ ଦୁଃଖିଶ୍ୟାମ ତ୍ରିପାଠୀଙ୍କୁ ଉପଢୌକନ ଓ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀ ତଥା ମହିଳାମାନଙ୍କୁ ପୁରସ୍କୃତ କରାଯାଇଥିଲା। କାର୍ଯ୍ୟକ୍ରମରେ ସଭାପତି ଜୟନାରାୟଣ ତ୍ରିପାଠୀ ଅଧ୍ୟକ୍ଷତା କରୁଥିବା ବେଳେ ସମ୍ପାଦକ ସଦାନନ୍ଦ ପୁରୋହିତ ବିବରଣୀ ପାଠ ଓ ଧନ୍ୟବାଦ ଅର୍ପଣ କରିଥିଲେ। ମନୋଜ ପଣ୍ଡା, ଆକାଶ ପଣ୍ଡା ଓ ସ୍ୱର୍ଣ୍ଣକାନ୍ତି ପତି ମଞ୍ଚ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଚନ୍ଦ୍ରଶେଖର ପୁରୋହିତ, ସୁରେଶ ମିଶ୍ର, ବଳଦେବ ପାଣିଗ୍ରାହୀ, ଜିତେନ୍ଦ୍ର ଦାଶ, ଜୟରାମ ମହାପାତ୍ର, ପାର୍ଥସାରଥୀ ମହାପାତ୍ର, ଉମେଶ ଦାଶ, ଅନନ୍ତ ଦାଶ, ଲଳିତ ଦାଶ, ଅର୍ଜୁନ ମହାନ୍ତି, ଜ୍ୟୋସ୍ନା କର, ତୃପ୍ତି ଦାଶ, ସତ୍ୟନାରାୟଣ ତ୍ରିପାଠୀ, ଅଶ୍ୱିନୀ ପଣ୍ଡା ପ୍ରମୁଖ ବିଭିନ୍ନ କ୍ଷେତ୍ରରେ ସହଯୋଗ କରିଥିଲେ।

# ବିଭିନ୍ନ ସ୍କୁଲରେ ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା

**ବରଗଡ଼, ୪।୧୨(ସମିସ)**

ସ୍ଥାନୀୟ ରାଣା ପ୍ରତାପ ସ୍କୁଲର ବାର୍ଷିକ କ୍ରୀଡା ପ୍ରତିଯୋଗିତା ଉଦ୍‌ଯାପିତ ହୋଇଯାଇଛି। ପ୍ରଧାନଶିକ୍ଷକ ସୁଦୀପ ରଥଙ୍କ ଅଧ୍ୟକ୍ଷତା ଓ ଶିକ୍ଷକ ଗୋପବନ୍ଧୁ ପୁରୋହିତଙ୍କ ସଂଯୋଜନାରେ ଅନୁଷ୍ଠିତ ଉଦ୍‌ଯାପନୀ ସମାରୋହରେ ମୁଖ୍ୟ ଅତିଥି ଭାବେ ସମାଜସେବୀ ସଂଘମିତ୍ରା ପଟେଲ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ କ୍ରୀଡା ଶିକ୍ଷକ ଡାକ୍ତର ଭୋଇ, ସ୍କୁଲ ପରିଚାଳନା କମିଟି ସଦସ୍ୟ ସୁଦର୍ଶନ ବାରିକ, ମୁଖ୍ୟ ବକ୍ତା ଭାବେ ପୂର୍ବତନ ଛାତ୍ର ଅବସରପ୍ରାପ୍ତ ଶିକ୍ଷକ କପିଳ ବାଗ ମଞ୍ଚାସୀନ ଥିଲେ। କ୍ରୀଡା ପରିଚାଳନାରେ ଶିକ୍ଷୟିତ୍ରୀ ମିତା ସାହୁ, ଜ୍ୟୋତି ବେହେରା ସୀମା ଭୋଇ ସୁନୀତା ମିଶ୍ର, ବବିତା ନାଏକ, ଭାରତୀ ସେଟ୍, ନନ୍ଦିତା ସାହୁ, ସୀମା ସାହୁ, ସାଞ୍ଚା ପ୍ରଧାନ ଦେବବ୍ରତ ମେହେର, ନିଲୁ ଆର୍ଯ୍ୟନ ମେହେର, ଜଗନ୍ନାଥ ପ୍ରସାଦ ମାଝୀ, ଅଜୟ, ବିଶ୍ୱମ୍ବର ସା, ମାନସ ଭୋଇ, କାହ୍ନା ପାଣିଗ୍ରାହୀ, ମାନସ ଦୀପ, ସୋନାଲି ମେହେର ସ୍ୱିଟିରଣା ଶୁଭ୍ରଜିତ୍ ପ୍ରଧାନ, ଅଭିଜିତ ଭୋଇରଜତ ପ୍ରଧାନ, ଲୋକେଶ୍ୱର୍ ସାହୁ ପ୍ରମୁଖ ସହଯୋଗ କରିଥିଲେ। ଶିକ୍ଷୟିତ୍ରୀ ଜ୍ୟୋସ୍ନା ତ୍ରିପାଠୀ ଧନ୍ୟବାଦ ଅର୍ପଣ କରିଥିଲେ।

**ଗାଇସିଲେଟ:** ବରଗଡ଼ ଜିଲ୍ଲା ଗାଇସିଲେଟ ବ୍ଲକ ଗନିଆପାଲି ପିଏମଶ୍ରୀ ବୁଦ୍ଧଦେବ ସରକାରୀ ନୋଡାଲ ଉଚ୍ଚ ବିଦ୍ୟାଳୟ, ଗନିଆଁପାଲିରେ ପ୍ରଧାନଶିକ୍ଷକ ସୁରେନ୍ଦ୍ର ମେହେରଙ୍କ ସଭାପତିତ୍ୱରେ ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ରୂପେ ଗାଇସିଲେଟ ବ୍ଲକ ଚେୟାରମ୍ୟାନ ପ୍ରଣୟ ସାହୁ ଯୋଗ ଦେଇଥିଲେ। ସଭାକାର୍ଯ୍ୟରେ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ ଶିକ୍ଷକ ରମେଶ ସାହୁ। ମୁଖ୍ୟ ବକ୍ତାରୂପେ ଉପସ୍ଥିତ ଥିଲେ କୁଚିପାଲି ପଞ୍ଚାୟତ ଉଚ୍ଚ ବିଦ୍ୟାଳୟର ସହକାରୀ ଶିକ୍ଷକ ଅଶୋକ ପୂଜାହାରୀ। ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ ଗନିଆଁପାଲି ପଞ୍ଚାୟତ ସରପଞ୍ଚ ପୁଷ୍ପାଞ୍ଜଳୀ ବେହେରା, ସିନ୍ଦୁରପଙ୍କ ଉଚ୍ଚ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ମହୀପାଳ ସ୍ୱାଇଁ, ବିଦ୍ୟାଳୟ ପରିଚାଳନା କମିଟିର ଚେୟାରମ୍ୟାନ ଆଶୁତୋଷ ନାଗ, ମୋ ସ୍କୁଲ ଅଭିଯାନ ସଭାପତି ପ୍ରଦୀପ ପ୍ରଧାନ। କାର୍ଯ୍ୟକ୍ରମରେ ବିବରଣୀ ପଠନ କରିଥିଲେ ଶିକ୍ଷକ ବିଷ୍ଣୁ ପ୍ରସାଦ ହଂସ ଓ ଧନ୍ୟବାଦ ଅର୍ପଣ କରିଥିଲେ ଶିକ୍ଷକ ଯଶୋବନ୍ଧୁ। ପ୍ରତିଯୋଗିତାରେ ଗିରିଜାରାଣୀ ପଟେଲ (ଜୁନିୟର ବାଳିକା), ସଞ୍ଜୟ ବରିହା (ଜୁନିୟର ବାଳକ), ପଞ୍ଚମୀ ସେଠ (ସିନିୟର ବାଳିକା), ଅଙ୍କୁଶ ବିଶ୍ୱାଳ (ଜୁନିୟର ବାଳକ), ସୁମିତ୍ରା ବରିହା (ସବଜୁନିୟର ବାଳିକା), ସୌମ୍ୟରଞ୍ଜନ ରାଉତ (ସବଜୁନିୟର ବାଳକ) ଚାମ୍ପିଅନ ହୋଇଥିଲେ। ଶେଷରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଗଲା।



**ବରପାଲି:** ପଧାନପାଲି ସରକାରୀ ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପକ୍ଷରୁ ବିଦ୍ୟାଳୟ ସ୍ତରୀୟ ବାର୍ଷିକ କ୍ରୀଡା ଓ ମାତୃ ସମ୍ମିଳନୀ ତଥା ଶିକ୍ଷାର୍ଥୀ ମାନଙ୍କ ବନବିହାର ଆୟୋଜିତ ହୋଇଯାଇଛି। ସ୍ଥାନୀୟ ଖେଳପଡ଼ିଆ ପରିସରରେ ଆରମ୍ଭ ହୋଇଥିବା କାର୍ଯ୍ୟକ୍ରମ ପ୍ରଧାନଶିକ୍ଷକ ଆର୍ଯ୍ୟଶେଖର ସାହୁଙ୍କ ତତ୍ତ୍ୱାବଧାନ ସହ ଅନ୍ୟତମ ପ୍ରଧାନଶିକ୍ଷକ ପ୍ରେମାନନ୍ଦ ଲୁହାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ସହକାରୀ ଶିକ୍ଷକ ବିରେନ୍ଦ୍ର ବାରିକ ସଭା ପରିଚାଳନା କରିଥିବା ବେଳେ, ମୁଖ୍ୟଅତିଥି ଓ ମୁଖ୍ୟ ବକ୍ତା, ସମ୍ମାନିତ ଅତିଥି ଭାବେ ସ୍ଥାନୀୟ ସରପଞ୍ଚ ପ୍ରେମରାଜ ତାଣ୍ଡି, ଲକ୍ଷ୍ମୀ ବିନାୟକ ସିଡ୍‌ସର ମୁଖ୍ୟ ମଞ୍ଚମ ଭେଙ୍କଟରାଓ, ହାସ୍ୟ କବି କିଶୋର ସାହୁ ଯୋଗଦାନ କରିଥିଲେ। ପରିଚାଳନାରେ ଫିଙ୍ଗା ପଧାନ, ଦୁଷ୍ମନ୍ତ ପଧାନ, ଅଭିଷେକ ବିଭାର, ସୁରେଶ୍ୱରୀ ପ୍ରଧାନ, ଯଜ୍ଞବତି ଦୀପ ସହଯୋଗ କରିଥିଲେ। ସଭାପତି ସୁରେନ୍ଦ୍ର ମହାନନ୍ଦ, ଚିତ୍ରସେନ ମେହେର, ଚୂଡାମଣି ମେହେର, ନେପାଳ ପଧାନ, ଅର୍ଜୁନ ମେହେର, କୁଳମଣି ପଧାନ, ଖଗେଶ୍ୱର ମେହେର, କୃପାଣି ମେହେର, ପୁରୁଷୋତ୍ତମ ବାଗ, କମଳ ଜୁଆଡି, ସୁଶିଲ ପଧାନ ପ୍ରମୁଖ ସହଯୋଗ କରିଥିଲେ। କୃତୀ ଶିକ୍ଷାର୍ଥୀମାନଙ୍କୁ ଅତିଥିମାନେ ମେଡାଲ ଏବଂ ସାର୍ଟିଫିକେଟ ପ୍ରଦାନ କରିଥିଲେ।



**ପଦ୍ମପୁର:** ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଇଚ୍ଛାପାଲି ଆନୁକୂଲ୍ୟରେ ବାର୍ଷିକ କ୍ରୀଡା ଉତ୍ସବ ସନ୍ତୋଷ ସାହୁଙ୍କ ସଭାପତିତ୍ୱରେ ଗାଁ ଖେଳପଡ଼ିଆରେ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନଶିକ୍ଷକ ଲାବଣ୍ୟ ପ୍ରଧାନ ଉତ୍ସବକୁ ଉଦ୍‌ଘାଟନ କରିଥିବା ବେଳେ ସହକାରୀ ଶିକ୍ଷକ ନେତ୍ରାନନ୍ଦ ସାହୁ, ସୁଦାମ ଚରଣ ବିଶି, ଶିକ୍ଷୟିତ୍ରୀ ଶର୍ମିଷ୍ଠା ସାହୁ, ସ୍ୱେଚ୍ଛାସେବୀ ଶିକ୍ଷୟିତ୍ରୀ ଟିକେଶ୍ୱରୀ ପାଣ୍ଡେଙ୍କ ତତ୍ତ୍ୱାବଧାନରେ ଏବଂ ସର୍ଗିବାହାଲ ଆଦିବାସୀ ସରକାରୀ ଉଚ୍ଚ ବିଦ୍ୟାଳୟରୁ ନିମନ୍ତ୍ରିତ ହୋଇ ଆସିଥିବା କ୍ରୀଡା ଶିକ୍ଷକ ଅକ୍ଷୟ ପ୍ରଧାନ ଓ ବିଶିପାଲି ସରକାରୀ ଉଚ୍ଚ ବିଦ୍ୟାଳୟରୁ ଆସିଥିବା ବିଜ୍ଞାନ ଶିକ୍ଷକ ବିଜୟ ସାହୁଙ୍କ ସହଯୋଗରେ ଛାତ୍ରଛାତ୍ରୀଙ୍କ ପାଇଁ ବିଭିନ୍ନ ପ୍ରକାରର କ୍ରୀଡା ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଶେଷରେ ନେତ୍ରାନନ୍ଦ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

**ପଦ୍ମପୁର:** ସ୍ଥାନୀୟ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପଦ୍ମପୁରର ୩୪ ତମ ବାର୍ଷିକ କ୍ରୀଡା ମହୋତ୍ସବ ତିନି ଦିନ ଧରି ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷା ପଦ୍ମିନୀ ଦାଶଙ୍କ ଅଧ୍ୟକ୍ଷତାରେ ଏବଂ କ୍ରୀଡା ସଂଯୋଜକ ବିଷ୍ଣୁ ପ୍ରସାଦ ଷଡଙ୍ଗୀଙ୍କ ତତ୍ତ୍ୱାବଧାନରେ ବିଭିନ୍ନ ପ୍ରକାରର ୨୫ଟି ଖେଳ ବିଦ୍ୟାଳୟ ଓ ରାଜବୋଡାସମ୍ବର ଉଚ୍ଚ ବିଦ୍ୟାଳୟ ପଡ଼ିଆରେ ଅନୁଷ୍ଠିତ ହୋଇଥିଲା। ଉଦ୍‌ଯାପନୀ ଉତ୍ସବରେ ବୋଡାସମ୍ବର ମାଟିର ସୁଯୋଗ୍ୟ ସନ୍ତାନ ଡ.ଶଙ୍କର ରାମଚନ୍ଦାନୀ ମୁଖ୍ୟ ଅତିଥି, ପଦ୍ମପୁର ଥାନାଧିକାରୀ ମମତା ନାଏକ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଯୁକ୍ତ ଦୁଇ ପ୍ରଥମ ବର୍ଷ କଳା ଛାତ୍ରୀ ସସ୍ମିତା ଖଡିଆ ଚାମ୍ପିଅନ ହୋଇଥିଲେ। ଶେଷରେ ସଂସ୍କୃତି ବିଭାଗ ମୁଖ୍ୟ କୃଷ୍ଣ ଚରଣ ଦାସ ଅତିଥି ମାନଙ୍କୁ ଓ ସମସ୍ତ ଅତିଥି ଓ ଛାତ୍ରଛାତ୍ରୀଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ମାରୱାଡ଼ି ଯୁବାମଞ୍ଚ ପକ୍ଷରୁ ନାଚୁରାଲ ଥେରାପି ଶିବିର ଉଦ୍‌ଘାଟିତ

**ବରପାଲି, ୪।୧୨(ସମିସ):** ବରପାଲି ମାରୱାଡ ଯୁବାମଞ୍ଚ ତତ୍ତ୍ୱାବଧାନରେ ପଞ୍ଚ ଦିବସୀୟ ନାଚୁରାଲ ଥେରାପି ସ୍ୱାସ୍ଥ୍ୟରକ୍ଷା ତାଲିମ ଶିବିର ଉଦ୍‌ଘାଟିତ ହୋଇଯାଇଛି। ଅଗ୍ରେସନ ଭବନ ପରିସରରେ ଶିବିର ଆୟୋଜିତ ଶିବିରରେ ବରପାଲି ଶାଖା ଯୁବାମଞ୍ଚ ସଭାପତି ମନୀଷ ଅଗ୍ରୱାଲଙ୍କ ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଭାବେ ରାମକୃଷ୍ଣ ଘରୋଇ ଡାକ୍ତରଖାନା ମୁଖ୍ୟ ଡା.ସୁବାଷ ଦାଶ ଯୋଗ ଦେଇ ଶିବିରକୁ ଉଦ୍‌ଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ ଡା.ଦେବ ରାଠୋର ରାଜସ୍ଥାନ ଯୋଗ ଦେଇ ସ୍ୱାସ୍ଥ୍ୟ ସୁରକ୍ଷାରେ ଥେରାପିର ଆବଶ୍ୟକତା ଏବଂ ଆଶୁ ଚିକିତ୍ସା ସେବାରେ କାର୍ଯ୍ୟକାରିତା ସମ୍ବନ୍ଧିତ ବିଷୟ ଉପରେ ବହୁ ତତ୍ତ୍ୱପୂର୍ଣ୍ଣ ଜ୍ଞାନ ଓ ମୁଦ୍ରା ବ୍ୟବହାରକୁ ନେଇ ବିଶ୍ଳେଷଣ କରିଥିଲେ। ଉପସଭାପତି ସାହିଲ ଅଗ୍ରୱାଲ ସ୍ୱାଗତ ଜଣାଇଥିବା ବେଳେ ପରାମର୍ଶଦାତା କିଶାନ ଅଗ୍ରୱାଲା ପରିଚୟ ପ୍ରଦାନ କରିଥିଲେ। ସମ୍ପାଦକ ମୁକେଶ ଅଗ୍ରୱାଲ ବିବରଣି ଉପସ୍ଥାପନ କରିଥିବା ବେଳେ ଯୁଗ୍ମ ସମ୍ପାଦକ ଆଲୋକ ଅଗ୍ରୱାଲ ଧନ୍ୟବାଦ ଅର୍ପଣ କରିଥିଲେ। ଶିବିର ପରିଚାଳନାରେ ଯୁବାମଞ୍ଚର କ୍ୟାସିଅର ପ୍ରାଂଶୁ ଚିରାନିଆ, ସହକ୍ୟାସିଅର୍ ଆୟୁଷ ଚିରାନିଆ, ଶିବୁ ଅଗ୍ରୱାଲ, ପ୍ରିନ୍ସ ଅଗ୍ରୱାଲ, ଅଙ୍କିତ ଚିରାନିଆ, ପରାମର୍ଶଦାତା କିଶନ ଅଗ୍ରୱାଲ, ଅନୀଲ ଅଗ୍ରୱାଲ, ବଣ୍ଟି ଚିରାନିଆ, ଅମିତ ଅଗ୍ରୱାଲ ପ୍ରମୁଖଙ୍କ ସହ ଯୁବା ସାମାଜିକ କର୍ମୀ ମାନେ ସହଯୋଗ କରିଥିଲେ।

# ଶୁଣ୍ଢୀ ସମାଜ ପକ୍ଷରୁ ଆଶ୍ରମରେ ଶୀତବସ୍ତ୍ର ପ୍ରଦାନ

**ବରଗଡ଼, ୪।୧୨(ସମିସ):** ବରଗଡ଼ ଶୁଣ୍ଢି ସମାଜର ସଭାପତି ଉଦ୍ଧବ ଚରଣ ବେହେରା ଓ ତାଙ୍କ ସମାଜର ମାନ୍ୟଗଣ୍ୟ ବ୍ୟକ୍ତି ଭଟଲି ନିକଟସ୍ଥ ପିପଲ ମୁଣ୍ଡା ଠାରେ ଥିବା ଅଖଣ୍ଡ ଦୀପ ଆଶ୍ରମକୁ ଯାଇ ପ୍ରବଳ ଆଶ୍ରମରେ ଥିବା ଭକ୍ତ ମାନଙ୍କୁ ଶୀତବସ୍ତ୍ର ପ୍ରଦାନ କରିଛନ୍ତି। ଏହି ଆଶ୍ରମରେ ଗତ ୨୬ ବର୍ଷ ହେଲା ଦିନରାତି ଅଖଣ୍ଡ ଦୀପ ଜଳି ରହିବା ସହ ଓ ହରେ କୃଷ୍ଣ ହରେ ରାମ ନାମ ଜପ ହୋଇ ଆସୁଛି। ଅମାବାସ୍ୟା, ସଙ୍କ୍ରାନ୍ତି ଓ ଅନ୍ୟାନ୍ୟ ପୁଣ୍ୟ ତିଥି ମାନଙ୍କରେ ଶତାଧିକ ଭକ୍ତଙ୍କ ଦ୍ୱାରା ନାମ ଜପ କରାହୁଏ। ଆମ ଶୁଣ୍ଢୀ ସମାଜର ବରିଷ୍ଠ ସଦସ୍ୟ ଗଣେଶ ବେହେରା ବିଭିନ୍ନ ସମୟରେ ଖାଦ୍ୟ ପଦାର୍ଥ ଦେଇ ଆସୁଛନ୍ତି। ଏହି ମହତ୍ କାର୍ଯ୍ୟରେ ପାଣ୍ଡବ ବେହେରା, ଶରତ ବେହେରା, ବାହାଦୁର ବେହେରା, ଅଶୋକ ପରିଡ଼ା, ନୀଳମାଧବ ସାହୁ, ଅଶୋକ ବେହେରା, ନିରଞ୍ଜନ ବେହେରା, ଅନୁପମା ବେହେରା, ସଞ୍ଜୁ ବେହେରା, ଗୀତା ବେହେରା ପ୍ରମୁଖ ଯୋଗ ଦେଇଥିଲେ।

# ଘରୁ ଡାକି ନେଇ ଯୁବକଙ୍କୁ ହତ୍ୟା!

ଦେବଗଡ଼, ୪।୧୨ (ସମିସ): ବାରକୋଟ ଥାନା ଅଧୀନ ଟାଇଁସିରା ଗାଁରୁ ୫ଦିନ ତଳେ ନିଖୋଜ ହୋଇଯାଇଥିବା ଜଣେ ଯୁବକଙ୍କ ମୃତଦେହ ଗୁରୁବାର ଏକ ନାଳରୁ ଉଦ୍ଧାର ହୋଇଛି। ମୃତ ଯୁବକଜଣଙ୍କ ସେହି ଗାଁର ରାଜକିଶୋର ମହାକୁଳ। ତାଙ୍କୁ ହତ୍ୟା କରି ନାଳରେ ଫିଙ୍ଗି ଦିଆଯାଇଥିବା ପରିବାରଲୋକେ ଅଭିଯୋଗ କରିଛନ୍ତି। ଅଭିଯୋଗକୁ ଗୁରୁତ୍ୱର ସହ

## ୫ ଦିନ ପରେ ନାଳରୁ ଶବ ଉଦ୍ଧାର



ନେଇ ପୁଲିସ ତଦନ୍ତ ଆରମ୍ଭ କରିବା ସହ ୨ ଜଣ ଯୁବକଙ୍କୁ ଅଟକ ରଖି ପଚରାଉଚରା ଚଳାଇଛି।

ଗତ ୩୦ତାରିଖରେ ରାଜକିଶୋରଙ୍କୁ ସେହି ଗାଁର ଗଣ ନାୟକ ଓ ତପନ ନାୟକ ଭୋଜି ପାଇଁ ଦରଗଡ଼ି ଜଳପ୍ରପାତ ନିକଟକୁ ନେଇଯାଇଥିଲେ। ଭୋଜି ସରିବା ପରେ ସେମାନେ ଖଜୁରି ତାଡ଼ି ପିଇବାକୁ ଫଟାମୁଣ୍ଡ ଗାଁକୁ ଯାଇଥିଲେ। ସେଠାରୁ ଫେରି ରାଜକିଶୋର ବିଶ୍ରାମ ନେଉଥିବା ବେଳେ ସଂଧ୍ୟାରେ ପୁଣି ଗଣ ଓ ତପନ ତାଙ୍କୁ ଘରୁ ଡାକି ନେଇଥିଲେ। କିନ୍ତୁ ସେଦିନ ଆଉ ରାଜକିଶୋର ଘରକୁ ନ ଫେରିବାରୁ ପରିବାରଲୋକଙ୍କ ମନକୁ ପାପ ଛୁଇଁଥିଲା। ପରଦିନ ଅର୍ଥାତ୍ ଡିସେମ୍ବର ୧ତାରିଖ ସକାଳେ ମା' ବୋଇତ ମହାକୁଳ ଏ ସଂପର୍କରେ ଗଣ ଓ ତପନଙ୍କୁ ପଚାରିବାରୁ ସେମାନେ ରାଜକିଶୋର କୁଆଡ଼େ ଗଲା, ତାହା ଜାଣି ନଥିବା କହିଥିଲେ। ବହୁ ଖୋଜାଖୋଜି ପରେ ମଧ୍ୟ ରାଜକିଶୋରଙ୍କ ସନ୍ଧାନ ନ ମିଳିବାରୁ ବୋଇତ ଏ ସଂପର୍କରେ ଗତ ୨ ତାରିଖରେ ବାରକୋଟ ଥାନାରେ ଅଭିଯୋଗ କରିଥିଲେ।

ବାରକୋଟ ପୁଲିସ ଏକ ନିଖୋଜ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଥିବା ବେଳେ ଆଜି ସକାଳେ ନିକଟସ୍ଥ ରେଙ୍ଗାଳି ଗାଁର ଯୌତୁକ ନାଳର ପୋଲ ତଳେ ରାଜକିଶୋରଙ୍କ ମୃତଦେହ ଭାସୁଥିବା କିଛି ଗ୍ରାମବାସୀ ଦେଖିବାକୁ ପାଇଥିଲେ। ବାରକୋଟ ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହର ଚିହ୍ନଟ କରାଇଥିଲା। ରାଜକିଶୋରଙ୍କୁ ହତ୍ୟା କରାଯାଇଛି ବୋଲି ତାଙ୍କ ସ୍ତ୍ରୀ ସାଗରିକା ଅଭିଯୋଗ କରିବାରୁ ପୁଲିସ ଏହାକୁ ଗୁରୁତ୍ୱର ସହ ନେଇ ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ଗଣ ଏବଂ ତପନଙ୍କ ଭୂମିକା ସନ୍ଦେହଜନକ ଥିବାରୁ ପୁଲିସ ଦୁହିଁଙ୍କୁ ଅଟକ ରଖି ତଦନ୍ତ ଚଳାଇଛି। ମୃତଦେହକୁ ବ୍ୟବଚ୍ଛେଦ ନିମନ୍ତେ ନିକଟସ୍ଥ ଅନୁଗୁଳ ଜିଲ୍ଲା ପାଲଲହଡା ଡାକ୍ତରଖାନାକୁ ପଠାଯିବ ବୋଲି ପୁଲିସ ସୂତ୍ରରୁ ସୂଚନା ମିଳିଛି।

## ଶ୍ରୀଜଗନ୍ନାଥ ସଂସ୍କୃତିକୁ ଅପମାନ

# କେତେ ଆଉ ସହିବା?

ପୁରୀ, ୪।୧୨(ସମିସ): ପୂର୍ବରୁ ଶ୍ରୀମନ୍ଦିର ଉପରେ ଅନେକଥର ଆକ୍ରମଣ ହୋଇଛି। ଏଥିପାଇଁ ଶ୍ରୀବିଗ୍ରହମାନଙ୍କୁ ଅନେକବାର ରତ୍ନସିଂହାସନ ଛାଡ଼ିବାକୁ ପଡ଼ିଛି। ସେବାୟତମାନେ ଚତୁର୍ଦ୍ଧା ବିଗ୍ରହଙ୍କୁ ଅନେକ ଜାଗାକୁ ନେଇ ଲୁଚାଇ ରଖିଛନ୍ତି। ଇତିହାସର ଏହି କଥା ସେତେବେଳେ ପ୍ରତ୍ୟକ୍ଷ ଭାବେ ଘଟୁଥିଲା। ହେଲେ ଏବେ ପରୋକ୍ଷ ଭାବେ ଏହି ଧାରା ଅବ୍ୟାହତ ରହିଛି। ଶ୍ରୀମନ୍ଦିର ଆଉ ଶ୍ରୀଜଗନ୍ନାଥଙ୍କୁ ବାରମ୍ବାର ଅପମାନିତ କରାଯାଉଛି, ଯାହାକି କୌଣସି ଆକ୍ରମଣଠାରୁ କମ୍ ନୁହେଁ। ନିକଟରେ ସୋସିଆଲ ମିଡିଆ ଇନଫ୍ଲୁଏନ୍ସର ଶୁଭଙ୍କର ମିଶ୍ରା ଶ୍ରୀମନ୍ଦିରକୁ ନେଇ ଏକ ବିବାଦୀୟ ଟିପ୍ପଣୀ ଦେଇଥିଲେ। ପରେ କ୍ଷମା ମାଗିବା ସହ ଉକ୍ତ ଭିଡିଓକୁ ଡିଲିଟ୍ କରିଥିଲେ ବି ଶ୍ରୀଜଗନ୍ନାଥପ୍ରେମୀ ଭକ୍ତ ଓ ସେବାୟତଙ୍କ ମଧ୍ୟରେ ଏହାକୁ ନେଇ ଅସନ୍ତୋଷ ଲାଗି ରହିଛି। ଖାଲି ଏହି ଗୋଟିଏ ଉଦାହରଣ ନୁହେଁ, ଏମିତି ପୁଳାପୁଳା ଉଦାହରଣ ରହିଛି। ରାଜ୍ୟ ସମେତ ଦେଶବିଦେଶରେ ଶ୍ରୀଜଗନ୍ନାଥ ସଂସ୍କୃତିକୁ ଅବମାନନା କରାଯାଉଛି। ବାରମ୍ବାର ଜଗନ୍ନାଥ ସଂସ୍କୃତିକୁ କଦର୍ଥ କରାଯାଉଥିବା ବେଳେ ଏହା ଉପରେ କ'ଣ ପୂର୍ଣ୍ଣଚ୍ଛେଦ ପଡ଼ିପାରିବ ନାହିଁ? ଏହି ପ୍ରଶ୍ନ ଏବେ ବିଭିନ୍ନ ମହଲରେ ଉଙ୍କି ମାରୁଥିବା ବେଳେ ସମସ୍ତଙ୍କ ମୁହଁରେ ଗୋଟିଏ କଥା - ଆଉ କେତେ ସହିବା?

ଶ୍ରୀଜଗନ୍ନାଥ ସଂସ୍କୃତିକୁ ଇସ୍କନ ବାରମ୍ବାର ଅପମାନିତ କରୁଛି। ଅଦିନରେ ଦେଶ, ବିଦେଶରେ ବିଭିନ୍ନ ଜାଗାରେ ଆୟୋଜନ କରୁଛି ରଥଯାତ୍ରା। ଏହି ବିବାଦ ଏ ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ ଭାବେ ଥମି ନାହିଁ। ନିକଟରେ ଇସ୍କନ ଭାରତ ଏବଂ ବିଦେଶର ସମସ୍ତ ମନ୍ଦିରରେ ଶାସ୍ତ୍ରୋକ୍ତେ ତିଥି (ଜ୍ୟେଷ୍ଠ ପୂର୍ଣ୍ଣିମା)ରେ ସ୍ନାନଯାତ୍ରା ପାଳନ କରିବାକୁ ସମ୍ମତ ହୋଇଥିଲେ ମଧ୍ୟ ଶାସ୍ତ୍ର ଓ ପାରମ୍ପରିକ ନିର୍ଦ୍ଧାରିତ ତିଥି ଅନୁଯାୟୀ ଅର୍ଥାତ୍ ଆଷାଢ଼ ଶୁକ୍ଳ ଦ୍ୱିତୀୟା ତିଥିଠାରୁ ଆରମ୍ଭ ହେଉଥିବା ନଅଦିନ ମଧ୍ୟରେ ଭାରତ ବାହାରେ ରଥଯାତ୍ରା ପାଳନ କରିବା ନିଷ୍ପତ୍ତି ସହିତ ସହମତ ହୋଇପାରିନାହିଁ। ଏହାକୁ ନେଇ ବିବାଦ ରହିଥିବା ବେଳେ ଇସ୍କନ ବାରମ୍ବାର ଜଗନ୍ନାଥ ସଂସ୍କୃତି ଓ ପରମ୍ପରାକୁ ଅବମାନନା କରିଆସୁଛି। ଏହାକୁ ନେଇ ଶ୍ରୀଜଗନ୍ନାଥପ୍ରେମୀ ଭକ୍ତ ଓ ସେବାୟତ ଇସ୍କନର ମନମାନିକୁ ବିରୋଧ କରୁଛନ୍ତି। ପ୍ରତ୍ୟେକ ଧାର୍ମିକ କାର୍ଯ୍ୟକ୍ରମର ଏକ ସ୍ୱତନ୍ତ୍ର ତିଥି ଓ ତାରିଖ ରହିଛି। ଏହାକୁ ସମସ୍ତେ ମାନିବା ଦରକାର। ରଥଯାତ୍ରା ଆଷାଢ଼ ମାସ ଶୁକ୍ଳ ପକ୍ଷ ଦ୍ୱିତୀୟାରେ ପାଳିତ ହୋଇଥାଏ। ଏହା ସ୍କନ୍ଦ ପୁରାଣରେ ମହାପ୍ରଭୁଙ୍କ ଦ୍ୱାରା ନିର୍ଦ୍ଦେଶିତ। ଅଦିନରେ ଏବଂ ଅତିଥିରେ ରଥଯାତ୍ରା ଆୟୋଜନ କରାଯାଇ ଶ୍ରୀଜଗନ୍ନାଥ ସଂସ୍କୃତି, ସନାତନ ହିନ୍ଦୁ ସମାଜ, ଭକ୍ତ ଏବଂ ଦେଶର ଘୋର ଅପମାନ ସହ ଧାର୍ମିକ ଭାବନାରେ ଆଘାତ ସୃଷ୍ଟି କରାଯାଉଛି। ତେଣୁ ଏଭଳି ମନମୁଖୀ କାର୍ଯ୍ୟରୁ ଇସ୍କନ ଦୂରେଇ ରହିବାକୁ ଦାବି କରିଆସୁଛନ୍ତି ଭକ୍ତ ଓ ସେବାୟତ।

ସେହିପରି ମହାପ୍ରଭୁ ଏବଂ ଶ୍ରୀଜଗନ୍ନାଥ ସଂସ୍କୃତିକୁ ବିଭିନ୍ନ ଉପାୟରେ ଅପମାନିତ କରାଯାଉଛି। ପୂର୍ବରୁ ମହାପ୍ରଭୁଙ୍କ ଚିତ୍ରକୁ ନେଇ ଅନେକ ବ୍ୟଙ୍ଗାତ୍ମକ ଢଙ୍ଗରେ ଚିତ୍ରଣ କରାଯାଇଛି। କାର୍ ଏବଂ ଅନ୍ୟ ଗାଡ଼ିରେ ଠାକୁରଙ୍କୁ ବସାଇ ରଥଯାତ୍ରା କରିବା,



ରଥରେ ସୁଖୋଇ ବିମାନର ଟାୟାର ଲାଗାଯିବା, ମହିଳାଙ୍କ ବିଭିନ୍ନ ପୋଷାକରେ ଜଗନ୍ନାଥଙ୍କ ଫଟୋ ରହିବା, ଆଦି ବିଭିନ୍ନ ପ୍ରସଙ୍ଗକୁ ନେଇ ବିବାଦ ଉପୁଜିଥିବାର ନଜିର ରହିଛି। ଏଭଳି ସ୍ଥିତିରେ ଏବେ ପୁଣି ଶୁଭଙ୍କର ମିଶ୍ରାଙ୍କ ବିବାଦୀୟ ଟିପ୍ପଣୀ ଭକ୍ତ ଓ ସେବାୟତଙ୍କ ମହଲରେ ଗଭୀର ଉଦ୍‌ବେଗ ପ୍ରକାଶ କରିଛି। ଶୁଭଙ୍କର ନିଜ ପଡ୍‌କାଷ୍ଟରେ କହିଛନ୍ତି ଯେ ଯଦି କୌଣସି ପ୍ରେମୀଯୁଗଳ ଶ୍ରୀମନ୍ଦିର ଯାଆନ୍ତି, ତେବେ ସେମାନଙ୍କ ସମ୍ପର୍କ ଭାଙ୍ଗିଯାଏ ବା ସେମାନେ ବିବାହ କରିପାରନ୍ତି ନାହିଁ। କାରଣ ଶ୍ରୀମନ୍ଦିର ଉପରେ ମା' ରାଧାରାଣୀଙ୍କ ଅଭିଶାପ ପଡ଼ିଛି। ମା' ରାଧାରାଣୀ ପ୍ରଭୁ ଜଗନ୍ନାଥ ରୂପରେ ଶ୍ରୀକୃଷ୍ଣଙ୍କୁ ଦର୍ଶନ କରିବାକୁ ଆସିଥିବା ବେଳେ ସେବାୟତମାନେ ତାଙ୍କୁ ମନ୍ଦିର ଭିତରକୁ ପ୍ରବେଶ କରିବାକୁ ବାରଣ କରିଥିଲେ। ସେମାନେ କହିଥିଲେ ଯେ ମନ୍ଦିର ଭିତରକୁ ଭଗବାନଙ୍କ ପତ୍ନୀଙ୍କୁ ମଧ୍ୟ ଆସିବାର ଅନୁମତି ନାହିଁ। ଏଥିରେ କ୍ରୋଧିତ ହୋଇ ମା' ରାଧାରାଣୀ ଅଭିଶାପ ଦେଇଥିଲେ ଯେ ଆଜିଠୁ କୌଣସି ଅବିବାହିତ ଯୋଡ଼ି ମନ୍ଦିର ଭିତରକୁ ଆସିଲେ ସେମାନଙ୍କର ସମ୍ପର୍କ ଭାଙ୍ଗିଯିବ ଏବଂ ବିବାହ ହୋଇପାରିବ ନାହିଁ। ଶୁଭଙ୍କରଙ୍କ ଏହି ବିବାଦୀୟ ଟିପ୍ପଣୀ ପାଇଁ ତାଙ୍କ ବିରୋଧରେ ସିଂହଦ୍ୱାର ଥାନାରେ ସେବାୟତ ଏତଲା ଦେଇଥିବା ବେଳେ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ପ୍ରକାଶ ପାଇଛି। ଅବଶ୍ୟ ବିରୋଧ ବଢ଼ିବା ପରେ ଶୁଭଙ୍କର କ୍ଷମା ପ୍ରାର୍ଥନା କରିଛନ୍ତି।

ଜଗନ୍ନାଥ ସଂସ୍କୃତିକୁ ଜାଣିଶୁଣି ଅପମାନିତ କରାଯାଉଛି ଏବଂ ଏହା ପଛରେ ଷଡ଼ଯନ୍ତ୍ର ଥିବା ଅନେକ ଶ୍ରଦ୍ଧାଳୁ ଅଭିଯୋଗ କରୁଛନ୍ତି। ବାରମ୍ବାର ଜଗନ୍ନାଥ ସଂସ୍କୃତିକୁ ଅପମାନିତ କରାଯାଉଥିବା ବେଳେ ଶ୍ରୀମନ୍ଦିର ପ୍ରଶାସନ, ରାଜ୍ୟ ସରକାର ଏହାକୁ ଗୁରୁତ୍ୱର ସହ ନେବାକୁ ଭକ୍ତମାନେ ଦାବି କରିଛନ୍ତି।

# ମହିଳା ଓ ବୃଦ୍ଧଙ୍କୁ ଦଳିଦେଲା ହାତୀ

ଦେବଗଡ଼/ରିଆମାଳ, ୪।୧୨ (ସମିସ): ଦେବଗଡ଼-ଅନୁଗୋଳ ଜିଲ୍ଲା ସୀମାନ୍ତ ସିନ୍ଦୂରପାଳ ଓ ଜୁରାଡ଼ଙ୍ଗା ଗାଁରେ ଗୁରୁବାର ସକାଳୁ ହାତୀ ଆକ୍ରମଣରେ ଦୁଇଜଣଙ୍କ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, କୁଞ୍ଜ ଦେହୁରୀ(୭୦) ଓ ରଜନୀ ବେହେରା(୩୫)।

ଜୁରଡଙ୍ଗା ଗାଁର କୁଞ୍ଜ ଆଜି ସକାଳୁ ଅନୁଗୁଳ ବନଖଣ୍ଡ ଛେଣ୍ଡିପଦା ବନାଞ୍ଚଳ ଅନ୍ତର୍ଗତ ସୁନ୍ଦରପାଳସ୍ଥିତ ନିଜ ଧାନ ବିଲକୁ ଯାଇଥିଲେ। ସେଠାରେ ସେ ଏକ ୨୨ ଟିକିଆ ହାତୀପଲ ହାବୁଡ଼ରେ ପଡ଼ିଯାଇଥିଲେ। ସେଥିମଧ୍ୟରୁ ଗୋଟିଏ ହାତୀ ବିଲ ମଧ୍ୟରେ କୁଞ୍ଜଙ୍କୁ ଶୁଣ୍ଢରେ ଟେକି ଫିଙ୍ଗିଦେବା ସହ ପାଦରେ ଦଳି ଦେବାରୁ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ସେଠାରୁ କିଛି ଦୂରରେ ସିନ୍ଦୂରପାଳ ଗାଁର ଦିଲ୍ଲୀପ ବେହେରାଙ୍କ ସ୍ତ୍ରୀ ରଜନୀ ରିଆମାଳ ବନାଞ୍ଚଳ କୁଣ୍ଢେଇଗୋଳା ସେକ୍ସନ ଅନ୍ତର୍ଗତ ଜୁରାଡୁଙ୍ଗା ପଟରେ ଥିବା ବିଲକୁ ଯାଉଥିବା ବେଳେ ସେହି ହାତୀପଲଙ୍କ ହାବୁଡ଼ରେ ପଡ଼ି ଯାଇଥିଲେ। ଗୋଟିଏ ହାତୀ ରଞ୍ଜିତାଙ୍କୁ ଶୁଣ୍ଢରେ କଚାଡ଼ି ଦେଇଥିଲା। ରଞ୍ଜିତା ତଳେ ପଡ଼ି ଛଟପଟ ହେଉଥିବା ବେଳେ ହାତୀପଲ ତାଙ୍କୁ ଦୀର୍ଘ ସମୟ ଧରି ଘେରି ରହିଥିଲେ। ଫଳରେ ଗୁରୁତର ରଞ୍ଜିତାଙ୍କୁ ଉଦ୍ଧାର କରିବାକୁ କେହି ସାହସ ଜୁଟାଇ



ପାରିନଥିଲେ। ହାତୀପଲ ସେଠାରୁ ଯିବା ପରେ ପରିବାରଲୋକେ ଗ୍ରାମବାସୀଙ୍କ ସହାୟତାରେ ତାଙ୍କୁ ଉଦ୍ଧାର କରି ଚିକିତ୍ସା ପାଇଁ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିଲା।

# ଚାଲୁଚାଲୁ ଜଳିଗଲା ବସ୍

ବିଜେପୁର, ୪।୧୨ (ସମିସ): ବରଗଡ଼ ଜିଲ୍ଲା ପଦ୍ମପୁର-ବିଜେପୁର ରାସ୍ତାର ବଲଣ୍ଡା ଗାଁ ନିକଟରେ ଗୁରୁବାର ସନ୍ଧ୍ୟାରେ ଏକ ଚଳନ୍ତା ବସ୍ ଜଳିଯାଇଛି। ସୌଭାଗ୍ୟକୁ ବସ୍‌ର ଚାଳକ ଗାଡ଼ିକୁ ଅଟକାଇ ଯାତ୍ରୀମାନଙ୍କୁ ବାହାର କରିଦେବାରୁ ୧୫ରୁ ଉର୍ଦ୍ଧ୍ୱ ଯାତ୍ରୀ ନିଶ୍ଚିତ ମୃତ୍ୟୁମୁଖରୁ ଅଳ୍ପକେ ବର୍ତ୍ତି ଯାଇଛନ୍ତି।

**ଅଳ୍ପକେ ବର୍ତ୍ତିଲେ ଯାତ୍ରୀ**

ସୂଚନାନୁଯାୟୀ, ପ୍ରତିଦିନ ଭଳି ଏକ ଓଏସ୍‌ଆରଟିସି ସରକାରୀ ବସ୍ ଖରିଆରୋଡ୍‌ରୁ ବିଜେପୁର ରାସ୍ତା ଦେଇ ସମ୍ବଲପୁର ଯାଉଥିଲା। ବିଜେପୁର ଥାନା ଅନ୍ତର୍ଗତ ବଲଣ୍ଡା ଗାଁ ନିକଟରେ ବସ୍‌ରୁ ନିଆଁ ବାହାରୁଥିବା ଦେଖି ଯାତ୍ରୀମାନେ ପାଟି କରିଥିଲେ। ଚାଳକ ତୁରନ୍ତ ଗାଡ଼ିକୁ ଅଟକାଇ ଯାତ୍ରୀମାନଙ୍କୁ ଓହ୍ଲାଇ ଦେଇଥିଲେ। ପରେପରେ ବସ୍‌ଟି ହୁତୁହୁତୁ ହୋଇ ଜଳି ଯାଇଥିଲା। ଏଥିରେ ସ୍ଥାନୀୟ ଅଞ୍ଚଳ ପୂରା ଧୂଆଁମୟ ହୋଇଯାଇଥିଲା। ଖବର ପାଇ ବିଜେପୁର ଅଗ୍ନିଶମବାହିନୀ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲା। ବ୍ୟାଟେରୀରୁ ସର୍ଟସର୍କିଟ୍ ହୋଇ ନିଆଁ ଲାଗିଥିବା ବିଭାଗୀୟ କର୍ମଚାରୀମାନେ ସୂଚନା ଦେଇଛନ୍ତି।

## ଖଣି ଲିଜ୍ ଆଳରେ ୬୪ ଲକ୍ଷ ଠକେଇ

# ଗୁଜରାଟରୁ ଧରାହେଲେ ଓଡ଼ିଆ ଦମ୍ପତି

ଭୁବନେଶ୍ୱର, ୪।୧୨ (ସମିସ): ନାଲକୋ କମ୍ପାନୀର ଖଣି ଲିଜ୍ ଦେବା ଆଳରେ ୬୪ଲକ୍ଷ ଟଙ୍କା ଠକି ନେଇଥିବା ଏକ ଧୂର୍ତ୍ତ ଓଡ଼ିଆ ଦମ୍ପତିଙ୍କୁ ଭୁବନେଶ୍ୱର ସାଇବର ଥାନା ପୁଲିସ ଗୁଜରାଟର ସୁରଟରୁ ଗିରଫ କରିଛି। ସେମାନେ ହେଲେ, ସୁରଟ ଗୃହମ ପ୍ୟାଲେସରେ ରହୁଥିବା ବୋଲଗଡ଼ ଥାନା ବେଣାଗାଡ଼ିଆର ଗୀତାଞ୍ଜଳି ବରଦା ଓ ତାଙ୍କ ସ୍ୱାମୀ ସନ୍ତୋଷ କୁମାର ବରଦା।




- ନାଲକୋ ଅଧିକାରୀ ବୋଲି ଦେଇଥିଲା ପରିଚୟ
- ନକଲି ୱାର୍କ ଅର୍ଡର ଜବତ
- ପୂର୍ବରୁ ରହିଛି ୪ ଠକେଇ ମାମଲା

ପୁଲିସ ସୂଚନାନୁସାରେ, ସନ୍ତୋଷ ନିଜକୁ ନାଲକୋର ଜଣେ ବରିଷ୍ଠ ଅଧିକାରୀ ପରିଚୟ ଦେଇ ରସୁଲଗଡ଼ ଜିଜିପି କଲୋନୀର ଅଭିଷେକ ମହାନ୍ତିଙ୍କୁ ଯୋଗାଯୋଗ କରିଥିଲେ। ସେ ଓଡ଼ିଶାରେ ନାଲକୋ କମ୍ପାନୀର ଖଣି ଲିଜ୍ ଦେବାକୁ ଅଭିଷେକଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ବିଶ୍ୱାସ ଜନ୍ମାଇବା ପାଇଁ ପତ୍ନୀ ଗୀତାଞ୍ଜଳିଙ୍କ ସହ ମିଶି ନାଲକୋ ଫର୍ମାଟ୍ ଥିବା ନକଲି ଡକ୍ୟୁମେଣ୍ଟ, କାର୍ଯ୍ୟାଳୟ ଭିତରର ଫଟୋଗ୍ରାଫ୍ ଓ ନାଲକୋ ପରିସରରୁ ଲୋକେସନ୍ ପିନ୍ ସେୟାର୍ କରିଥିଲେ ସନ୍ତୋଷ। ଏପରିକି, ଅଭିଷେକଙ୍କ ପରିଚିତ ବ୍ୟକ୍ତିଙ୍କୁ ଦିଲ୍ଲୀ, ଭୁବନେଶ୍ୱର ଓ ଅନ୍ୟାନ୍ୟ ନାଲକୋ କାର୍ଯ୍ୟାଳୟକୁ ନେଇଥିଲେ। ସେଠାରେ ନକଲି ଡକ୍ୟୁମେଣ୍ଟ ସ୍ୱାକ୍ଷର ଓ ବାୟୋମେଟ୍ରିକ୍ ପ୍ରକ୍ରିୟା ଯାଇଥିବାରୁ କାମ ପାଇବା କଥାକୁ ସହଜରେ ବିଶ୍ୱାସ କରି ନେଇଥିଲେ ଅଭିଷେକ। କାମ ବାବଦକୁ ଟଙ୍କା ମାଗିବାରୁ ସନ୍ତୋଷ ଓ ଗୀତାଞ୍ଜଳିଙ୍କ ନିୟନ୍ତ୍ରଣାଧୀନ ଅରୋଶ୍ରୀ ସ୍କିଲ୍ ଡେଭଲପମେଣ୍ଟ ସେଣ୍ଟର୍ କମ୍ପାନୀର ବ୍ୟାଙ୍କ ଆକାଉଣ୍ଟକୁ ଅଭିଷେକ ୩ଟି ପର୍ଯ୍ୟାୟରେ ମୋଟ ୬୩ଲକ୍ଷ ୬୦ ହଜାର ଟଙ୍କା ଜମା କରିଥିଲେ। ବଦଳରେ ଠକ ଦମ୍ପତି ତାଙ୍କୁ ଏକ ୱାର୍କ ଅର୍ଡର୍ ଦେଇଥିଲେ। ହେଲେ ୱାର୍କ ଅର୍ଡର୍‌ଟି ନକଲି ବୋଲି ଜାଣିବା ପରେ ଅଭିଷେକ ସାଇବର ଥାନାରେ ଏତଲା ଦେଇଥିଲେ। ପୁଲିସ ତାଙ୍କ ଅଭିଯୋଗ ଆଧାରରେ ଏକ ମାମଲା ରୁଜୁ କରିଥିଲା।

ଗତକାଲି ସାଇବର୍ ପୁଲିସ ଠକ ଦମ୍ପତିଙ୍କୁ ଗୁଜୁରାଟର ସୁରଟରୁ ଗିରଫ କରିବା ସହ ସ୍ଥାନୀୟ କୋର୍ଟରେ ହାଜର କରାଇଥିଲା। ପରେ ସେମାନଙ୍କୁ ଟ୍ରାନଜିଟ୍ ରିମାଣ୍ଡରେ ଭୁବନେଶ୍ୱର ଆଣିଛି। ସେମାନଙ୍କଠାରୁ ଚେକ୍ ବୁକ୍, ଆକାଉଣ୍ଟ ନେଣଦେଣ ତଥ୍ୟ, ୬ଟି ମୋବାଇଲ, କାର୍ ଜବତ ହୋଇଛି। ଠକ ଦମ୍ପତି ନାଲକୋ ଫର୍ମାଟିଂ ଥିବା ଡକ୍ୟୁମେଣ୍ଟ ଓ ନକଲି ୱାର୍କ ଅର୍ଡର ଜାଲିଆତି କରି ବ୍ୟବସାୟୀମାନଙ୍କୁ ଠକୁଥିଲେ ବୋଲି ତଦନ୍ତ ବେଳେ ଜଣାପଡ଼ିଛି। ପୂର୍ବରୁ ସନ୍ତୋଷ ନାମରେ ରାଜ୍ୟର ବିଭିନ୍ନ ଥାନାରେ ୪ଟି ମାମଲା ରହିଥିବା ତଦନ୍ତ ବେଳେ ପୁଲିସ ଜାଣିବାକୁ ପାଇଛି।

## ବିଜେଡିର ଅଭିଯୋଗ

# ଆଦିବାସୀଙ୍କଠାରୁ ଜଙ୍ଗଲ ଜମି ଅଧିକାର ଛଡ଼ାଇ ନେଇଛନ୍ତି ସରକାର

ଭୁବନେଶ୍ୱର,୪।୧୨(ସମିସ): ଜଙ୍ଗଲ ଜମି, ଆଦିବାସୀମାନଙ୍କର ସାମ୍ବିଧାନିକ ଅଧିକାର। ସେଥିପାଇଁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ 'ମୋ ଜଙ୍ଗଲ ଜମି' ଯୋଜନା ଆରମ୍ଭ କରିଥିଲେ। କିନ୍ତୁ ଦୁର୍ଭାଗ୍ୟପୂର୍ଣ୍ଣ ଭାବେ ଓଡ଼ିଶାର ବିଜେପି ସରକାର ଏହାକୁ ବନ୍ଦ କରିଦେଲେ। ଲକ୍ଷ ଲକ୍ଷ ଭୂମିହୀନ ଆଦିବାସୀଙ୍କୁ ସେମାନଙ୍କ ମୌଳିକ ଅଧିକାରରୁ ବଞ୍ଚିତ କରିଛନ୍ତି। ଏହି ପ୍ରତାରଣା ପ୍ରତିବାଦରେ ୨୩ ଜିଲ୍ଲାର ଆଦିବାସୀମାନେ ବିଜୁ ଜନତା ଦଳ ନେତୃତ୍ୱରେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଦଳ ପକ୍ଷରୁ କୁହାଯାଇଛି।

ଗୁରୁବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ସାଂସଦ ତଥା ସାଧାରଣ ସମ୍ପାଦକ ପ୍ରଦୀପ ମାଝୀ ଓ ରାଜ୍ୟ ମିଡିଆ ସଂଯୋଜକ ଡ. ପ୍ରିୟବ୍ରତ ମାଝୀ କହିଥିଲେ ଯେ ଆବହମାନ କାଳରୁ ଆଦିବାସୀମାନେ ଜଙ୍ଗଲରେ ବସବାସ କରୁଛନ୍ତି। ଏବେ ସେମାନଙ୍କ ସଂଖ୍ୟା ୧ କୋଟିରୁ ଅଧିକ ହେବ। ଜଳ, ଜଙ୍ଗଲ, ଜମି ହେଉଛି ଆଦିବାସୀ ମାନଙ୍କ ଐତିହାସିକ ଦାବି। ସେମାନଙ୍କ ନ୍ୟାଯ୍ୟ ଦାବିକୁ ସମ୍ମାନ ଜଣାଇ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ୨୦୦୮

- ଟଙ୍କା ନାହିଁ କହି ବନ୍ଦ କରିଦେଲେ 'ମୋ ଜଙ୍ଗଲ ଜମି' ଯୋଜନା
- ରାଜ୍ୟପାଳଙ୍କ ନିର୍ଦ୍ଦେଶକୁ ବି ମାନିଲେନି
- ଆନ୍ଦୋଳନକୁ ଓହ୍ଲାଇବେ ୨୩ ଜିଲ୍ଲାର ଆଦିବାସୀ, ନେତୃତ୍ୱ ନେବ ବିଜେଡି

ମସିହାରେ ଜଙ୍ଗଲ ଅଧିକାର ଆଇନ କାର୍ଯ୍ୟକାରୀ କରିବା ସହ ଆଦିବାସୀମାନଙ୍କୁ ଜମି ପଟ୍ଟା ପ୍ରଦାନ ଆରମ୍ଭ କରିଥିଲେ। ଏହା ଏକ ଐତିହାସିକ ନିଷ୍ପତ୍ତି ଥିଲା। ସାରା ଦେଶରେ ଓଡ଼ିଶା ଏକ ମାଇଲ ଖୁଣ୍ଟ ସ୍ଥାପନ କଲା। ଏହି ଯୋଜନାକୁ ଆହୁରି ତ୍ୱରାନ୍ୱିତ କରିବା ପାଇଁ ବିଜେଡି ସରକାର ୨୦୨୩ ବିଶ୍ୱ ଆଦିବାସୀ ଦିବସରେ 'ମୋ ଜଙ୍ଗଲ ଜମି' ଯୋଜନାର ଶୁଭାରମ୍ଭ କରିଥିଲେ। ପ୍ରତି ତହସିଲ ଓ ଆଇଟିଡିଏ କାର୍ଯ୍ୟାଳୟରେ ଏଫଆର୍‌ଏ ସେଲ୍ ଖୋଲାଯାଇ କାମକୁ ତ୍ୱରାନ୍ୱିତ କରାଯାଇଥିଲା। ଏଥିପାଇଁ ସେହି ବର୍ଷ ୩୮ କୋଟି ୭୬ ଲକ୍ଷ ଟଙ୍କା



ବ୍ୟୟବରାଦ ବି କରାଯାଇଥିଲା। ଜଙ୍ଗଲ ଅଧିକାର ଆଇନ କାର୍ଯ୍ୟକାରୀ କରିବାରେ ଓଡ଼ିଶା ଦ୍ୱିତୀୟ ସ୍ଥାନ ଅଧିକାର କରିଥିଲା। ଇତିମଧ୍ୟରେ ୪ ଲକ୍ଷ ୭୩ ହଜାର ୩୬୪ଟି ବ୍ୟକ୍ତିଗତ ଓ ଗୋଷ୍ଠୀଗତ ଜଙ୍ଗଲ ଜମି ପଟ୍ଟା ଆବଣ୍ଟନ କରାଯାଇଛି। ଦୁର୍ଗମ, ଅପହଞ୍ଚ ଇଲାକାରେ ରହୁଥିବା ଜଙ୍ଗଲ ଅଧିବାସୀ ନବୀନ ବାବୁଙ୍କଠାରୁ ଜମି ପଟ୍ଟା ପାଇ ନିଜକୁ ଧନ୍ୟ ମନେ କରିଥିଲେ। କିନ୍ତୁ ଟଙ୍କା ନାହିଁ ବୋଲି କହି ବିଜେପି ସରକାର ଏହି ଯୋଜନାକୁ ଗତ ତିନି ମାସ ହେଲା ବନ୍ଦ କରି ଦେଇଛନ୍ତି। ଜମି ପଟ୍ଟା ନ ଥିବା ଆଦିବାସୀମାନେ ସବୁ ପ୍ରକାର ସରକାରୀ ସୁବିଧା ସୁଯୋଗରୁ ବଞ୍ଚିତ ହେଉଛନ୍ତି।

ଡ. ମାଝୀ କହିଥିଲେ ଯେ ଗତ ମେ' ମାସରେ ରାଜ୍ୟପାଳ ଏସ୍‌ସି/ଏସ୍‌ଟି ବିଭାଗର ସମୀକ୍ଷା କରିବା ସମୟରେ ଜଙ୍ଗଲ ଜମି ପଟ୍ଟା ଆବଣ୍ଟନକୁ ତ୍ୱରାନ୍ୱିତ କରିବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଏକ ଟାସ୍କ ଫୋର୍ସ ଗଠନ ପାଇଁ ପରାମର୍ଶ ଦେଇଥିଲେ। କେନ୍ଦ୍ର ସରକାର ମଧ୍ୟ ତାଗିଦ୍ କଲେ। କିନ୍ତୁ ଏପରି ଏକ ଆଦିବାସୀ କଲ୍ୟାଣକାରୀ ଯୋଜନାକୁ ଆଗକୁ ନେବା ପରିବର୍ତ୍ତେ ରାଜ୍ୟ ବିଜେପି ସରକାର ତାକୁ ବନ୍ଦ କରିଦେଲେ। ଏହି ଆଦିବାସୀ ମାରଣ ନୀତି ବିରୁଦ୍ଧରେ ସାରା ରାଜ୍ୟର ଆଦିବାସୀ ଏକାଠି ହେବେ ବୋଲି ଚେତାବନୀ ଦେଇଛନ୍ତି। ବିଜୁ ଜନତା ଦଳ ଆଦିବାସୀମାନଙ୍କ ଏହି ପ୍ରତିବାଦ ଆନ୍ଦୋଳନର ନେତୃତ୍ୱ ନେବ ବୋଲି ଦଳ ପକ୍ଷରୁ କୁହାଯାଇଛି।

# ବ୍ରହ୍ମପୁରରେ ଅନ୍ତର୍ଜାତୀୟ ବାଣିଜ୍ୟ ମେଳା ଆଜିଠାରୁ

ବ୍ରହ୍ମପୁର,୪।୧୨(ସମିସ): ସ୍ଥାନୀୟ ଉମା ଚରଣ ପଟ୍ଟନାୟକ ଇଞ୍ଜିନିୟରିଂ ସ୍କୁଲ ଖେଳ ପଡ଼ିଆରେ ଶୁକ୍ରବାରଠାରୁ ତୃତୀୟ ବ୍ରହ୍ମପୁର ଅନ୍ତର୍ଜାତୀୟ ବାଣିଜ୍ୟ ମେଳା ଆୟୋଜିତ ହେବ। ଡିସେମ୍ବର ୫ରୁ ୧୫ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ମେଳାରେ ଦେଶ ବିଦେଶର ବିଭିନ୍ନ ପ୍ରକାର ସାମଗ୍ରୀର ପ୍ରଦର୍ଶନୀ ସହ ବିକ୍ରିବଟା ହେବ। ଭୁବନେଶ୍ୱରର ଗୁପ୍ତା ଇଭେଣ୍ଟ ମ୍ୟାନେଜମେଣ୍ଟ ପ୍ରାଇଭେଟ୍

- ପ୍ରଦର୍ଶିତ ହେବ ୧୦ଟି ଦେଶ ଓ ୨୨ଟି ରାଜ୍ୟର ଲକ୍ଷାଧିକ ସାମଗ୍ରୀ
- ଜଳପରୀ ଶୋ' ମୁଖ୍ୟ ଆକର୍ଷଣ; ୧୧ଦିନ ଧରି ଚାଲିବ ମେଳା

ଲିମିଟେଡ୍ ପକ୍ଷରୁ ପ୍ରତିବର୍ଷ ଭଳି ଚଳିତ ବର୍ଷ ମଧ୍ୟ ମେଳାର ଆୟୋଜନ କରାଯାଉଛି। ଏନେଇ ୟୁସିପି ପଡ଼ିଆରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଆୟୋଜକଙ୍କ ପକ୍ଷରୁ ସୂଚନା ଦିଆଯାଇଛି।

ଚଳିତ ବର୍ଷ ମେଳାକୁ ସମ୍ପୂର୍ଣ୍ଣ ଶୀତତାପ ନିୟନ୍ତ୍ରିତ କରାଯାଇଛି। ଏଥିରେ ଭାରତର ୨୨ଟି ରାଜ୍ୟ ଏବଂ ୧୦ଟି ଭିନ୍ନ ଭିନ୍ନ ଦେଶରୁ ବ୍ୟବସାୟୀ ନିଜ ସାମଗ୍ରୀ ସହ ଅଂଶଗ୍ରହଣ କରିବେ। ୧ଲକ୍ଷରୁ ଉର୍ଦ୍ଧ୍ୱ କିସମର ସାମଗ୍ରୀକୁ ଗୋଟିଏ ସ୍ଥାନରେ ଦେଖିବାର ଓ ଉପଭୋଗ କରିବାର ସୁଯୋଗ ପାଇବେ ଦର୍ଶକ ଓ ଗ୍ରାହକ। ମେଳାରେ ପ୍ରଦର୍ଶିତ ହେବାକୁ ଥିବା ସାମଗ୍ରୀଗୁଡ଼ିକ ମଧ୍ୟରେ ସୋଫାସେଟ୍, ଡାଇନିଂ ସେଟ୍ ଓ ଝୁଲା ଆଦି କାଶ୍ମୀର ଫର୍ଣ୍ଣିଚର, ଆଫଗାନିସ୍ତାନର ୧୦୦ ପ୍ରକାରର




ଡ୍ରାଏଫ୍ରୁଟ୍, ଇରାନରୁ ଇରାନୀ ଖଜୁର, ଥାଇଲାଣ୍ଡର ଜୁଏଲାରୀ ଏବଂ ଫୁଟ ୱେର୍, ମହିଳାମାନଙ୍କ ପାଇଁ କୋରିଆନ୍ ଆଭୂଷଣ ଓ ଘରସଜ୍ଜା ସାମଗ୍ରୀ, ଭାରତୀୟ ହସ୍ତତନ୍ତ ଓ ହସ୍ତଶିଳ୍ପ, ପ୍ରାଚୀନ ଧାତୁ ଓ ଏଡି ପଥର ଅଳଙ୍କାର, ଇରାନୀ କାର୍ପେଟ୍, ସାରା ବିଶ୍ୱର ପ୍ରାଚୀନ ଧାତୁ ଏବଂ ପିତ୍ତଳ, ଦୁବାଇ ପୋଷାକ, ପ୍ରାଚୀନ ସାଜସଜ୍ଜା କାଚ୍ଛ ଫ୍ରେମ୍, ପଶ୍ଚିମବଙ୍ଗ ଏବଂ ଉତ୍ତରପ୍ରଦେଶର ଚମଡ଼ା ପଦାର୍ଥ, ସିଙ୍ଗାପୁର ସାମଗ୍ରୀ, ଖଦୀ, ଭାଗଲପୁର, ପଞ୍ଜାବ, ବନାରସ, ଜୟପୁର, ବାଂଲାଦେଶ ଏବଂ ସମ୍ବଲପୁରର ପୋଷାକ ସହିତ ଶାଢ଼ୀ, ଚମ୍ପାରଣ ମଟନ୍, ଇଲେକ୍ଟ୍ରୋନିକ୍ସ, ସୌନ୍ଦର୍ଯ୍ୟ ସାମଗ୍ରୀ ଓ ଉପଭୋକ୍ତା ସାମଗ୍ରୀର ହେବ ବିକ୍ରିବଟା।

ଚଳିତ ବର୍ଷ ମେଳାରେ ତଥା ବ୍ରହ୍ମପୁର ସହରରେ ପ୍ରଥମଥର ପାଇଁ ପ୍ରଦର୍ଶିତ ହେବାକୁ ଥିବା 'ଜଳପରି ଶୋ' ଦର୍ଶକଙ୍କ ମୁଖ୍ୟ ଆକର୍ଷଣ ହେବ ବୋଲି ଆୟୋଜକଙ୍କ ପକ୍ଷରୁ କୁହାଯାଇଛି। ଜଳପରୀ କାର୍ଯ୍ୟକ୍ରମ ଦେୟଯୁକ୍ତ ଥିବା ବେଳେ ଇଣ୍ଡୋନେସିଆ, ବର୍ଲି ଓ ଫିଲିପାଇନ୍ସ ଭଳି ଦେଶରୁ ଜଳପରୀ ଆସୁଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ଗୁପ୍ତା ଇଭେଣ୍ଟ ମ୍ୟାନେଜମେଣ୍ଟର ନିର୍ଦ୍ଦେଶକ ସୁଜିତ କୁମାର ଗୁପ୍ତା, ପାୟଲ ଆଚାର୍ଯ୍ୟ ଗୁପ୍ତା, ଇଭେଣ୍ଟ ସଂଯୋଜକ ବୀର ବାହାଦୂର ସିଂ ଓ ଜଳପରୀ ମ୍ୟାନେଜର ମହମ୍ମଦ ଇମରାନ ଉପସ୍ଥିତ ଥିଲେ।

# ପଣ୍ଡୁ ନୃସିଂହଙ୍କ ଚାରିଆଶ୍ରମ ବିଜେ

ପୁରୀ,୪।୧୨(ସମିସ): ମାର୍ଗଶିର ଶୁକ୍ଳ ଚତୁର୍ଦ୍ଦଶୀ ତିଥିରେ ଗୁରୁବାର ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ପ୍ରତିନିଧି ପଣ୍ଡୁନୃସିଂହ ଶ୍ରୀକ୍ଷେତ୍ରର ଚାରିଆଶ୍ରମ ବିଜେ କରିଛନ୍ତି। ଶ୍ରୀମନ୍ଦିରରେ ସକାଳ ଧୂପ ବଢ଼ିବା ପରେ ପୁଷ୍ପାଳକ ସେବକମାନେ ଚତୁର୍ଦ୍ଧା ବିଗ୍ରହଙ୍କୁ ବେଶ କରାଇଥିଲେ। ମହାପ୍ରଭୁଙ୍କ ବାଡ଼ରେ ଖଣ୍ଡେ ଆଜ୍ଞାମାଳ ଲାଗି କରାଯାଇଥିଲା। ମଧ୍ୟାହ୍ନ ଧୂପ ନୀତି ବଢ଼ିବା ପରେ ଦକ୍ଷିଣୀ ଘରେ ଭୋଗ ସରିଥିଲା। ମହାଜନ ଦକ୍ଷିଣୀ ଘରୁ ପଣ୍ଡୁ ନୃସିଂହଙ୍କୁ ରତ୍ନସିଂହାସନକୁ ବିଜେ କରାଇବା ପରେ ପୂଜାପଣ୍ଡା ସାମନ୍ତ ମହାପ୍ରଭୁଙ୍କ ଆଜ୍ଞାମାଳ ଲାଗି କରାଇଥିଲେ। ଏହାପରେ ନୃସିଂହ ଝୁଲଣ ମଣ୍ଡପ ତଳେ ଥିବା ବିମାନକୁ ବିଜେ ହୋଇଥିଲେ। ରୁନ୍ଧା ବଢ଼ିବା ପରେ ବିମାନବଡୁ ସେବକମାନେ ବିମାନକୁ ସିଂହଦ୍ୱାର ଦେଇ ଶ୍ରୀକ୍ଷେତ୍ରର ପ୍ରାଚୀନ ୪ ଆଶ୍ରମ (ଅଙ୍ଗିରା, କଣ୍ଡୁ, ମାର୍କଣ୍ଡ ଓ ଭୃଗୁ)କୁ ବିଜେ କରାଇଥିଲେ। ସେଠାରେ ଶୀତଳ ଭୋଗ, ବନ୍ଦାପନା ନୀତି ଅନୁଷ୍ଠିତ ହେବା ପରେ ନୃସିଂହ ଶ୍ରୀମନ୍ଦିରକୁ ବାହୁଡ଼ା ବିଜେ କରିଥିଲେ। ସ୍ୱୟଂ ବିଘ୍ନହର୍ତ୍ତା ଶ୍ରୀନୃସିଂହ ଆଶ୍ରମସ୍ଥ ଋଷିମାନଙ୍କର ବିଘ୍ନ ହରଣ କରିବାକୁ ଯାଇଥାନ୍ତି ବୋଲି ବିଶ୍ୱାସ ରହିଛି।

# କିଟ୍‌କୁ 'ବେଷ୍ଟ ଇମର୍ଜିଂ ୟୁନିଭର୍ସିଟି' ପୁରସ୍କାର




ଭୁବନେଶ୍ୱର, ୪।୧୨ (ସମିସ): ପୁଡୁଚେରୀରେ ଅନୁଷ୍ଠିତ ୫୫ତମ ଇଣ୍ଡିଆନ୍ ସୋସାଇଟି ଫର୍ ଟେକ୍ନିକାଲ୍ ଏଜୁକେସନ୍(ଆଇଏସ୍‌ଟିଇ) ଜାତୀୟ ଅଧ୍ୟାପକ ସମ୍ମିଳନୀରେ କିଟ୍ ବିଶ୍ୱବିଦ୍ୟାଳୟକୁ ଶ୍ରେଷ୍ଠ ଉଦୀୟମାନ ବିଶ୍ୱବିଦ୍ୟାଳୟ (ବେଷ୍ଟ ଇମର୍ଜିଂ ୟୁନିଭର୍ସିଟି') ପୁରସ୍କାର ପ୍ରଦାନ କରାଯାଇଛି। ଏହି ସମ୍ମାନ ଭାରତର ସବୁଠାରୁ କ୍ରିୟାଶୀଳ ଶିକ୍ଷାନୁଷ୍ଠାନ ମଧ୍ୟରୁ ଗୋଟିଏ ଭାବେ କିଟ୍ ବିଶ୍ୱବିଦ୍ୟାଳୟର ନିରନ୍ତର ବୃଦ୍ଧିକୁ ସୂଚାଉଛି। ଦୀର୍ଘ ବର୍ଷ ଧରି କିଟ୍ ଶୈକ୍ଷିକ ଉତ୍କର୍ଷତା, ଅନ୍ତର୍ଭୁକ୍ତୀମୂଳକ ଅଭିବୃଦ୍ଧି, ସଂପ୍ରଦାୟ ସେବା ଓ ସ୍ଥାୟୀ ବିକାଶ ପ୍ରତି ଏହାର ପ୍ରତିବଦ୍ଧତା ପାଇଁ ପ୍ରଶଂସା ଅର୍ଜନ କରି ମୂଲ୍ୟବୋଧ ଓ ସାମାଜିକ ଦୃଷ୍ଟିକୋଣକୁ ଗୁରୁତ୍ୱ ଦେଇ ଆସିଛି। ବୈଷୟିକ ଶିକ୍ଷା ଓ ପ୍ରତିଷ୍ଠାନ ବିକାଶରେ କିଟ୍‌ର ଅବଦାନକୁ ସ୍ୱୀକୃତି କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଆଇଏସଟିଇକୁ ନିଜର କୃତଜ୍ଞତା ଜଣାଇଛନ୍ତି। ଏହାସହ ଅକ୍ଳାନ୍ତ ପରିଶ୍ରମ ଓ ନିଷ୍ଠାର ସହ ଏହି ସଫଳତାକୁ ସମ୍ଭବ କରିଥିବାରୁ ଶ୍ରୀ ସାମନ୍ତ କିଟ୍‌ର ସମସ୍ତ ଅଧ୍ୟାପକ, କର୍ମଚାରୀ ଓ ଛାତ୍ରଛାତ୍ରୀଙ୍କୁ ମଧ୍ୟ ଅଭିନନ୍ଦନ ଜଣାଇଛନ୍ତି।

## ଆଜିର ରାଶିଫଳ

**ମେଷ:** ମନ ପ୍ରସନ୍ନ ରହିବ। ଦୀର୍ଘଦିନରୁ ଅଟକିଥିବା କାମ ପୂରା ହେବ। ଧାର୍ମିକ କାର୍ଯ୍ୟ ପ୍ରତି ରୁଚି ବଢ଼ିବ। ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ଉଧାର ଟଙ୍କା ଫେରିପାଇବେ।

**ବୃଷ:** ନୂତନ କାମ ଆରମ୍ଭ କରିବାକୁ ଭଲ ସମୟ। କୋର୍ଟ ସମ୍ବନ୍ଧୀୟ ମାମଲାର ସମାଧାନ ହେବ। ଭାବିଚିନ୍ତି କାମ କରନ୍ତୁ। ପରିଶ୍ରମ ଅନୁସାରେ ଫଳ ମିଳିବ ନାହିଁ। ରାଜନୀତିରେ ନୂଆ ଲୋକଙ୍କ ସହ ମିଳାମିଶା ବଢ଼ିବ।

**ମିଥୁନ:** ଯାନବାହନ କିଣିବା ଯୋଗ ଅଛି। ପରିବାରକୁ ସମୟ ଦେବେ। ପାରିବାରିକ ଜୀବନ ସୁଖମୟ ହେବ। ପିଲାଙ୍କ ବଦମାସ ସ୍ୱଭାବରେ ପିତାମାତା ବିରକ୍ତି ହୋଇପାରନ୍ତି। ଆୟ ଓ ବ୍ୟୟ ସମାନ ରହିବ।

**କର୍କଟ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ। ବନ୍ଧୁଙ୍କ ସହଯୋଗ ମିଳିପାରେ। ମହିଳାମାନେ ପିଲାଙ୍କ କ୍ୟାରିୟରକୁ ନେଇ ଚିନ୍ତିତ ରହିବେ।

**ସିଂହ:** ପାରିବାରିକ ବ୍ୟବସାୟକୁ ଆଗକୁ ନେବେ। ସମ୍ମାନ ହାନି ଯୋଗ ଅଛି। ଚାଷ କ୍ଷେତ୍ରରେ ଲାଭ ମିଳିବ। ଘରେ ପୂଜାପାଠ ଆୟୋଜନ କରିବେ। ଅବିବାହିତଙ୍କ ପାଇଁ ଉତ୍ତମ ପ୍ରସ୍ତାବ ଆସିପାରେ।

**କନ୍ୟା:** ଅଚାନକ ଖୁସି ଖବର ପାଇପାରନ୍ତି। ଧନପ୍ରାପ୍ତି ଯୋଗ ରହିଛି। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ବିଦେଶ ଯାତ୍ରା କରିପାରନ୍ତି। ବିଦ୍ୟାର୍ଥୀ ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା କରିବେ।

**ତୁଳା:** ସମାଜସେବା ପ୍ରତି ଆଗ୍ରହ ବଢ଼ିବ। ଶିକ୍ଷା କ୍ଷେତ୍ରରେ ସଫଳତା ମିଳିବ। ନୂତନ ଯାନବାହନ କିଣିପାରନ୍ତି। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ଜମି ତଥା ଯାନବାହନ କିଣିପାରନ୍ତି।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଘରେ ପୂଜାପାଠ, ଭଜନକୀର୍ତ୍ତନ ଆୟୋଜନ କରିବେ। ମନରୁ ନକାରାତ୍ମକ ଚିନ୍ତାଧାରା ଦୂର ହେବ। ଆଳସ୍ୟ ଅନୁଭବ କରିପାରନ୍ତି। ପ୍ରେମରେ ବିଫଳ ହୋଇପାରନ୍ତି।

**ଧନୁ:** ସନ୍ତାନଙ୍କ କ୍ୟାରିୟରକୁ ନେଇ ଅଭିଭାବକ ଚିନ୍ତାରେ ରହିବେ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ଗୁରୁଜନଙ୍କ ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। କୌଣସି ନୂଆ କାମ ଆରମ୍ଭ କରିପାରନ୍ତି।

**ମକର:** କର୍ମତତ୍ପର ରହିବେ। ଆଧ୍ୟାତ୍ମିକ ଦିଗରୁ ଦିନଟି ଭଲ। କର୍ମକ୍ଷେତ୍ରରେ କାମ ଚାପ ରହିବ। ଛାତ୍ରଛାତ୍ରୀମାନେ ନୂଆ ବିଷୟ ପାଇଁ ଆଗ୍ରହ ପ୍ରକାଶ କରିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟରୁ ଆଶାଜନକ ଲାଭ ମିଳିବ। କ୍ରୋଧକୁ ନିୟନ୍ତ୍ରଣରେ ରଖନ୍ତୁ। ଭବିଷ୍ୟତ ପାଇଁ ଚିନ୍ତା ବଢ଼ିବ। ନୂଆ ଯୋଜନା କରିପାରନ୍ତି। ବନ୍ଧୁଙ୍କ ସହ ଦୂରଯାତ୍ରା କରିପାରନ୍ତି। ଆଶା ପୂରଣ ହେବ।

**ମୀନ:** ଆତ୍ମବିଶ୍ୱାସ ବୃଦ୍ଧି ପାଇବ। ପଢ଼ା ପାଇଁ ଅର୍ଥ ନିବେଶ କରିବେ। ଧାର କରଜରୁ ଦୂରେଇ ରହିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ଦୀର୍ଘ ଦିନରୁ ଲାଗିରହିଥିବା ପାରିବାରିକ ସମସ୍ୟାର ସମାଧାନ ହେବ।

## ଆଜିର ଇତିହାସ

- ୧୯୪୬- ଭାରତରେ ହୋମଗାର୍ଡ ସଂଗଠନର ସ୍ଥାପନା।
- ୧୯୭୧: ଭାରତ ବାଂଲାଦେଶକୁ ଦେଶ ଭାବେ ମାନ୍ୟତା ପ୍ରଦାନ କଲା।
- ୧୯୯୯- ଯୁକ୍ତା ମୁଖୀ ବିଶ୍ୱ ସୁନ୍ଦରୀ ଟାଇଟଲ୍ ଜିତିଲେ।
- ୨୦୧୩- ଦକ୍ଷିଣ ଆଫ୍ରିକାର ପୂର୍ବତନ ରାଷ୍ଟ୍ରପତି ନେଲ୍‌ସନ ମଣ୍ଡେଲାଙ୍କ ପରଲୋକ।
- ୨୦୧୬- ତାମିଲନାଡୁର ପୂର୍ବତନ ମୁଖ୍ୟମନ୍ତ୍ରୀ ଜୟଲଳିତାଙ୍କ ନିଧନ।



## ବିଶ୍ୱ ମୃତ୍ତିକା ଦିବସ

ମାଟି ବିନା ଜୀବ ଜଗତର କଳ୍ପନା ଅସମ୍ଭବ। ମାଟି ସହ ମଣିଷ ଓତଃପ୍ରୋତ ଭାବେ ଜଡ଼ିତ। ମାଟିରୁ ଆମକୁ ୯୫ ପ୍ରତିଶତ ଖାଦ୍ୟ ମିଳେ। ମାଟି ରହିଲେ ହିଁ ଇକୋସିଷ୍ଟମରେ ସମନ୍ୱୟ ସମ୍ଭବ। ମୃତ୍ତିକା ସଂରକ୍ଷଣ ଦିଗରେ ସଚେତନତା ସୃଷ୍ଟି ପାଇଁ ଖାଦ୍ୟ ଓ ଶସ୍ୟ ସଂଗଠନ (FAO) ପକ୍ଷରୁ ପ୍ରତିବର୍ଷ ଡିସେମ୍ବର ୫ ତାରିଖକୁ ବିଶ୍ୱ ମୃତ୍ତିକା ଦିବସ ରୂପେ ପାଳନ କରାଯାଏ। ମୃତ୍ତିକାର ଜୈବିକ ଗୁଣକୁ ବଜାୟ ରଖି ଚାଷୀ କିପରି ଉନ୍ନତ ମାନର ଚାଷ କାର୍ଯ୍ୟ କରିପାରିବ ଏହାହିଁ ଏହି ଦିବସ ପାଳନର ମୁଖ୍ୟ ଲକ୍ଷ୍ୟ ଓ ଉଦ୍ଦେଶ୍ୟ। ଜଳ ବିନା ମଣିଷ ଜୀବନର କଳ୍ପନା ଅସମ୍ଭବ ସେହିପରି ମାଟି ବା ମୃତ୍ତିକା ବିନା ମଧ୍ୟ ଜୀବନର କଳ୍ପନା କରାଯାଇ ପାରିବ ନାହିଁ। ଆଜିର ଦିନରେ କିଭଳି ମୃତ୍ତିକା ପ୍ରଦୂଷଣକୁ ରୋକାଯାଇ ପାରିବ ଏହି ବିଷୟରେ ଲୋକଙ୍କୁ ସଚେତନ କରାଇବା ପାଇଁ ବିଶ୍ୱ ମୃତ୍ତିକା ଦିବସ ପାଳନ କରାଯାଉଛି। ଭାରତ ଏକ କୃଷି ପ୍ରଧାନ ଦେଶ। ସେଥିପାଇଁ ମୃତ୍ତିକାର ସୁରକ୍ଷା ନିହାତି ଜରୁରି। ବର୍ତ୍ତମାନ ସମୟରେ ଚାଷୀମାନେ ଅଧିକ ଚାଷ ପାଇଁ ଆଧୁନିକ ଶୈଳୀକୁ ଆପଣାଇଥାନ୍ତି। ଏଥିପାଇଁ ସେମାନେ କୃଷି କାର୍ଯ୍ୟରେ ଅତ୍ୟଧିକ ରାସାୟନିକ ସାର ଏବଂ କୀଟନାଶକ ଆଦି ବ୍ୟବହାର କରୁଛନ୍ତି। ଏହାଦ୍ୱାରା ମାଟିର ଉର୍ବରତା ହ୍ରାସ ପାଉଛି। ଏହାର ପ୍ରଭାବ ସମସ୍ତ ମାନବଜାତି ଏବଂ ପଶୁପକ୍ଷୀଙ୍କ ଉପରେ ପଡୁଛି। ଏହାକୁ ରୋକିବା ଉଦ୍ଦେଶ୍ୟରେ ଏହି ଦିନକୁ ପାଳନ କରାଯାଏ। ୨୦୧୩ ମସିହା ୨୦ ଡିସେମ୍ବରରେ ସଂଯୁକ୍ତ ରାଷ୍ଟ୍ରର ଖାଦ୍ୟ ଓ କୃଷି ସଂଗଠନ ୫ ଡିସେମ୍ବରକୁ 'ବିଶ୍ୱ ମୃତ୍ତିକା ଦିବସ' ରୂପେ ପାଳନ କରିବାପାଇଁ ନିଷ୍ପତ୍ତି ନେଇଥିଲେ। ଏହି ସଂଗଠନର ପ୍ରସ୍ତାବକ୍ରମେ ୨୦୧୩ରେ ଜାତିସଂଘର ସାଧାରଣ ପରିଷଦ ଏହାକୁ ଆନୁଷ୍ଠାନିକ ସ୍ୱୀକୃତି ପ୍ରଦାନ କରିଥିଲା ଏବଂ ୨୦୧୪ ଡିସେମ୍ବର ୫ରେ ପ୍ରଥମ ମୃତ୍ତିକା ଦିବସ ପାଳନ କରାଯାଇଥିଲା। ପ୍ରାକୃତିକ ପ୍ରକ୍ରିୟାରେ ଶୀଳାର ଅବକ୍ଷୟ ହୋଇ କାଳକ୍ରମେ ଏହା ମାଟିରେ ପରିଣତ ହୋଇଥାଏ। ମାତ୍ର ଏକ ଇଞ୍ଚ ମାଟି ସୃଷ୍ଟି କରିବା ପାଇଁ ୧୦୦୦ ବର୍ଷରୁ ଅଧିକ ବର୍ଷ ସମୟ ଲାଗିଥାଏ। ଭୂପୃଷ୍ଠ ଉପରେ ନରମ ହାଲୁକା ଆସ୍ତରଣକୁ ମୃତ୍ତିକା କୁହାଯାଏ। ଜୀବନ ପାଇଁ ମାଟିର ଅବଦାନ ବହୁ ଗୁରୁତ୍ୱପୂର୍ଣ୍ଣ। ଏଥିପାଇଁ ମାଟିକୁ ମା' ସହ ତୁଳନା କରାଯାଏ। ମନୁଷ୍ୟର ମୌଳିକ ଆବଶ୍ୟକତା ଯେପରିକି ଖାଦ୍ୟ, ବସ୍ତ୍ର, ବାସଗୃହ ଆଦିର ପ୍ରଧାନ ଉତ୍ସ ଭାବେ ମୃତ୍ତିକାକୁ ଧରାଯାଏ। ତେଣୁ ମୃତ୍ତିକାର ସଂରକ୍ଷଣ ନିହାତି ଆବଶ୍ୟକ। ନଚେତ ଜୀବ ଜଗତର ଭବିଷ୍ୟତ ଅନ୍ଧକାରମୟ ହୋଇଯିବ ଏଥିରେ ସନ୍ଦେହ ନାହିଁ।

## ଫାଇଟର୍ ପାଇଲଟ୍ ଭୂମିକାର ରଣବୀର-ଭିକି

ଚଳିତବର୍ଷ ସବୁଠୁ ଚର୍ଚ୍ଚିତ ଫିଲ୍ମ ମଧ୍ୟରେ ସଞ୍ଜୟ ଲୀଲା ଭଁସାଲିଙ୍କ 'ଲଭ୍ ଆଣ୍ଡ ୱାର୍' ରହିଛି। ଫିଲ୍ମଟି ସାମାଜିକ ଗଣମାଧ୍ୟମରେ ମଧ୍ୟ ବେଶ୍ ଚର୍ଚ୍ଚାରେ ରହିଛି। ଇତିମଧ୍ୟରେ ସୁଟିଂ ସେଟ୍‌ରୁ ରଣବୀର କପୁର ଓ ଭିକି କୌଶଲଙ୍କର ଏକ ଭିଡିଓ ଭାଇରାଲ ହୋଇଛି। ଭାଇରାଲ ହୋଇଥିବା ଭିଡିଓରେ ରଣବୀର ଓ ଭିକି ଏୟାରଫୋର୍ସ ୟୁନିଫର୍ମରେ ନଜର ଆସିଛନ୍ତି। ସେମାନଙ୍କ ପଛପଟରେ MiG-21 ଫାଇଟର ଜେଟ୍ ରହିଛି। ତେବେ ରଣବୀର ଓ ଭିକିଙ୍କ ଲୁକ୍ ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଛି। ଏଥିରୁ ରଣବୀର ଓ ଭିକି ଫିଲ୍ମରେ ପାଇଲଟ୍ ଭୂମିକାରେ ଅଭିନୟ କରିବେ ବୋଲି ଏକପ୍ରକାର ସ୍ପଷ୍ଟ ହୋଇଛି। ସଞ୍ଜୟ ଏହି ଫିଲ୍ମର ସୁଟିଂ ଆସନ୍ତା ମାର୍ଚ୍ଚ ସୁଦ୍ଧା ସାରିବାକୁ ଚାହୁଁଛନ୍ତି। ସେ ସ୍ୱାଧୀନତା ଦିବସ ଅବସରରେ ଏହି ଫିଲ୍ମଟିକୁ ରିଲିଜ୍ କରିବାକୁ ଯୋଜନା କରିଛନ୍ତି। ଏଥିରେ ରଣବୀର ଓ ଭିକିଙ୍କ ସହ ଆଲିଆ ଭଟ୍ଟ ଲିଡ୍ ରୋଲରେ ନଜର ଆସିବେ। ୨୦୦ କୋଟିର ବଜେଟ୍‌ର ନିର୍ମିତ ଏହି ଫିଲ୍ମ ଯୁଦ୍ଧ ପୃଷ୍ଠଭୂମିରେ ଗଢ଼ି ଉଠିଥିବା ଏକ ତ୍ରିକୋଣୀୟ ପ୍ରେମ କାହାଣୀ ଉପରେ ଆଧାରିତ।



### ଅଜବ ପରମ୍ପରା

## ବିବାହ ଦିନ ଲଣ୍ଡା ହୁଏ କନିଆ



ବିବାହକୁ ନେଇ ପ୍ରତ୍ୟେକ ସମାଜରେ ଭିନ୍ନ ଭିନ୍ନ ରୀତିନୀତି ରହିଛି। ଏହି କ୍ରମରେ ଚୀନ୍‌ର ଲାହୁ ଜନଜାତିରେ ବିବାହ ଦିନ କନିଆ ଲଣ୍ଡା ହେବା ପରମ୍ପରା ରହିଛି। ଏହି ରୀତିନୀତି କେବଳ ଏକ ପରମ୍ପରା ନୁହେଁ, ବରଂ ଏହା ସେମାନଙ୍କ ପରିଚୟ, ସମର୍ପଣ ଏବଂ ଜୀବନ-ମୃତ୍ୟୁ ସହ ଗଭୀର ଦର୍ଶନ ସହିତ୍ ଜଡ଼ିତ ବୋଲି ଏହି ଜନଜାତିର ଲୋକେ କୁହନ୍ତି। ଚୀନ୍‌ର ଦକ୍ଷିଣ-ପଶ୍ଚିମ ପ୍ରାନ୍ତରେ ଏହି ଜନଜାତି ବସବାସ କରନ୍ତି। ଏମାନଙ୍କ ଜନସଂଖ୍ୟା ୫ ଲକ୍ଷ ହେବ। ସ୍ଥାନୀୟ ଭାଷାରେ ଲାହୁ ଶବ୍ଦର ଅର୍ଥ ହେଉଛି ବାଘ। ଏହି ଜନଜାତିରେ ବିବାହ ଦିନ କନିଆ ଲଣ୍ଡା ହୋଇଥାଏ। ଏଠାରେ ପ୍ରଚଳିତ ଲୋକବିଶ୍ୱାସ ଅନୁସାରେ, ଏହା ପୁରୁଣା ଜୀବନକୁ ବିଦାୟ ଦେଇ ଏକ ନୂଆ ଜୀବନର ଆରମ୍ଭକୁ ସୂଚାଇଥାଏ। କନିଆ ଲଣ୍ଡା ହେବା ଦ୍ୱାରା ଜୀବନସାଥୀ ପ୍ରତି ସେ ପୂର୍ଣ୍ଣଭାବେ ସମର୍ପିତ ବୋଲି ଏହା ସୂଚାଇଥାଏ। ଏହାକୁ ପବିତ୍ରତାର ପ୍ରତୀକ ଭାବେ ମଧ୍ୟ ଦେଖାଯାଏ। ତେବେ ଆଗରୁ ଲାହୁ ସମ୍ପ୍ରଦାୟରେ ଉଭୟ ପୁରୁଷ ଏବଂ ମହିଳା ଉଭୟଙ୍କୁ ବିବାହ ପୂର୍ବରୁ ଲଣ୍ଡା କରାଯାଉଥିଲା। ଏହା ସେମାନଙ୍କ ପରିଚୟର ପ୍ରତୀକ ଥିଲା। ଏଭଳି କରି ସେମାନେ ସେମାନଙ୍କ ସଂସ୍କୃତି ପରମ୍ପରାକୁ ନେଇ ଗର୍ବ ଅନୁଭବ କରୁଥିଲେ। ଜନ୍ମ ଏବଂ ମୃତ୍ୟୁ ପରସ୍ପର ପରିପୂରକ। ଜୀବନର ଶେଷ ସମୟ ଜନ୍ମ ଭଳି ପବିତ୍ର ବୋଲି ଏହି ଜନଜାତିର ଲୋକେ ଭାବନ୍ତି। ସେଥିପାଇଁ ଏହି ଜନଜାତିରେ କାହାର ମୃତ୍ୟୁ ହେଲେ, ଅନ୍ତିମ ସଂସ୍କାରରେ ଦମ୍ପତିଙ୍କୁ ଏକାଠି ଆସିବା ବାଧ୍ୟତାମୂଳକ। ବିଶ୍ୱାସ ରହିଛି ଯେ, ଯଦି ଜଣେ ସାଥି ବିନା ଅନ୍ତିମ ସଂସ୍କାରରେ ଯୋଗ ଦେଉଛନ୍ତି ତେବେ ସେ ନକାରାତ୍ମକ ଶକ୍ତି ଦ୍ୱାରା ପ୍ରଭାବିତ ହୋଇପାରନ୍ତି। ଦମ୍ପତି ଏକାଠି ସାଥି ହୋଇ ଏହି କାର୍ଯ୍ୟକ୍ରମରେ ଯୋଗଦେବା ଦ୍ୱାରା ଏହା ସନ୍ତୁଳନ ଏବଂ ସୁରକ୍ଷାର ପ୍ରତୀକ ହୋଇଥାଏ। ୧୯୫୦ ମସିହା ପରେ ଲାହୁ ସମ୍ପ୍ରଦାୟର ଲୋକେ ସେମାନଙ୍କ ନିୟମରେ କିଛି ପରିବର୍ତ୍ତନ ଆଣିଥିଲେ। ଏବେ ଯଦିଓ ଅବିବାହିତ ମହିଳାଙ୍କୁ କେଶ ବଢ଼ାଇବାକୁ ଅନୁମତି ରହିଛି, କିନ୍ତୁ ବିବାହ ଦିନ ଲଣ୍ଡା ହେବା ପରମ୍ପରା ଆଜି ବି ବଜାୟ ରହିଛି। ଏହି ପ୍ରଥା କେବଳ ଧାର୍ମିକ ନୁହେଁ, ବରଂ ସଂସ୍କୃତି, ସମ୍ମାନ ଏବଂ ପରିଚୟର ପ୍ରତୀକ ବୋଲି ଏଠାକାର ଲୋକେ ବିଶ୍ୱାସ କରନ୍ତି।





## କର୍କଟର ନୂତନ ଚିକିତ୍ସା ଟାର୍ଗେଟେଡ୍ ଥେରାପି

**ଆମ ଶରୀରର ପ୍ରତ୍ୟେକ ଜୀବକୋଷ ଏକ ନିର୍ଦ୍ଦିଷ୍ଟ ସମୟରେ ବଢ଼େ। ନଷ୍ଟ ହୋଇଥାଏ। ମାତ୍ର ଶରୀର କୋଷ ଗୁଡ଼ିକର ଅନିୟନ୍ତ୍ରିତ ଅଭିବୃଦ୍ଧିକୁ କର୍କଟ କୁହାଯାଏ। ଦେଶରେ ଗତ କିଛି ବର୍ଷ ମଧ୍ୟରେ ଉଭୟ ପୁରୁଷ ଓ ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ କର୍କଟ ଦେଖାଯାଉଛି। କର୍କଟ କୋଷକୁ ନଷ୍ଟ କରିବାକୁ କେମୋ ଥେରାପି, ରେଡିଓ ଥେରାପି, ବ୍ରାକି ଥେରାପି ଆଦି ଦିଆଯାଇଥାଏ। ଏହି କ୍ରମରେ କର୍କଟ ପାଇଁ ଟାର୍ଗେଟେଡ୍ ଥେରାପି ମଧ୍ୟ ବେଶ ପ୍ରଭାବୀ।**



ଟାର୍ଗେଟେଡ୍ ଥେରାପି ଏକ ଉନ୍ନତ ଚିକିତ୍ସା ପଦ୍ଧତି। କେମୋଥେରାପିଠାରୁ ଏହା ପୂରା ଭିନ୍ନ। ଏହି ଥେରାପି କର୍କଟ କୋଷରେ ବିଶିଷ୍ଟ ଆନୁବଂଶିକ ତଥା ମ୍ୟୁଟେସନ୍ ପରିବର୍ତ୍ତନକୁ ଲକ୍ଷ୍ୟ କରିଥାଏ। ଏହା ସୁସ୍ଥ କୋଷକୁ ବିଶେଷ କ୍ଷତି ପହଞ୍ଚାଏ ନାହିଁ। କେବଳ କର୍କଟ କୋଷରେ ଥିବା ସ୍ୱତନ୍ତ୍ର ପ୍ରୋଟିନ୍ ବା ଅଣୁକୁ ନଷ୍ଟ କରିବାରେ ଏହା ସାହାଯ୍ୟ କରିଥାଏ। ଟାର୍ଗେଟେଡ୍ ଥେରାପିରେ ସ୍ୱତନ୍ତ୍ର ପ୍ରକାର ଔଷଧ ବ୍ୟବହାର କରାଯାଏ। ଯାହା ଫଳରେ କର୍କଟ ବୃଦ୍ଧି କରୁଥିବା କୋଷର ବିକାଶ ଧୀମା ହୋଇଥାଏ। ଜାତୀୟ କର୍କଟ ସଂସ୍ଥାର ରିପୋର୍ଟ ଅନୁସାରେ, ଟାର୍ଗେଟେଡ୍ ଥେରାପି ଯୋଗୁଁ ୨୦ରୁ ୨୪% ରୋଗୀଙ୍କ ବୟସ ୫ବର୍ଷ ଯାଏଁ ବୃଦ୍ଧି ହୋଇପାରେ। ଟାର୍ଗେଟେଡ୍ ଥେରାପି ଟ୍ୟୁମରକୁ ରକ୍ତ ଯୋଗାଣରେ ହସ୍ତକ୍ଷେପ କରି ବୃଦ୍ଧି ହେବାକୁ ଦିଏନି। ଶରୀରକୁ ନିଜସ୍ୱ ପ୍ରତିରକ୍ଷା ପ୍ରଣାଳୀକୁ କର୍କଟ ସହିତ ଲଢ଼େଇ କରିବାରେ ସାହାଯ୍ୟ କରେ।

ବିଶେଷ କରି ଗମ୍ଭୀର କର୍କଟ ରୋଗରେ ଏହି ଥେରାପି ଦିଆଯାଇଥାଏ। ପାରମ୍ପରିକ ଥେରାପି ତୁଳନାରେ ଏଥିରେ କମ୍ ପାର୍ଶ୍ୱପ୍ରତିକ୍ରିୟା ହୋଇଥାଏ। ଟାର୍ଗେଟେଡ୍ ଥେରାପି ନେବା ଦ୍ୱାରା ରୋଗୀ ବହୁତ ଶୀଘ୍ର ଆରୋଗ୍ୟ ଲାଭ କରନ୍ତି। ସ୍ୱାସ୍ଥ୍ୟ ବିଶେଷଜ୍ଞଙ୍କ ମତରେ କେମୋ ଥେରାପି ସହିତ ଟାର୍ଗେଟେଡ୍ ଥେରାପି ମଧ୍ୟ ନିଆଯାଇ ପାରିବ।



## କୋଲେଷ୍ଟ୍ରଲକୁ ନିୟନ୍ତ୍ରିତ ରଖେ ହଳଦିଆ ଡ୍ରାଗନ୍‌ଫ୍ରୁଟ୍

**ଡ୍ରାଗନଫ୍ରୁଟ୍ ଭିଟାମିନ୍ ବି୬, ବି୯, ଇ, କେ, ଫାଇବର ଏବଂ ଆଣ୍ଟି ଅକ୍ସିଡାଣ୍ଟରେ ଭରପୂର। ସ୍ୱାସ୍ଥ୍ୟ ପାଇଁ ଏହା ବହୁତ ଉପକାରୀ। ଲାଲ୍ ଡ୍ରାଗନଫ୍ରୁଟ୍ ପରି ହଳଦିଆ ଡ୍ରାଗନଫ୍ରୁଟ କୋଲେଷ୍ଟ୍ରଲ ନିୟନ୍ତ୍ରଣ କରିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଏ।**

- ହଳଦିଆ ଡ୍ରାଗନଫ୍ରୁଟ୍‌ରେ ଥିବା ଫାଇବର କ୍ଷତିକାରକ କୋଲେଷ୍ଟ୍ରଲ (ଏଲ୍‌ଡିଏଲ୍)କୁ କମ୍ କରେ। ଭଲ କୋଲେଷ୍ଟ୍ରଲ (ଏଚ୍‌ଡିଏଲ୍) ସ୍ତର ନିୟନ୍ତ୍ରଣରେ ରଖିପାରେ। ଏଥିରେ ଥିବା ଆଣ୍ଟି ଅକ୍ସିଡାଣ୍ଟ ହୃଦୟକୁ ସୁସ୍ଥ ରଖିବା ସହ ରକ୍ତସଫା କରିପାରେ। ଏପରିକି ହୃଦ୍‌ଘାତ ଏବଂ ଷ୍ଟ୍ରୋକ୍ ଆଶଙ୍କାକୁ କମ୍ କରେ।
- ଏଥିରେ କମ୍ କ୍ୟାଲୋରୀ ଏବଂ ଫାଇବର ଥିବାରୁ ଏହା ଓଜନ ନିୟନ୍ତ୍ରଣରେ ସାହାଯ୍ୟ କରେ। ପାଚନତନ୍ତ୍ରକୁ ସୁସ୍ଥ ରଖିବାରେ ସାହାଯ୍ୟ କରେ। କୋଷ୍ଠକାଠିନ୍ୟ ଦୂର କରେ।
- ଏହି ଫଳରେ ଥିବା ଭିଟାମିନ୍ ସି ଶରୀରର ରୋଗପ୍ରତିରୋଧକ କ୍ଷମତାକୁ ମଜଭୁତ କରେ। ସଂକ୍ରମଣରୁ ସୁରକ୍ଷା ପ୍ରଦାନ କରିଥାଏ। ଜଳୀୟଅଂଶ ପୂରା କରିବାରେ ବେଶ୍ ସହାୟକ ହୋଇଥାଏ।

## ମାଢ଼ି ରୋଗକୁ ଅଣଦେଖା କଲେ ବିପଦ



**ମୁଖ ଗହ୍ୱରର ସ୍ୱଚ୍ଛତା ଦାନ୍ତ, ମାଢ଼ି ତଥା ଶରୀରକୁ ସୁସ୍ଥ ରଖିପାରେ। ସୁସ୍ଥ ମାଢ଼ି ଶକ୍ତ ଦାନ୍ତର ଭିତ୍ତିଭୂମି। ଏବେ କିନ୍ତୁ ମାଢ଼ି ରୋଗ ସାଧାରଣ ରୋଗ ଭାବେ ଉଭା ହୋଇଛି। ଲକ୍ଷଣବିହୀନ ଅବସ୍ଥା ଯାହା ଦନ୍ତ କ୍ଷୟ, ମଧୁମେହ, ହୃଦ୍‌ରୋଗ ଏବଂ ଗର୍ଭଧାରଣରେ ଜଟିଳତା ଭଳି ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି କରିପାରେ। ତେଣୁ ମାଢ଼ି ରୋଗ ସହ ଜଡ଼ିତ କାରଣ ଏବଂ ବିପଦକୁ ବୁଝିବା ଗୁରୁତ୍ୱପୂର୍ଣ୍ଣ। ପ୍ରାରମ୍ଭିକ ଚିହ୍ନଟ ଜଟିଳତାର ଆଶଙ୍କାକୁ ହ୍ରାସ କରିଥାଏ।**

**କାରଣ ଏବଂ ବିପଦ କାରକ:** ପ୍ଲାକ୍ ଜମିବା ମାଢ଼ି ରୋଗର ମୁଖ୍ୟ କାରଣ। ଏହାର ଚିକିତ୍ସା ନ କରାଗଲେ, ଏହା ଟାର୍ଟାରରେ ପରିଣତ ହୁଏ। ମାଢ଼ିରେ ସମସ୍ୟା ସୃଷ୍ଟି କରି ଜିଞ୍ଜିଭାଇଟିସ୍ ଏବଂ ଶେଷରେ ପିରିଓଡ଼ଂଟାଇଟିସ୍ ସୃଷ୍ଟି କରେ। ମାଢ଼ି ରୋଗ ବିପଦ କାରକ ମଧ୍ୟରେ ଧୂମପାନ, ମଧୁମେହ, ଏବଂ ଖରାପ ମୁଖ ସ୍ୱଚ୍ଛତା ରହିଛି। ଜିଞ୍ଜିଭାଇଟିସ୍ ମାଢ଼ି ରୋଗର ପ୍ରାରମ୍ଭିକ ଅବସ୍ଥା ଯାହା ପ୍ରଦାହ, ରକ୍ତସ୍ରାବ ଏବଂ ଫୁଲିଯାଇଥିବା ମାଢ଼ିରୁ ଜଣାପଡ଼ିଥାଏ। ଏହା ମାଢ଼ି ରୋଗର ଗମ୍ଭୀର ରୂପ ନେଇ ଦନ୍ତକ୍ଷୟ, ସଂକ୍ରମଣ, ଦନ୍ତ ହାଡ଼ କ୍ଷୟ ସମସ୍ୟା ସୃଷ୍ଟି କରିପାରେ। ମଧୁମେହ ମଧ୍ୟ ମାଢ଼ି ରୋଗର ଆଶଙ୍କା ବଢ଼ାଏ। ସେହିରି ବଂଶାନୁକ୍ରମିକ ପ୍ରବୃତ୍ତି କେତେକ ବ୍ୟକ୍ତିଙ୍କ ମଧ୍ୟରେ ଏହାର କାରଣ ହୁଏ।

**ଆୟୁର୍ବେଦିକ ଉପଚାର:** ଲବଙ୍ଗ ଏବଂ ନିମ ଭଳି ଉପାଦାନରେ ଜୀବାଣୁ ବିରୋଧୀ ଏବଂ ପ୍ରଦାହ ବିରୋଧୀ ଗୁଣ ଅଛି। ଏହା ମାଢ଼ି ରୋଗରୁ ସୁରକ୍ଷା ଦିଏ। ଲବଙ୍ଗର ଯନ୍ତ୍ରଣା ନିବାରକ ଗୁଣ ପ୍ରଦାହକୁ ଶାନ୍ତ କରେ। ନିମ ଜୀବାଣୁ ବୃଦ୍ଧିକୁ ରୋକିପାରେ। ଲବଙ୍ଗ ଓ ନିମରୁ ପ୍ରସ୍ତୁତ ଆୟୁର୍ବେଦିକ ପେଷ୍ଟ ମାଢ଼ିକୁ ସୁସ୍ଥ ରଖେ।

**ପ୍ରତିରୋଧ ପାଇଁ ଉପାୟ:** ପରୀକ୍ଷିତ ଆୟୁର୍ବେଦ ପେଷ୍ଟରେ ପ୍ରତିଦିନ ବ୍ରସ୍ କରିବା ଏବଂ ପ୍ଲାକ୍ ଦୂର ପାଇଁ ଫ୍ଲସିଂ କରିବା ଜରୁରି। ମାଢ଼ିର ଧାର ସଫା କରିବା ସହ ସଠିକ୍ ବ୍ରସିଂ କୌଶଳ ଆବଶ୍ୟକ। ଯେଉଁଠି ଟୁଥବ୍ରସ୍ ପହଞ୍ଚି ପାରେନି, ସେଠାରେ ଫ୍ଲସିଂ ଦାନ୍ତ ମଧ୍ୟରୁ ପ୍ଲାକ୍ ଦୂର କରେ। ନିୟମିତ ଦନ୍ତ ଚେକଅପ୍ ଜରୁରି। ଏହା ଟାର୍ଟାର ଜମାକୁ ଦୂର କରିବା ସହ ଦନ୍ତଚିକିତ୍ସକଙ୍କୁ ମାଢ଼ି ସ୍ୱାସ୍ଥ୍ୟ ମୂଲ୍ୟାଙ୍କନ କରିବାରେ ସାହାଯ୍ୟ କରେ। ମାଢ଼ିର ସୁସ୍ଥତା ପାଇଁ ସନ୍ତୁଳିତ ଖାଦ୍ୟ ବଜାୟ ରଖିବା ଗୁରୁତ୍ୱପୂର୍ଣ୍ଣ। ଫଳ ଏବଂ ଶାଗ ଖାଦ୍ୟ ମାଢ଼ି ତନ୍ତୁ ପାଇଁ ଜରୁରି ପୋଷକ ଯୋଗାଏ। ମାଢ଼ି ସଂକ୍ରମଣ ରୋକିବାକୁ ହର୍ବାଲ୍ ମାଉଥୱାସ୍ ବ୍ୟବହାର କରିପାରିବେ। ଧୂମପାନ ଏବଂ ମଦ୍ୟପାନ ଛାଡ଼ିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ।

ଡାକ୍ତର ସୋନିଆ ଦତା
ଦନ୍ତ ବିଶେଷଜ୍ଞ

## ସୂର୍ଯ୍ୟକିରଣ ଅଭାବ ପୂରା କରିବ ଭିଟାମିନ୍-ଡି' ଡ୍ରପ୍

**ଶୀତଋତୁରେ ଥଣ୍ଡାରୁ ସୁରକ୍ଷା ପାଇବାକୁ ଲୋକେ ଶୀତ ପୋଷାକ ବ୍ୟବହାର କରନ୍ତି। କୋଠରିରେ ଘଣ୍ଟା ଘଣ୍ଟା ରୁହନ୍ତି। ଏହା ଦ୍ୱାରା ପ୍ରାକୃତିକ ସୂର୍ଯ୍ୟକିରଣ ସଂସ୍ପର୍ଶରେ ଆସି ପାରନ୍ତିନି। ଫଳରେ ଶରୀରରେ ଭିଟାମିନ୍ -ଡି'ର ଅଭାବ ହୁଏ। ଭିଟାମିନ୍-ଡି' ଅଭାବ ପୂରଣ କରିବାକୁ ଡି୩ ସପ୍ଲିମେଣ୍ଟ ସେବନର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି।**

ଭିଟାମିନ୍ -ଡି' ଅସ୍ଥିକୁ ଶକ୍ତ କରିବା ସହ ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି କରେ। ପ୍ରାକୃତିକ ସୂର୍ଯ୍ୟକିରଣ ସଂସ୍ପର୍ଶରେ ଆମ ଚର୍ମ ଆସିଲେ, ନିର୍ଦ୍ଦିଷ୍ଟ କୋଷଗୁଡିକ ଭିଟାମିନ୍-ଡି' କଣିକା ତିଆରି କରିଥାନ୍ତି। ହେଲେ ଆଧୁନିକ ଜୀବନଶୈଳୀ ତଥା ଶୀତଋତୁରେ ବନ୍ଦ କୋଠରିରେ ଏ.ସିରେ ରହିବା, ଭିଟାମିନଯୁକ୍ତ ଖାଦ୍ୟ ନ ଖାଇବା, ସୂର୍ଯ୍ୟକିରଣ ସଂସ୍ପର୍ଶରେ ନ ଆସିବା ଆଦି କାରଣରୁ ଥକ୍କାପଣ, ଅଳସୁଆ, ସମସ୍ୟା ଦେଖାଦିଏ। ତେଣୁ ଖାଦ୍ୟପେୟରେ ଭିଟାମିନ୍-ଡି'ଯୁକ୍ତ ଖାଦ୍ୟ ଯଥା ସାଲମନ୍, ଟୁନା, ଅଣ୍ଡାର ଧଳା ଅଂଶ, ପ୍ରାମାଣିକ ଦୁଗ୍ଧ ଆଦି ସାମିଲ କରି ପାରିବେ। ୨୦ରୁ ୩୦ ମିନିଟ୍ କଅଁଳିଆ ଖରାରେ ସମୟ ବିତାଇବା ଆବଶ୍ୟକ।

**ନାନୋଡ୍ରପ୍ ସପ୍ଲିମେଣ୍ଟ:** ଭିଟାମିନ୍-ଡି' ମାତ୍ରାଧିକ ଅଭାବ ଥିଲେ ଡି୩ (କୋଲେକାଲ୍‌ସିଫେରଲ) ସପ୍ଲିମେଣ୍ଟ ସାହାଯ୍ୟ ନେଇ ପାରିବେ।



ନାନୋଡ୍ରପ୍ ରୂପେ ଆସୁଥିବା ସପ୍ଲିମେଣ୍ଟ ପ୍ରଭାବୀ। ଏହା ଶର୍କରାମୁକ୍ତ। ମଧୁମେହରେ ପୀଡ଼ିତ ଏହାକୁ ଖାଇପାରିବେ। ଏହାକୁ ସଠିକ ମାତ୍ରାରେ ବ୍ୟବହାର କଲେ ଅସ୍ଥି ଶକ୍ତ ସହ ରୋଗପ୍ରତିରୋଧକ ଶକ୍ତି ବୃଦ୍ଧିପାଏ।

## ୪ ଦିନ ପରେ ବାରବାଟୀ ଟି-୨୦ ମୁକାବିଲା

# ଆଜିଠାରୁ କାଉଣ୍ଟରରେ ଟିକଟ ବିକ୍ରି

**ସକାଳ ୯ଟାରେ ଖୋଲିବ 'ବକ୍ସ ଅଫିସ୍'**

**ମାତ୍ର ୧୦,୦୦୦ ଟିକଟ ବିକ୍ରୟ ହେବ**

**ଚାହିଦାରେ ଗ୍ୟାଲେରୀ ନଂ-୧ ଓ ୩ ଟିକଟ୍**

**ଅଗ୍ନିନିରାପତ୍ତାକୁ ଗୁରୁତ୍ୱ; ଫାୟାର ବଲ୍ ମଗାଇଲା ଓସିଏ**




କଟକ,୪।୧୨(ସମିସ):

ଶୁକ୍ରବାର ଅଫଲାଇନ୍‌ରେ ଟିକଟ ବିକ୍ରି ହେବ। ମୋଟ୍ ୧୦ହଜାର ଟିକଟ କାଉଣ୍ଟରକୁ ଆସିବ। ସକାଳ ୯ଟାରେ ବକ୍ସ ଅଫିସ ଖୋଲିବାକୁ ସମୟଧାର୍ଯ୍ୟ ହୋଇଥିବା ବେଳେ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ଟିକଟ ବିକ୍ରି ଜାରି ରହିବ। ପ୍ରାୟତଃ ଗୋଟିଏ ଦିନରେ କାଉଣ୍ଟର ଟିକଟ ଶେଷ ହୋଇଯାଏ। ନିର୍ଦ୍ଧାରିତ ସଂଖ୍ୟକ ଟିକଟ ବିକ୍ରି ନହୋଇ ପାରିଲେ ଶନିବାର ମଧ୍ୟ ବକ୍ସ ଅଫିସ ଖୋଲାଯିବ। ତେବେ ଗୁରୁବାର ସନ୍ଧ୍ୟାରୁ ଷ୍ଟାଡିୟମ ନିକଟରେ କ୍ରିକେଟପ୍ରେମୀଙ୍କ ଭିଡ ଲାଗିଥିବା ବେଳେ ପୁଲିସ ସେମାନଙ୍କୁ ଘଉଡାଉଥିବା ଦେଖିବାକୁ ମିଳିଛି। ରାଜ୍ୟର କୋଣଅନୁକୋଣରୁ ଟିକଟ ଆଶାୟୀ ଏବେ ବାରବାଟୀ ନିକଟରେ ଡେରା ଜମାଇଛନ୍ତି।

ବାରବାଟୀରେ ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଟି-୨୦ ମୁକାବିଲାକୁ ଆଉ ୪ ଦିନ ବାକି। ଚଳିତଥର ଅନଲାଇନ୍‌ରେ ମାତ୍ର ୨ହଜାର ଟିକଟ ବିକ୍ରି ହୋଇଛି। ଏଣୁ ବକ୍ସ ଅଫିସରୁ ଟିକଟ ପାଇବାକୁ ନେଇ ଉତ୍କଣ୍ଠା ବଢ଼ିଛି। ଚଳିତଥର ବ୍ୟାରିକେଡ ବ୍ୟବସ୍ଥାରେ ସୁଧାର ଅଣାଯାଇଛି। ସର୍ପେଣ୍ଟାଇନ୍(ଜିକଜ୍ୟାକ୍) ଶୈଳୀରେ ବ୍ୟାରିକେଡ ବନ୍ଧା ଯାଇଛି। ଶୃଙ୍ଖଳିତ ଢ଼ଙ୍ଗରେ ବକ୍ସ ଅଫିସ ଟିକଟ ବିକ୍ରି କରାଯିବାକୁ ପୁଲିସ ଏବଂ ଓସିଏ ପକ୍ଷରୁ ଆବଶ୍ୟକୀୟ ପଦକ୍ଷେପ ନିଆଯାଇଛି। କିଛିଦିନ ପୂର୍ବେ ଆଇଆଇଟି ପ୍ରତିନିଧି ଷ୍ଟାଡିୟମ ଅନୁଧ୍ୟାନ କରିଥିଲେ। ଷ୍ଟାଡିୟମରେ ହୋଇଥିବା ନବୀକରଣ କାର୍ଯ୍ୟର ସମୀକ୍ଷା କରିଥିଲେ। ଏହି ପ୍ରତିନିଧି ଦଳ ଆଜି ଷ୍ଟ୍ରକଚରାଲ ସେଫ୍ଟି ସାର୍ଟିଫିକେଟ ପ୍ରଦାନ କରିଛି। ଏହି ରିପୋର୍ଟ ରାଜ୍ୟ ସରକାରଙ୍କୁ ମଧ୍ୟ ଦିଆଯାଇଛି। ଅନ୍ୟପକ୍ଷରେ ଅଗ୍ନିନିରାପତ୍ତା ବ୍ୟବସ୍ଥାକୁ ନେଇ ଓସିଏ ପକ୍ଷରୁ ସ୍ୱତନ୍ତ୍ର ପଦକ୍ଷେପ ଗ୍ରହଣ କରାଯାଇଛି ବୋଲି ମୁଖ୍ୟ କନସଲଟାଣ୍ଟ ଇଂ ବିଷ୍ଣୁପ୍ରସାଦ ମହାପାତ୍ର କହିଛନ୍ତି। ଆସନ୍ତା ୭ ତାରିଖରେ ବାରବାଟୀରେ ଅଗ୍ନିଶମ ବିଭାଗ ଏବଂ ଓସିଏ ପକ୍ଷରୁ ମିଳିତ ଭାବେ ମକଡ୍ରିଲ କରାଯିବ। ସନ୍ଧ୍ୟା ୮ଟାରୁ ୧୦ଟା ପର୍ଯ୍ୟନ୍ତ ଷ୍ଟାଡିୟମକୁ ଅନ୍ଧାର କରାଯିବ। ଅଗ୍ନିଶମ ବିଭାଗ କର୍ମଚାରୀଙ୍କ ବ୍ୟତୀତ ଓସିଏ ପକ୍ଷରୁ ୧୫୦ ଫାୟାରମ୍ୟାନ୍ ନିଯୁକ୍ତ କରାଯାଇଥିବା ଶ୍ରୀ ମହାପାତ୍ର ଜଣାଇଛନ୍ତି। ରାଜ୍ୟ କ୍ରିକେଟ ସଂଘ ପକ୍ଷରୁ ଫାୟାର ବଲ୍ ଏବଂ ଏରୋସଲ୍ ଅଣାଯାଇଛି। ଅଗ୍ନିକାଣ୍ଡ ଘଟିଲେ ଦୂରରୁ ଫାୟାର ବଲ୍ ଏବଂ ଏରୋସଲ୍ ଫିଙ୍ଗା ଯାଇ ନିଆଁକୁ ଆୟତ କରାଯାଇପାରିବ। ଏରୋସଲ୍ ୬୦୦ବର୍ଗଫୁଟ ଅଞ୍ଚଳରେ ନିଆଁକୁ ନିୟନ୍ତ୍ରଣ କରି ପାରିବ ବୋଲି ସେ ଜଣାଇଛନ୍ତି।

**ଟିକଟ୍ ମୂଲ୍ୟ**

| | |
|---|---|
| ଗ୍ୟାଲେରୀ ନଂ-୧ | ୧୧୦୦ଟଙ୍କା |
| ଗ୍ୟାଲେରୀ ନଂ-୨ | ୯୦୦ଟଙ୍କା |
| ଗ୍ୟାଲେରୀ ନଂ-୩ | ୧୧୦୦ଟଙ୍କା |
| ଗ୍ୟାଲେରୀ ନଂ-୪ | ୯୦୦ଟଙ୍କା |
| ଗ୍ୟାଲେରୀ ନଂ-୫ | ୧୨୦୦ଟଙ୍କା |
| ଗ୍ୟାଲେରୀ ନଂ-୭ | ୭୦୦ଟଙ୍କା |
| ସ୍ପେଶିଆଲ ଏନକ୍ଲୋଜର | ୬ ହଜାର ଟଙ୍କା |
| ଏସି ବକ୍ସ | ୮ ହଜାର ଟଙ୍କା |
| ନ୍ୟୁ ପ୍ୟାଭିଲିୟନ | ୧୦ ହଜାର ଟଙ୍କା |
| କର୍ପୋରେଟ ବକ୍ସ | ୨୦ ହଜାର ଟଙ୍କା |



**ମ୍ୟାଚ୍ ଲାଗି ପ୍ରସ୍ତୁତି**









## ଅଷ୍ଟ୍ରେଲିଆରେ ରୁଟ୍‌ଙ୍କ ପ୍ରଥମ ଶତକ



ବ୍ରିସ୍‌ବେନ୍,୪।୧୨(ଏଜେନ୍ସି): ଅଷ୍ଟ୍ରେଲିଆ ମାଟିରେ ଇଂଲଣ୍ଡର ଷ୍ଟାର ବ୍ୟାଟର ଜୋ ରୁଟ୍ ପ୍ରଥମ ଶତକ ହାସଲ କରିଛନ୍ତି। ଏଥିଲାଗି ତାଙ୍କୁ ୧୬ଟି ମ୍ୟାଚ୍, ୩୦ଟି ଇନିଂସ ଓ ୪ଟି ଟୁର୍‌କୁ ଅପେକ୍ଷା କରିବାକୁ ପଡ଼ିଥିଲା। ଆଜି ଖେଳାଯାଇଥିବା ଆସେସ୍ ସିରିଜ୍‌ର ଦ୍ୱିତୀୟ ଟେଷ୍ଟର ପ୍ରଥମ ଦିନରେ ରୁଟ୍ ଅପରାଜିତ ୧୩୫ ରନ୍ କରିବା ଫଳରେ ପ୍ରଥମେ ବ୍ୟାଟିଂ କରି ଇଂଲଣ୍ଡ ୯ ୱିକେଟରେ ୩୨୫ ରନ୍ କରିଛି। ଅଷ୍ଟ୍ରେଲିଆ ପକ୍ଷରୁ ମିଚେଲ ଷ୍ଟାର୍କ ୬ଟି ୱିକେଟ ନେଇଛନ୍ତି। ଟେଷ୍ଟ କ୍ୟାରିୟରର ୪୦ତମ ଶତକ ହାସଲ କରିଥିବା ରୁଟ୍ ଏବେ ସର୍ବକାଳୀନ ସର୍ବାଧିକ ଶତକ ହାସଲକାରୀଙ୍କ ମଧ୍ୟରେ ଚତୁର୍ଥ ସ୍ଥାନକୁ ଉନ୍ନୀତ ହୋଇଛନ୍ତି। ସେହିପରି ଜଣେ ବାମହାତୀ ଦ୍ରୁତ ବୋଲର ଭାବେ ଷ୍ଟାର୍କ ୧୦୨ଟି ମ୍ୟାଚ୍‌ରେ ୪୧୫ ଜଣଙ୍କୁ ଆଉଟ କରି ସର୍ବାଧିକ ୱିକେଟ ହାସଲକାରୀ ବିବେଚିତ ହୋଇଛନ୍ତି।

**ରବୀନ୍ଦ୍ର-୧୭୬, ଲାଥମ-୧୪୫**

## ନ୍ୟୁଜିଲାଣ୍ଡ କବ୍‌ଜାରେ ଦ୍ୱିତୀୟ ଟେଷ୍ଟ

ଖ୍ରୀଷ୍ଟଚର୍ଚ୍ଚ,୪।୧୨(ଏଜେନ୍ସି): ରାଚିନ ରବୀନ୍ଦ୍ରଙ୍କ ୧୭୬ ଓ ଟମ୍ ଲାଥମଙ୍କ ୧୪୫ ରନ୍ ସହାୟତାରେ ଏଠାରେ ୱେଷ୍ଟଇଣ୍ଡିଜ୍ ସହ ଚାଲିଥିବା ଦ୍ୱିତୀୟ ଟେଷ୍ଟ ଘରୋଇ ନ୍ୟୁଜିଲାଣ୍ଡ କବ୍‌ଜାରେ ରହିଛି। ଏହି ଟେଷ୍ଟର ପ୍ରଥମ ଇନିଂସରେ ୬୪ ରନ୍‌ରେ ଆଗୁଆ ରହିଥିବା ନ୍ୟୁଜିଲାଣ୍ଡ ତୃତୀୟ ଦିନ ଖେଳ ଶେଷ ବେଳକୁ ଦ୍ୱିତୀୟ ଇନିଂସରେ ୪ ୱିକେଟରେ ୪୧୭ ରନ୍ ସଂଗ୍ରହ କରିନେଇଛି। ରାଚିନ ଓ ଲାଥମଙ୍କୁ ଛାଡ଼ିଦେଲେ ଡେଭନ କନୱେ ୩୭ ରନ୍ କରି ତୃତୀୟ ଟପ୍ ସ୍କୋରର ହୋଇଛନ୍ତି। ଖେଳ ଆଉ ଦୁଇଦିନ ବାକିଥିଲାବେଳେ ନ୍ୟୁଜିଲାଣ୍ଡ ମୋଟରେ ୪୮୧ ରନ୍‌ରେ ଆଗୁଆ ରହି ଏହି ଟେଷ୍ଟକୁ ନିଜ କବ୍‌ଜାରେ ରଖିଛି। ପୂର୍ବରୁ ଖେଳାଯାଇଥିବା ପ୍ରଥମ ଟେଷ୍ଟକୁ ଜିତି ଘରୋଇ ଦଳ ୧-୦ରେ ଆଗୁଆ ରହିଛି।


## ଦୃଷ୍ଟିହୀନ କ୍ରିକେଟ: ସୁପର-୮'ରେ ଓଡ଼ିଶା

ଭୁବନେଶ୍ୱର, ୪।୧୨ (ସମିସ): ଓଡ଼ିଶା ଜାତୀୟ ଦୃଷ୍ଟିହୀନ କ୍ରିକେଟ ଟୁର୍ଣ୍ଣାମେଣ୍ଟର ସୁପର-୮'ରେ ପ୍ରବେଶ କରିଛି। ଜବଲପୁରଠାରେ ଚାଲିଥିବା ଏହି ଟୁର୍ଣ୍ଣାମେଣ୍ଟର ଗୁରୁବାର ଖେଳାଯାଇଥିବା ମ୍ୟାଚ୍‌ରେ ଓଡ଼ିଶା ୬ ୱିକେଟରେ ବିହାରକୁ ପରାସ୍ତ କରି ଗ୍ରୁପ୍-ଡି'ରେ ସମସ୍ତ ମ୍ୟାଚ୍‌ରେ ବିଜୟୀ ହୋଇଛି। ଏହା ଫଳରେ ଗ୍ରୁପ୍ ଟପ୍ପର ଭାବେ ଓଡ଼ିଶା ସୁପର-୮'ରେ ପ୍ରବେଶ କରିଛି।

## ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଉଦ୍‌ଯାପିତ

# ଓଡ଼ିଶାକୁ ୨୮ ପଦକ; କିଟ୍ ଖାତାରେ ୨୧

ଭୁବନେଶ୍ୱର, ୪।୧୨ (ସମିସ): ରାଜସ୍ଥାନରେ ଅନୁଷ୍ଠିତ ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଗୁରୁବାର ଉଦ୍‌ଯାପିତ ହୋଇଯାଇଛି। ଏହି ସମ୍ମାନଜନକ ପ୍ରତିଯୋଗିତାରେ ଦେଶର ମୋଟ୍ ୨୨୨ଟି ବିଶ୍ୱବିଦ୍ୟାଳୟ ଅଂଶଗ୍ରହଣ କରିଥିଲେ। ଯେଉଁଥିରେ ଓଡ଼ିଶାର ବିଶ୍ୱବିଦ୍ୟାଳୟମାନେ ମୋଟ୍ ୨୮ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୧୩ ସ୍ୱର୍ଣ୍ଣ, ୫ ରୌପ୍ୟ ଓ ୧୦ଟି କାଂସ୍ୟ ପଦକ ରହିଛି। ସେଥିମଧ୍ୟରୁ କିଟ୍ ବିଶ୍ୱବିଦ୍ୟାଳୟ ଏକାକୀ ୨୧ଟି ପଦକ (୧୦ ସ୍ୱର୍ଣ୍ଣ, ୩ ରୌପ୍ୟ ଓ ୮ କାଂସ୍ୟ) ଜିତିଛି। ଉତ୍କଳ ବିଶ୍ୱବିଦ୍ୟାଳୟର ତାରକା ସନ୍ତରଣକାରୀ ପ୍ରତ୍ୟାଶା ରାୟ ୩ଟି ସ୍ୱର୍ଣ୍ଣ ସହ ୫ଟି ପଦକ ବିଜୟୀ ହୋଇଛନ୍ତି। ପ୍ରତିଯୋଗିତାରେ ପଦକ ତାଲିକାରେ କିଟ୍ ୨୨୨ ବିଶ୍ୱବିଦ୍ୟାଳୟ ମଧ୍ୟରେ ୭ମ ସ୍ଥାନରେ ରହିଛି।



ଅନ୍ତିମ ଦିବସରେ ପୁରୁଷ ଟେନିସର ଦଳଗତ ଇଭେଣ୍ଟରେ କିଟ୍ ଚାମ୍ପିଅନ ହୋଇ ସ୍ୱର୍ଣ୍ଣ ପଦକ ଜିତିଥିଲା। ଦେବାଶିଷ ସାହୁ ଓ କବୀର ହଂସ ସ୍ୱର୍ଣ୍ଣ ବିଜୟୀ ଦଳର ସଦସ୍ୟ ରହିଥିଲେ। ସେହିଭଳି ମହିଳା ଭଲିବଲ୍‌ରେ କିଟ୍ ଫାଇନାଲରେ ମଣିପାଲ୍ ବିଶ୍ୱବିଦ୍ୟାଳୟ ନିକଟରୁ ପରାସ୍ତ ହୋଇ ରୌପ୍ୟ ପଦକରେ ସନ୍ତୁଷ୍ଟ ରହିଥିଲା। ୪ ଗୁଣା ୪୦୦ ମିଟର ରିଲେ ରେସରେ ଅନିମେଶ କୁଜୁର, ଜୟରାମ ଦଣ୍ଡପତି, ସାନ୍ତା ମହେନ୍ଦ୍ର ଓ ଅଭୟ ସିଂଙ୍କୁ ନେଇ ଗଠିତ କିଟ୍ ଦଳ ୪୦.୦୯ ସେକେଣ୍ଡରେ ରେସ୍ ଫିନିଶ କରି ପୋଡିୟମ ଶୀର୍ଷରେ ରହିବା ସହ ସ୍ୱର୍ଣ୍ଣ ପଦକ ହାସଲ କରିଥିଲା। ଏହି ସଫଳତା ଲାଗି କିଟ୍ ଓ କିସର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

**ନ୍ୟାସନାଲ ରାଇଫଲ ସଂଘ ନିର୍ବାଚନ**

## କଳିକେଶ ସଭାପତି, ଗୌରୀ ଯୁଗ୍ମ ସମ୍ପାଦକ




ଭୁବନେଶ୍ୱର, ୪।୧୨ (ସମିସ): ଓଡ଼ିଶାର କଳିକେଶ ନାରାୟଣ ସିଂଦେଓ ଏବଂ ଗୌରୀ ମହାନ୍ତି ନ୍ୟାସନାଲ ରାଇଫଲ ଆସୋସିଏସନ ଅଫ୍ ଇଣ୍ଡିଆ (ଏନ୍ଆର୍‌ଏଆଇ)ର ସଭାପତି ଓ ଯୁଗ୍ମ ସମ୍ପାଦକ ଭାବେ ନିର୍ବାଚିତ ହୋଇଛନ୍ତି। ଆଜି ଏନ୍ଆର୍‌ଏଆଇର ନିର୍ବାଚନ ଅନୁଷ୍ଠିତ ହୋଇଛି। ପୂର୍ବରୁ କଳିକେଶ ସଭାପତି ଭାବେ ଓ ପୱନ ସିଂହ ସାଧାରଣ ସମ୍ପାଦକ ଭାବେ ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଥିଲା। ସଂଘର ଅନ୍ୟ ପଦବୀ ଲାଗି ଆଜି ନିର୍ବାଚନ ଅନୁଷ୍ଠିତ ହୋଇଥିଲେ। ଏଥିରେ ବରିଷ୍ଠ ଉପସଭାପତି ଭାବେ ତେଲଙ୍ଗାନାର ଅମିତ ସାଙ୍ଗି, ଉପସଭାପତି ଭାବେ କନୱର ସୁଲତାନ ସିଂହ ଓ ସୁଷମା ସିଂ ନିର୍ବାଚିତ ହୋଇଛନ୍ତି। ଯୁଗ୍ମ ସମ୍ପାଦକ ଭାବେ ଓଡ଼ିଶାର ଗୌରୀ ମହାନ୍ତି ପ୍ରଥମଥର ଜାତୀୟ ସଂଘରେ ନିର୍ବାଚିତ ହୋଇଛନ୍ତି। କଳିକେଶ ୨୦୨୯ ଯାଏ ସଭାପତି ରହିବେ। ଖେଳାଳିଙ୍କ ପ୍ରତିନିଧିଭାବେ କାର୍ଯ୍ୟକାରୀ କମିଟିକୁ ଗଗନ ନାରଙ୍ଗ, କୁନ୍ତି ମଲିକ, ଜୋରାବର ସିଂହ ସାନ୍ଧୁ ଓ ଇଲାଭେନିଲ ଭାଲାରିଭାନ୍।

## ପୁରୁଷ ଜୁନିଅର ହକି ବିଶ୍ୱକପ୍‌ରେ ଆଜି ଭାରତ-ବେଲଜିୟମ କ୍ୱାର୍ଟର ଲଢ଼େଇ

ଚେନ୍ନଇ,୪।୧୨(ଏଜେନ୍ସି): ଏଠାରେ ଚାଲିଥିବା ଏଫ୍ଆଇଏଚ୍ ପୁରୁଷ ଜୁନିଅର ହକି ବିଶ୍ୱକପ୍‌ର କ୍ୱାର୍ଟର ଫାଇନାଲ ପର୍ଯ୍ୟାୟ ମୁକାବିଲା ଆସନ୍ତାକାଲି ମେୟର ରାଧାକ୍ରିଷ୍ଣନ ଷ୍ଟାଡିୟମ୍‌ରେ ଖେଳାଯିବ। ବେଲ୍‌ଜିୟମ୍ ମ୍ୟାଚ୍ ଜିତିବାକୁ ହେଲେ ଭାରତକୁ ସର୍କଲ ଏଣ୍ଟ୍ରିରେ ପ୍ରବେଶ ପରେ ହେଉ କିମ୍ବା ପେନାଲ୍ଟି କର୍ଣ୍ଣରକୁ ଗୋଲରେ ପରିଣତ କରିବାକୁ ହେବ ବୋଲି ହେଡ୍ କୋଚ୍ ପିଆର୍ ଶ୍ରୀଜେଶ କହିଛନ୍ତି। ବୀରେନ୍ଦ୍ର ଲାକ୍ରା ଏହି ଦଳର କୋଚ୍ ମଧ୍ୟ ଅଛନ୍ତି। ଲିଗ୍ ପର୍ଯ୍ୟାୟରେ ୨୯ଟି ଗୋଲ ଦେଇ ନିଜ ପୁଲ୍‌ରେ ଭାରତ ପ୍ରଥମ ଓ ୨୨ଟି ଗୋଲ ଦେଇ ବେଲଜିୟମ ଦ୍ୱିତୀୟ ସ୍ଥାନରେ ରହିଥିଲା। ଆସନ୍ତାକାଲି ୧୨ଟା ୩୦ରେ ସ୍ପେନ୍-ନ୍ୟୁଜିଲାଣ୍ଡ, ଅପରାହ୍ଣ ୩ଟାରେ ଫ୍ରାନ୍ସ-ଜର୍ମାନୀ, ସନ୍ଧ୍ୟା ୫ଟା ୩୦ରେ ନେଦରଲାଣ୍ଡସ-ଆର୍ଜେଣ୍ଟିନା ଓ ରାତି ୮ଟାରେ ଭାରତ ଓ ବେଲଜିୟମ ମଧ୍ୟରେ କ୍ୱାର୍ଟର ଫାଇନାଲ ଖେଳାଯିବ।

**ସୟଦ ମୁସ୍ତାକ ଅଲି ଟି-୨୦**

## ୧ ରନ୍‌ରେ ରେଳବାଇକୁ ହରାଇଲା ଓଡ଼ିଶା


ଲକ୍ଷ୍ନୌ, ୪।୧୨ (ଏଜେନ୍ସି): ସୟଦ ମୁସ୍ତାକ ଅଲି ଟି-୨୦ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟର ଏକ ରୋମାଞ୍ଚକ ମ୍ୟାଚରେ ଗୁରୁବାର ଓଡ଼ିଶା ୧ ରନରେ ଶକ୍ତିଶାଳୀ ରେଳବାଇକୁ ପରାସ୍ତ କରିଛି। ଓଡ଼ିଶା ପକ୍ଷରୁ ସୌମ୍ୟରଞ୍ଜନ ଲେଙ୍କା (ଅପରାଜିତ ୭୫ ରନ ଓ ୩ଟି ୱିକେଟ୍) ଦମ୍‌ଦାର ଅଲ୍‌ରାଉଣ୍ଡ ପ୍ରଦର୍ଶନ କରି ଦଳକୁ ଟୁର୍ଣ୍ଣାମେଣ୍ଟରେ ଦ୍ୱିତୀୟ ବିଜୟ ଭେଟି ଦେଇଥିଲେ। ଫଳରେ ଓଡ଼ିଶା ୫ ମ୍ୟାଚରୁ ୮ ପଏଣ୍ଟ ପାଇ ଏଲିଟ୍ ଗ୍ରୁପ୍-ଏ'ର ୭ମ ସ୍ଥାନକୁ ଉଠିଛି। ଟସ୍ ଜିତି ବ୍ୟାଟିଂ କରିଥିବା ଓଡ଼ିଶା ୩୮ ରନ ମଧ୍ୟରେ ୪ଟି ୱିକେଟ୍ ହରାଇ ସଙ୍କଟରେ ପଡ଼ିଥିଲା। ଦୁଇ ଓପନର୍ ଆଦିତ୍ୟ ରାଉତ (୨୧ ରନ), ଗୌରବ ଚୌଧୁରୀ (୫), ଶୁଭ୍ରାଂଶୁ ସେନାପତି (୧) ଓ ଅଧିନାୟକ ବିପ୍ଳବ ସାମନ୍ତରାୟ (୧) ଶସ୍ତାରେ ଆଉଟ୍ ହୋଇଥିଲେ। ତେବେ ୱିକେଟ୍‌କିପର ଆଶୀର୍ବାଦ ସ୍ୱାଇଁଙ୍କ ସହ ଯୁବ ଅଲ୍‌ରାଉଣ୍ଡର ସୌମ୍ୟ ଏହାପରେ ସ୍ଥିତି ସମ୍ଭାଳିଥିଲେ। ଉଭୟ ୫ମ ୱିକେଟ୍‌ରେ ୧୨ ଓଭରରେ ୧୦୫ ରନର ଭାଗୀଦାରି ଗଢ଼ିଥିଲେ। ଫଳରେ ଓଡ଼ିଶା ୫ ୱିକେଟ୍‌ରେ ୧୬୯ ରନର ଏକ ସମ୍ମାନଜନକ ସ୍କୋର କରିବାରେ ସମର୍ଥ ହୋଇଥିଲା। ସୌମ୍ୟ ୪୦ଟି ବଲ୍‌ରେ ୭୫ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଯେଉଁଥିରେ ସେ ୩ଟି ଚୌକା ଓ ୬ଟି ଛକା ମାରିଥିଲେ। ଆଶୀର୍ବାଦ ୪୭ ବଲରେ ୪୮ ରନ କରି ଆଉଟ୍ ହୋଇଥିଲେ। ଜବାବରେ ରେଳବାଇ ଅକ୍ଷତ ପାଣ୍ଡେ (୩୪ ବଲରେ ୬୦ ରନ)ଙ୍କ ଦ୍ରୁତ ଅର୍ଦ୍ଧଶତକ ସତ୍ତ୍ୱେ ଇନିଂସର ଶେଷ ବଲରେ ୧୬୮ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଶେଷ ଓଭରରେ ବିଜୟ ଲାଗି ୧୭ ରନ ଆବଶ୍ୟକ ହେଉଥିଲା। ସୌମ୍ୟ ଏହି ଓଭରଟି ପକାଇ ୧୫ ରନ ଦେଇଥିଲେ। ଏପରିକି ଶେଷ ବଲରେ ୪ ରନ ଆବଶ୍ୟକ ହେଉଥିବାବେଳେ ୩ୟ ରନ ପ୍ରୟାସରେ ରାଜ ଚୌଧୁରୀ ରନ ଆଉଟ୍ ହୋଇଯାଇଥିଲେ। ସୌମ୍ୟ ସର୍ବାଧିକ ୩ଟି ଏବଂ ରାଜେଶ ମହାନ୍ତି ଓ ପ୍ରୟାସ ସିଂଙ୍କୁ ୨ଟି ଲେଖାଏ ୱିକେଟ୍ ମିଳିଥିଲା।

**ସୌମ୍ୟଙ୍କ ଦମ୍‌ଦାର ଅଲ୍‌ରାଉଣ୍ଡ ପ୍ରଦର୍ଶନ**



**୧୫ ଓ ୧୭ ବର୍ଷରୁ କମ୍ ଜାତୀୟ ବ୍ୟାଡ୍‌ମିଣ୍ଟନ**

# ସେମିରେ ତନ୍‌ଭୀ, ସ୍ୱାତୀ-ନିମିଶା







ଭୁବନେଶ୍ୱର, ୪।୧୨ (ସମିସ):

ଓଡ଼ିଶାର ଦମ୍‌ଦାର ଖେଳାଳି ତନ୍‌ଭୀ ପତ୍ରୀ, ସ୍ୱାତୀ ନାୟକ ଓ ନିମିଶା ଓଝାଙ୍କ ଯୋଡି କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ୧୫ ଓ ୧୭ ବର୍ଷରୁ କମ୍ ୩୭ତମ ଜାତୀୟ ବ୍ୟାଡମିଣ୍ଟନ ଚାମ୍ପିଅନସିପର ସେମିଫାଇନାଲରେ ପ୍ରବେଶ କରିଛନ୍ତି। ତନ୍‌ଭୀ ଉଭୟ ବିଭାଗର ଏକକ ଏବଂ ସ୍ୱାତୀ- ନିମିଶାଙ୍କ ଯୋଡି ୧୫ ବର୍ଷରୁ କମ୍ ବାଳିକା ବିଭାଗର ଯୁଗଳ କାଟାଗୋରୀର ସେମିଫାଇନାଲକୁ ଉନ୍ନୀତ ହୋଇଛନ୍ତି। ଆସନ୍ତାକାଲି ହେବାକୁ ଥିବା ସେମିରେ ୧୪ତମ ତନ୍‌ଭୀଙ୍କ ସହ ଦ୍ୱିତୀୟ ସିଡ୍ ତେଲଙ୍ଗାନାର ହାମସିନୀ ଚାଦରମଙ୍କର ଏବଂ ୧୭ ବର୍ଷରୁ କମ୍ ବିଭାଗରେ ୧୫ତମ ସିଡ୍ ଆନ୍ଧ୍ରପ୍ରଦେଶର ହାସନା ଶ୍ରୀ'ଙ୍କ ସହ ମୁକାବିଲା ହେବ। ସେହିପରି ସ୍ୱାତୀ-ନିମିଶାଙ୍କ ସହ ତାମିଲନାଡୁର ନୟନିକା ଏ ଏବଂ ଧନ୍ୟା ଏସ୍‌ଜେଙ୍କ ଯୋଡି ସହ ମୁକାବିଲା ହେବ।

ଓଡ଼ିଶାର ତାରକା ଖେଳାଳି ତନ୍‌ଭୀ ଆଜି ପ୍ରଥମେ ୧୫ ବର୍ଷରୁ କମ୍ କ୍ୱାର୍ଟର ଫାଇନାଲ ଖେଳିଥିଲେ। ଏଥିରେ ସେ ୨୧-୧୪, ୨୧-୧୪ରେ ଉତ୍ତରପ୍ରଦେଶର ଅଗ୍ରୀମା ସିଂଙ୍କୁ ପରାସ୍ତ କରି ସେମିକୁ ଉନ୍ନିତ ହୋଇଥିଲେ। ସେମିରେ ପ୍ରବେଶ କରିଥିବା ଅନ୍ୟ ଖେଳାଳିମାନେ ହେଲେ ତେଲଙ୍ଗାନାର ଅବନୀ ବିକ୍ରମ ଗୋବିନ୍ଦ, ହାମସିନୀ ଚଦରମ ଓ ପଞ୍ଜାବର ଇନାୟତ ଗୁଲାଟି। ସେହିପରି ୧୭ ବର୍ଷରୁ କମ୍ ବାଳିକା ଏକକ କ୍ୱାର୍ଟର ଫାଇନାଲରେ ତନ୍‌ଭୀ ୨୧-୧୫, ୨୧-୧୨ରେ କେରଳର ହିଥା ମାରିଆ ଜୋଶଙ୍କୁ ହରାଇ ଦ୍ୱିତୀୟ ଇଭେଣ୍ଟର ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲେ। ଏହି ବିଭାଗରେ ତାମିଲନାଡୁର ଦୀକ୍ଷା ଏସ୍ଆର୍, ଦିଲ୍ଲୀର ରକ୍ଷିକା ନନ୍ଦୀ ମଧ୍ୟ ସେମିଫାଇନାଲକୁ ଉନ୍ନୀତ ହୋଇଛନ୍ତି।

୧୫ ବର୍ଷରୁ କମ୍ ବାଳିକା ବିଭାଗ ଯୁଗଳ କ୍ୱାର୍ଟର ଫାଇନାଲରେ ବିଜୟୀ ହୋଇଛନ୍ତି ଓଡ଼ିଶାର ଯୋଡି ସ୍ୱାତୀ ନାୟକ ଓ ନିମିଶା ଓଝା। କ୍ୱାର୍ଟର ଫାଇନାଲରେ କର୍ଣ୍ଣାଟକ ଯୋଡି ଶ୍ରେୟା କାନ୍ଦିବିଲା ଓ ଶ୍ରୀ ନାଗଲକ୍ଷ୍ମୀଙ୍କ ଯୋଡିଙ୍କୁ ୨୨-୨୦, ୧୪-୨୧ ଓ ୨୧-୧୧ରେ ପରାସ୍ତ କରି ସ୍ୱାତୀ- ନିମିଶା ସେମିଫାଇନାଲକୁ ଉନ୍ନୀତ ହୋଇଛନ୍ତି। ୧୫ ବର୍ଷରୁ କମ୍ ବାଳକ ଏକକରେ ତେଲଙ୍ଗାନାର ଶ୍ରୀଚୈତନ୍ୟ ସୌର୍ଯ୍ୟ, କର୍ଣ୍ଣାଟକର ପୁଷ୍କର ସାଇ, ଦିଲ୍ଲୀର ହର୍ଷିତ କ୍ଷତ୍ରୀ ଓ ରାଜସ୍ଥାନର ଅଂଶୁମାନ ଚୌଧୁରୀ ଏବଂ ୧୭ ବର୍ଷରୁ କମ୍ ବାଳକ ବିଭାଗରେ ଟପ୍ ସିଡ୍ ପଞ୍ଜାବର ଜଗସେର ସିଂହ ଖାଙ୍ଗରା, ଆସାମର ବର୍ଣ୍ଣିଲ ଆକାଶ ଚେଙ୍ଗମାଇ, ପଞ୍ଜାବର ବିରାଜ ଶର୍ମା, ମହାରାଷ୍ଟ୍ରର ଦେବ ରୂପରେଲିଆ ସେମିରେ ପ୍ରବେଶ କରିଛନ୍ତି।

'ନନ୍ଦିଘୋଷ ଟିଭି'
ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି।
ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | | ଅଭିଜ୍ଞତା |
|---|---|---|
| ୧) ରିପୋର୍ଟର | (୦୩) | ୩ ବର୍ଷର ଅଭିଜ୍ଞତା |
| ୨) ଆଙ୍କର | (୦୨) | ୩ ବର୍ଷର ଅଭିଜ୍ଞତା |
| ୩) କପି ଏଡିଟର/ବୁଲେଟିନ ପ୍ରଡ୍ୟୁସର | (୦୨) | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୬ ଡିସେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।
ଯୋଗାଯୋଗ: ୯୪୩୭୦୧୬୪୯୯
ସ୍ୱା/- ମାନବ ସମ୍ବଳ ବିଭାଗ
ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS